# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

♦VOLUME- 43 ♦ISSUE-139 ♦SATURDAY ♦15 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧୩୯ •ଶନିବାର •୧୫ ନଭେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦





୩୨ ବଲ୍‌ରେ ସୂର୍ଯ୍ୟବଂଶୀଙ୍କ ଶତକ

▶ପୃଷ୍ଠା ୧୨ ଦେଖନ୍ତୁ...

# ବିହାରରେ ‘ନୀମୋ’ ସୁନାମି

## ଏନ୍‌ଡିଏକୁ ୨୦୨, ମହାମେଣ୍ଟକୁ ୩୫ ଆସନ






“ ବିକାଶ ଓ ସୁଶାସନର ବିଜୟ: ମୋଦୀ

ନିରପେକ୍ଷ ନ ଥିଲା ନିର୍ବାଚନ: ରାହୁଲ୍

■ ପାଟନା, ୧୪।୧୧ (ଏଜେନ୍ସି): ଭୁଲ ସାବ୍ୟସ୍ତ ହୋଇଛି ସବୁ ଏକ୍‌ଜିଟ୍ ପୋଲ୍ ରିପୋର୍ଟ । ବିହାର ବିଧାନସଭା ଫଳାଫଳରେ ଖେଳିଯାଇଛି ନୀମୋ (ନୀତୀଶ-ମୋଦୀ) ସୁନାମି। ପ୍ରଚଣ୍ଡ ବିଜୟ ସହ ବିହାରରେ କ୍ଷମତା ବଜାୟ ରଖିବାରେ ସଫଳ ହୋଇଛି ଏନ୍‌ଡିଏ। ୨୪୩ ଆସନ ମଧ୍ୟରୁ ୨୦୨ରେ ଏନ୍‌ଡିଏ ଏକ ବିଶାଳ ବିଜୟ ଦିଗକୁ ଅଗ୍ରସର ହୋଇଛି। ଅନ୍ୟପକ୍ଷରେ ଗତ ନିର୍ବାଚନରେ ଏକ ଶକ୍ତ ବିରୋଧୀଦଳ ଭାବରେ ଉଭା ହୋଇଥିବା ‘ମହାଗଠବନ୍ଧନ’କୁ ଶକ୍ତ ଆଘାତ ଦେଇଛନ୍ତି ବିହାରବାସୀ। ଗତ ନିର୍ବାଚନରେ ମହାଗଠବନ୍ଧନ ୧୧୪ ଆସନରେ ବିଜୟୀ ହୋଇଥିବା ବେଳେ ଚଳିତ ନିର୍ବାଚନରେ ୭୯ଟି ଆସନ ହରାଇ ମାତ୍ର ୩୫ ମଧ୍ୟରେ ସୀମିତ ହୋଇଯାଇଛି। ଅନ୍ୟ ଦଳ ଓ ସ୍ୱାଧୀନ ପ୍ରାର୍ଥୀମାନଙ୍କୁ ମିଳିଛି ମାତ୍ର ୬ଟି ଆସନ।

ଚଳିତ ନିର୍ବାଚନରେ ବିଜେପିର ଷ୍ଟ୍ରାଇକ୍‌ରେଟ୍ ବିହାରରେ ସବୁଠାରୁ ଚମତ୍କାର ରହିଛି। ୧୦୧ ଆସନରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ବିଜେପି ଚଳିତ ନିର୍ବାଚନରେ ୮୯ ଆସନ ସହ

- ୮୯ ଆସନ ସହ ବିଜେପି ସବୁଠାରୁ ବଡ଼ ଦଳ
- ଜେଡିୟୁର ଆସନ ସଂଖ୍ୟା ୮୫କୁ ବଢ଼ିଲା
- ୨୫କୁ ଖସିଲା ଆର୍‌ଜେଡି, କଂଗ୍ରେସକୁ ୬
- ୨୮ ଆସନରୁ ୧୯ରେ ଏଲ୍‌ଜେପିର ବିଜୟ

ସବୁଠାରୁ ବଡ଼ ଦଳ ଭାବରେ ଉଭା ହୋଇଛି।

ଅନୁରୂପ ଭାବରେ ୨୦୨୦ ମସିହାରେ ଜେଡିୟୁ ମାତ୍ର ୪୩ଟି ଆସନ ପାଇଥିବାବେଳେ ଚଳିତ ନିର୍ବାଚନରେ ୮୫ଟି ଆସନରେ ବିଜୟୀ ହୋଇଛି। ଅନ୍ୟପକ୍ଷରେ ଏନ୍‌ଡିଏର ସହଯୋଗୀ ଲୋକ ଜନଶକ୍ତି ପାର୍ଟି (ରାମବିଳାସ) ମଧ୍ୟ ନିର୍ବାଚନରେ ଚମତ୍କାର ପ୍ରଦର୍ଶନ ▶ପୃଷ୍ଠା-୭

## ନୂଆପଡ଼ା ଉପନିର୍ବାଚନ

# ବିଜେପି ମଥାରେ ‘ଜୟ’ ତିଳକ



- ୮୩୪୭୮ ବିଶାଳ ବ୍ୟବଧାନରେ ବିଜେପି ବିଜୟୀ
- ୨ୟ ସ୍ଥାନରେ କଂଗ୍ରେସର ଘାସିରାମଙ୍କୁ ୪୦୧୨୧ ଭୋଟ
- ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ପାଇଲେ ୩୮୪୦୮ ଭୋଟ

■ ଭୁବନେଶ୍ୱର/ନୂଆପଡା, ୧୪।୧୧ (ସମିସ): ନୂଆପଡା ଉପର୍ବାଚନରେ ବିପୁଳ ବିଜୟ ହାସଲ କରିଛନ୍ତି ବିଜେପି ପ୍ରାର୍ଥୀ ଜୟ ଢୋଲକିଆ। ଗତ ନିର୍ବାଚନରେ ତାଙ୍କ ବାପା ରାଜେନ୍ଦ୍ର ଢୋଲକିଆ ପାଇଥିବା ଭୋଟଠାରୁ ପ୍ରାୟ ୫୦ ହଜାର ଉର୍ଦ୍ଧ୍ୱ ଭୋଟ ପାଇଛନ୍ତି ଜୟ। ତାଙ୍କୁ ୧,୨୩,୮୬୯ ଖଣ୍ଡ ଭୋଟ୍ ମିଳିଥିବା ବେଳେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝିଙ୍କୁ ୪୦୧୨୧ ଖଣ୍ଡ ଭୋଟ୍ ମିଳିଛି। ସେହିପରି ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆ ୩୮୪୦୮ ଖଣ୍ଡ ଭୋଟ୍ ପାଇ ଏଠାରେ ତୃତୀୟ ସ୍ଥାନରେ ରହିଛନ୍ତି।

ଜୟଙ୍କ ବିଜୟ ସହ ଦୀର୍ଘ ଏକ ଦଶନ୍ଧି ପରେ ପୁଣିଥରେ ନୂଆପଡ଼ାରେ ପଦ୍ମ ଫୁଟିଛି। ୨୦୧୪ରେ ଏଠାରୁ ବସନ୍ତ ପଣ୍ଡା ବିଜୟୀ ହୋଇଥିଲେ, ଏବେ ପୁନର୍ବାର ପଦ୍ମ ଦଳର ପ୍ରାର୍ଥୀ ଭାବରେ ଜୟ ଢୋଲକିଆ ବିଜୟୀ ହୋଇଛନ୍ତି। ଏହି ବିଜୟ ପରେ ବ୍ୟବସାୟୀରୁ ଜୟଙ୍କ ▶ପୃଷ୍ଠା-୭



# ଓଡ଼ିଶାବାସୀଙ୍କ ଅଧିକାର ପାଇଁ ଲଢ଼େଇ ଜାରି ରହିବ: ନବୀନ

### ଜୟଙ୍କୁ ଅଭିନନ୍ଦନ, ନୂଆପଡ଼ାବାସୀଙ୍କୁ ଦେଲେ ଧନ୍ୟବାଦ


### ମୂଲ୍ୟବୋଧ ଓ ଲୋକଙ୍କ ବିଶ୍ୱାସକୁ ସମ୍ମାନ ଦେବାକୁ ପରାମର୍ଶ

■ ଭୁବନେଶ୍ୱର, ୧୪।୧୧ (ସମିସ): ନୂଆପଡ଼ା ଉପ-ନିର୍ବାଚନରେ ଏକଜୁଟ ଭାବରେ ଉତ୍ସର୍ଗୀକୃତ ଭାବରେ ବିଜେଡି ପାଇଁ ଅକ୍ଲାନ୍ତ ପରିଶ୍ରମ କରିଥିବା ବିଜେଡିର ପ୍ରତ୍ୟେକ ନେତା, କର୍ମୀ ଓ ସମର୍ଥକଙ୍କୁ ହୃଦୟରୁ କୃତଜ୍ଞତା ଜଣାଇଛନ୍ତି ଦଳର ସଭାପତି ନବୀନ ପଟ୍ଟନାୟକ। ନୂଆପଡ଼ା ଉପନିର୍ବାଚନ ଫଳ ପ୍ରକାଶ ପରେ ନବୀନ ‘ଏକ୍ସ’ରେ ବିଜେପି ପ୍ରାର୍ଥୀ ଜୟ ଢୋଲକିଆଙ୍କୁ ଶୁଭେଚ୍ଛା ସହ ବିଜେଡିର ନେତା ଓ କର୍ମୀଙ୍କ ପରିଶ୍ରମ ପାଇଁ ଧନ୍ୟବାଦ ଜଣାଇଛନ୍ତି। ନବୀନ କହିଛନ୍ତି ଯେ ବିଜେଡିର ପ୍ରତ୍ୟେକ ନେତା, କର୍ମୀ, ସମର୍ଥକଙ୍କ ପ୍ରତିବଦ୍ଧତା ଓ ଉତ୍ସାହ ହିଁ ବିଜେଡିର ପ୍ରକୃତ ଶକ୍ତି। ନିର୍ବାଚନ ଆସେ ଏବଂ ଯାଏ; କିନ୍ତୁ ମୂଲ୍ୟବୋଧ ଓ ଲୋକଙ୍କ ବିଶ୍ୱାସ ପ୍ରତି ସର୍ବଦା ସମ୍ମାନ ରହିବା ଆବଶ୍ୟକ। ମୁକ୍ତ ଏବଂ ନିରପେକ୍ଷ ▶ପୃଷ୍ଠା-୭

## ୮ ରାଜ୍ୟରେ ଉପନିର୍ବାଚନ

# ବିଜେପି, କଂଗ୍ରେସକୁ ଦୁଇଟି ଲେଖାଏଁ ଆସନ

■ ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି): ଗତ ୧୧ ତାରିଖରେ ୬ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳର ୮ଟି ବିଧାନସଭା ନିର୍ବାଚନମଣ୍ଡଳୀ ପାଇଁ ଅନୁଷ୍ଠିତ ଉପନିର୍ବାଚନରେ ବିଜେପି ଏବଂ କଂଗ୍ରେସକୁ ଦୁଇଟି ଲେଖାଏଁ ଆସନ ମିଳିଛି। ରାଜସ୍ଥାନର ଆଣ୍ଟା ନିର୍ବାଚନମଣ୍ଡଳୀରେ କଂଗ୍ରେସ ପ୍ରାର୍ଥୀ ବିଜୟୀ ହୋଇଥିବା ବେଳେ ପଞ୍ଜାବର ତରନ ତାରନ ଆସନରେ କ୍ଷମତାସୀନ ଆପ୍ ପ୍ରାର୍ଥୀ ନିର୍ବାଚିତ ହୋଇଛନ୍ତି। ବିଜେପି ପ୍ରାର୍ଥୀ ଓଡ଼ିଶାର ନୂଆପଡ଼ା ଏବଂ ଜମ୍ମୁ-କଶ୍ମୀରର ନୋଗ୍ରାଟାରେ ବିଜୟ ଲାଭ କରିଛନ୍ତି। ଜମ୍ମୁ-କଶ୍ମୀରର ବଡ଼ଗାମ ଆସନରେ କ୍ଷମତାସୀନ ନେସନାଲ କନଫେରେନ୍ସ ପ୍ରାର୍ଥୀଙ୍କୁ ହରାଇଛନ୍ତି ମେହବୁବା ମୁଫତିଙ୍କ ପିଡିପି ପ୍ରାର୍ଥୀ। ବଡଗାମକୁ ନେସନାଲ କନଫେରେନ୍ସର ଗଡ଼ କୁହାଯାଏ। ଗତ ନିର୍ବାଚନରେ ମୁଖ୍ୟମନ୍ତ୍ରୀ ଓମାର ଅବଦୁଲ୍ଲା ଏଠାରୁ ନିର୍ବାଚିତ ହୋଇଥିଲେ। ସେହିଭଳି ତେଲେଙ୍ଗାନାର ଜୁବିଲି ହିଲ୍ସରେ କଂଗ୍ରେସ ପ୍ରାର୍ଥୀ ବିଜୟୀ ହୋଇଛନ୍ତି। ଝାଡ଼ଖଣ୍ଡର ଘାଟଶୀଳା ନିର୍ବାଚନମଣ୍ଡଳୀରେ ଜେଏମଏମ୍ ପ୍ରାର୍ଥୀ ନିର୍ବାଚିତ ହୋଇଥିବା ବେଳେ ମିଜୋରାମର ଡାମ୍ପା ନିର୍ବାଚନମଣ୍ଡଳୀରେ ମିଜୋ ନେସନାଲ ଫ୍ରଣ୍ଟ ପ୍ରାର୍ଥୀଙ୍କୁ ବିଜୟୀ ଘୋଷଣା କରାଯାଇଛି।











## ବିହାର ବିଧାନସଭା ଆସନ-୨୪୩

| ଏନ୍‌ଡିଏ-୨୦୨ | |
|---|---|
| ବିଜେପି | ୮୯ |
| ଜେଡିୟୁ | ୮୫ |
| ଏଲଜେପି | ୧୯ |
| ଅନ୍ୟାନ୍ୟ | ୦୯ |



| ମହାମେଣ୍ଟ-୩୫ | |
|---|---|
| ଆରଜେଡି | ୨୫ |
| କଂଗ୍ରେସ | ୦୬ |
| ଅନ୍ୟାନ୍ୟ | ୦୪ |

ଏଏମ୍‌ଆଇଏମ୍
୦୫



## ଅମାନତ ହରାଇଲେ ପ୍ରଶାନ୍ତ କିଶୋର

ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟି ଥିବା ଜନସୁରାଜ ଦଳର ପ୍ରତିଷ୍ଠାତା ପ୍ରଶାନ୍ତ କୁମାର ପ୍ରଥମ ପରୀକ୍ଷାରେ ଅମାନତ ହରାଇଛନ୍ତି। ଗତ ତିନି ବର୍ଷ ହେଲା ବିହାରରେ ବୁଲି ବୁଲି ପ୍ରଚାର କରି ବଡ଼ ବଡ଼ ଦାବି କରୁଥିବା ପ୍ରଶାନ୍ତଙ୍କ ଦଳ ମୁହଁ ମାଡ଼ି ପଡ଼ିଯାଇଛି। ୬ ବର୍ଷରେ ୬ ମୁଖ୍ୟମନ୍ତ୍ରୀ କରିଥିବା ଏହି ବ୍ୟକ୍ତିଙ୍କ ଦଳ ଗୋଟିଏ ହେଲେ ବି ଆସନରେ ଜିତିପାରି ନାହିଁ। କୋଟିଏରୁ ଅଧିକ ସଦସ୍ୟ ନେଇ ଦାବି କରୁଥିବା ଜନସୁରାଜ ପାର୍ଟି ୧୦ ଲକ୍ଷ ଭୋଟ ବି ହାତେଇ ପାରିନାହିଁ। ୨୩୮ ଆସନରେ ପ୍ରାର୍ଥୀ ଦେଇ ୨୩୩ (୯୮ ପ୍ରତିଶତ) ରେ ଅମାନତ ହରାଇଛନ୍ତି। ଏହି ଦଳର ପ୍ରାର୍ଥୀ ଗୋଟିଏ ଆସନରେ ଦ୍ୱିତୀୟ ସ୍ଥାନରେ ବି ରହିପାରି ନାହାନ୍ତି।



୧୨୮୦ ଦିନରେ ୬ ହଜାର କିମି ପଦଯାତ୍ରା କରିବା ସତ୍ତ୍ୱେ ବି ତାଙ୍କ ଦଳ ସଫଳତା ପାଇ ପାରିନାହିଁ। ପୂର୍ବରୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ୨୫ରୁ କମ୍ ସିଟ୍ ଜିତିବେ ବୋଲି ପ୍ରଶାନ୍ତ ଦାବି କରିଥିଲେ। ଯଦି ଅଧିକ ଆସନରେ ଜିତିବେ ତେବେ ରାଜନୀତି ଛାଡିଦେବେ ବୋଲି କହିଥିବା ପ୍ରଶାନ୍ତଙ୍କ ଉପରେ ଏବେ ସମସ୍ତଙ୍କ ନଜର ରହିଛି। ସେ ଆଗାମୀ ଦିନରେ କି ପଦକ୍ଷେପ ନେବେ ତାହା ଦେଖିବା ବାକି ରହିଛି। ସେ ରାଜନୀତି କରିବେ ନା ରଣନୀତିକୁ ଫେରିବା ତାହା ଜାଣିବା ପାଇଁ ଲୋକେ ବ୍ୟଗ୍ର।

## ଆରଜେଡିର ଭୋଟ ସେୟାରିଂ ଅଧିକ

ଏହି ନିର୍ବାଚନରେ ଆଶ୍ଚର୍ଯ୍ୟଜନକ ଭାବେ ସବୁଦଳଠାରୁ ଆରଜେଡିର ଭୋଟ ସେୟାର ଅଧିକ ରହିଛି। ଅର୍ଥାତ୍ ଏହି ଦଳ କିଛି ଆସନରେ ଉଲ୍ଲେଖନୀୟ ବ୍ୟବଧାନରେ ବିଜୟୀ ହୋଇଛି। ଏହି ଦଳ ଦୃଢ଼ ପ୍ରତିଦ୍ୱନ୍ଦ୍ୱିତା କରିଥିବା ସତ୍ତ୍ୱେ ବିଜୟୀ ହୋଇପାରି ନାହିଁ। ସନ୍ଧ୍ୟା ସୁଦ୍ଧା ତେଜସ୍ୱୀଙ୍କ ଦଳର ଭୋଟ ସେୟାର ୨୨.୭୯ ପ୍ରତିଶତ ରହିଛି। ଏହା ବିଜେପିଠାରୁ ୨.୨୭ ପ୍ରତିଶତ ଏବଂ ଜେଡିୟୁଠାରୁ ୩.୮ ପ୍ରତିଶତ ଅଧିକ।

## ବିହାରରେ ବିଜେପିର ଉତ୍ଥାନ

ବିହାର ବିଧାନସଭା ନିର୍ବାଚନରେ ବିଜେପି ଐତିହାସିକ ସଫଳତା ଆଡ଼କୁ ଅଗ୍ରସର ହେବାରେ ଲାଗିଛି। ଏଥର ୮୯ ଆସନ ଜିତିଥିବା ବିଜେପି ୨୦୧୦ ନିର୍ବାଚନରେ ୯୧ଟି ଆସନ ଜିତିଥିଲା। ୧୯୮୦ରେ ପ୍ରଥମ ଥର ନିର୍ବାଚନ ଲଢ଼ିଥିବା ବିଜେପି ପାଇଁ ଏହି ଯାତ୍ରା ସଂଘର୍ଷପୂର୍ଣ୍ଣ ରହିଛି। ୧୯୮୦ ନିର୍ବାଚନରେ ବିଜେପିକୁ ୨୧ଟି ଆସନ ମିଳିଥିବା ବେଳେ ୧୯୮୫ରେ ୧୬, ୧୯୯୦ରେ ୩୯, ୧୯୯୫ରେ ୪୧, ୨୦୦୦ରେ ୬୭, ୨୦୦୫ରେ ୩୭, ୨୦୧୫ରେ ୫୩, ୨୦୨୦ରେ ୯୧ ଏବଂ ୨୦୨୦ରେ ୭୪ଟି ଆସନ ପାଇଥିଲା।

# କାମ ଦେଲାନି ରାହୁଲ-ତେଜସ୍ୱୀଙ୍କ ରଣନୀତି

ପାଟନା, ୧୪।୧୧ (ଏଜେନ୍ସି): ବିହାର ନିର୍ବାଚନରେ ମହାମେଣ୍ଟକୁ ଶକ୍ତ ଝଟ୍‌କା ଲାଗିଛି। ଏଥିରେ ଆରଜେଡିର ନେତୃତ୍ୱାଧୀନ କଂଗ୍ରେସ, ଭିଆଇପି ଏବଂ ବାମଦଳର ମହାମେଣ୍ଟ ଇଣ୍ଡିଆ ନିରାଶ ହୋଇଛି। ଏହା ପଛରେ ପ୍ରମୁଖ ୫ଟି କାରଣ ରହିଛି। ସେଗୁଡିକ ହେଲା ନେତାଙ୍କ ମଧ୍ୟରେ ସମନ୍ୱୟର ଅଭାବ, ଆସନ ବୁଝାମଣା ଚୂଡ଼ାନ୍ତ ନ ହେବା, ମୁଖ୍ୟମନ୍ତ୍ରୀ-ଉପମୁଖ୍ୟମନ୍ତ୍ରୀ ପଦବୀକୁ ନେଇ ଟଣାଓଟରା, ପରସ୍ପର ବିରୋଧରେ ପ୍ରାର୍ଥୀ ଦେବା ଆଦି ରହିଛି। ନିର୍ବାଚନ କମିଶନ (ଇସି) ଅକ୍ଟୋବର ୬ରେ ବିହାର ନିର୍ବାଚନ ନେଇ ଘୋଷଣା କରିଥିଲେ। ଏହାର ୬ ଦିନ ପରେ ଏନ୍‌ଡିଏର ଆସନ ବୁଝମଣା ହୋଇ ଯାଇଥିଲା। ମାତ୍ର ନିର୍ବାଚନ ଶେଷ ହୋଇ ସାରିଥିଲେ ବି ମହାମେଣ୍ଟ ଆନୁଷ୍ଠାନିକ ଭାବେ ଆସନ ବୁଝାଣା ସୂତ୍ର ବିଷୟରେ ଘୋଷଣା କରି ନ ଥିଲା। ନିଜ ପସନ୍ଦର ଆସନକୁ ନେଇ ମହାମେଣ୍ଟରେ ଟଣାଓଟରା ଜାରି ରହିଥିଲା। ସ୍ଥିତି ଏଭଳି ହୋଇଥିଲା ଯେ ୧୩ ଆସନରେ ମହାମେଣ୍ଟର ଅଲଗା ଅଲଗା ଦଳ ପରସ୍ପର ବିରୋଧରେ ଲଢ଼ିଥିଲେ। ଶେଷରେ କିଛି ପ୍ରାର୍ଥୀପତ୍ର ପ୍ରତ୍ୟାହାର କରିବାରୁ ଏହି ଆସନ ସଂଖ୍ୟା ୮କୁ ହ୍ରାସ ପାଇଥିଲା। ଅର୍ଥାତ ମହାମେଣ୍ଟରେ ସାମିଲ ଦଳ ନିଜ ନିଜ ବିରୋଧରେ ଏଠାରେ ଲଢ଼େଇ କରିଥିଲେ। ପ୍ରାରମ୍ଭରେ ମୁଖ୍ୟମନ୍ତ୍ରୀ ଏବଂ ଉପ-ମୁଖ୍ୟମନ୍ତ୍ରୀ ପଦବୀକୁ ନେଇ କଳି ଲାଗିଥିଲା। ତେଜସ୍ୱୀ ମୁଖ୍ୟମନ୍ତ୍ରୀ ଏବଂ ମୁକେସ ସାହାନୀ ଉପମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ହେବା ଜିଦ୍‌ରେ ଅଟଳ ରହିଥିଲେ। କିନ୍ତୁ କଂଗ୍ରେସ ଏଥିରେ ରାଜି ନ ଥିଲା। ସ୍ଥିତି ଅଧିକ ବିଗୁଡୁଥିବା ଦେଖି କଂଗ୍ରେସ ହାଇକମାଣ୍ଡଙ୍କୁ ସ୍ୱତନ୍ତ୍ର ପ୍ରତିନିଧି ପଠାଇବାକୁ ପଡ଼ିଥିଲା। ଶେଷରେ ପାଟନା ସ୍ଥିତି ଏକ ହୋଟେଲରେ

### କାହାର ବଢ଼ିଲା, କାହାର ଛିଡ଼ିଲା

| ଦଳ | ୨୦୨୫ | ୨୦୨୦ | ପରିବର୍ତ୍ତନ |
|---|---|---|---|
| ଏନଡିଏ | ୨୦୨ | ୧୨୫ | +୭୭ |
| ବିଜେପି | ୮୯ | ୭୪ | +୧୫ |
| ଜେଡିୟୁ | ୮୫ | ୪୩ | +୪୨ |
| ଅନ୍ୟାନ୍ୟ | ୨୮ | ୦୮ | +୨୦ |
| ମହାମେଣ୍ଟ | ୩୫ | ୧୧୦ | -୭୫ |
| ଆରଜେଡି | ୨୫ | ୭୫ | -୫୦ |
| କଂଗ୍ରେସ | ୦୬ | ୧୯ | -୧୩ |
| ଅନ୍ୟାନ୍ୟ | ୦୪ | ୧୬ | -୧୨ |

ବିବାଦର ସମାଧାନ କରାଯାଇଥିଲା ଏବଂ କଂଗ୍ରେସକୁ ନଇଁବାକୁ ପଡ଼ିଥିଲା। ଅକ୍ଟୋବର ୨୩ରେ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ଏବଂ ସାହାନୀଙ୍କୁ ଉପ-ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରାଯାଇଥିଲା। କିନ୍ତୁ ଏନ୍‌ଡିଏରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ ସଂଶୟ ରହିଥିଲା।

- **ମହାମେଣ୍ଟ ପାଇଁ କାଳ ହେଲା ଆସନ କଳି**
- **ମୁହଁ ମାଡ଼ି ପଡ଼ିଗଲା ମହାମେଣ୍ଟ;**
- **ଆର୍‌ଜେଡିର ବୃହତ ପରାଜୟ; ଅବନତିର ଧାରାରେ କଂଗ୍ରେସ**

ତେବେ ନୀତୀଶ କୁମାରଙ୍କ ନେତୃତ୍ୱରେ ନିର୍ବାଚନ ଲଢିବୁ ବୋଲି ବିଜେପି ନେତାମାନେ କହିଥିଲେ। ମହାମେଣ୍ଟରେ ଝଗଡ଼ା ଯୋଗୁଁ ମତଦାନ ପୂର୍ବରୁ ଏନଡିଏ ଆଗରେ ରହିଥିଲା। ପ୍ରଥମେ ଏନ୍‌ଡିଏରେ ମଧ କଳି ଲାଗି ରହିଥିଲା। କିନ୍ତୁ ସମୟପୂର୍ବରୁ ଏହାର ସମାଧାନ କରିଦିଆଯାଇଥିଲା। ଉପେନ୍ଦ୍ର କୁଶ୍ୱାହଙ୍କୁ ରାଜ୍ୟସଭା ପଠାଇବାକୁ କହି ବିବାଦର ଅନ୍ତ କରିଦିଆଯାଇଥିଲା। ତେଣୁ ପ୍ରଥମେ ଏନ୍‌ଡିଏରେ ସବୁ କିଛି ଠିକ୍ ନ ଥିବା କହିଥିବା ଉପେନ୍ଦ୍ର ପରେ ଶାନ୍ତ ରହିଥିଲେ।

ବିହାର ନିର୍ବାଚନରେ ଆରଜେଡି ନୈରାଶ୍ୟଜନକ ପ୍ରଦର୍ଶନ କରିଛି। ବିହାରର ଏହି ମୁଖ୍ୟ ବିରୋଧୀ ଧଳ ବୃହତ ଦଳରୁ ତଳ ଆଡୁ ଦ୍ୱିତୀୟ ଦଳରେ ପରିଣତ ହୋଇଯାଇଛି। ମାତ୍ର ୫ ବର୍ଷ ଭିତରେ ଆରଜେଡିର ଏଭଳି ଅବସ୍ଥା ହୋଇଛି। ତେଜସ୍ୱୀ ଯାଦବଙ୍କ ନେତୃତ୍ୱାଧୀନ ଆରଜେଡି ୧୪୩ଟି ଆସନରେ ଲଢ଼ି ମାତ୍ର ୨୫ଟିରେ ବିଜୟୀ ହୋଇଛି। ଏହା ଦଳ ପାଇଁ ସବୁଠାରୁ ବଡ଼ ଝଟ୍‌କା ସାବ୍ୟସ୍ତ ହୋଇଛି। ଏହି ଫଳାଫଳ ସହିତ ଆରଜେଡି ସବୁଠାରୁ ଖରାପ ପ୍ରଦର୍ଶନ କରିବା ଥିବା ଦ୍ୱିତୀୟ ଦଳ ହୋଇଯାଇଛି। ୨୦୦୫ ବିଧାନସଭା ନିର୍ବାଚନରେ ଆରଜେଡି ୫୫ଟି ଆସନ ପାଇଥିଲା। ସେ ସମୟରେ ଜଙ୍ଗଲରାଜକୁ ନେଇ ଆରଜେଡିକୁ ଚାରିଆଡେ ସମାଲୋଚନା କରାଯାଉଥିଲା। ସେତେବେଳେ ଜନ ବିରୋଧୀ ଆକ୍ରୋଶ, ରାବ୍ରୀ ଦେବୀଙ୍କ ନେତୃତ୍ୱକୁ ତୀବ୍ର ବିରୋଧ ସତ୍ତ୍ୱେ ଆରଜେଡି ୫୫ଟି ଆସନ ଜିତିଥିଲା। ତେବେ ୨୦୧୦ରେ ଏହି ଦଳ ମୋଟ ୨୨ଟି ଆସନ ପାଇଥିଲା। ୨୦ ବର୍ଷ ବିତିଯିବା ପରେ ଏବଂ ଅନେକ ଥର ନୀତୀଶ କୁମାରଙ୍କ ପଟ ପରିବର୍ତ୍ତନ ସତ୍ତ୍ୱେ ବିଜେପି ଏବଂ ଜେଡିୟୁ ପୁଣିଥରେ ବିଜୟୀ ହୋଇଛନ୍ତି। ୧୯୯୭ରେ ଆରଜେଡି ପ୍ରତିଷ୍ଠା ହେବା ପରେ ଚଳିତ ଥର ତେଜସ୍ୱୀଙ୍କ ନେତୃତ୍ୱରେ ଏହି ଦଳ ନିର୍ବାଚନ ଲଢ଼ିଥିଲା। କିନ୍ତୁ ସେ ଦଳ ପାଇଁ କୌଣସି ଚମତ୍କାର କରିପାରି ନାହାନ୍ତି।

# ମହାମେଣ୍ଟରୁ ୮୫ ଆସନ ଛଡ଼ାଇ ଆଣିଲା ଏନ୍‌ଡିଏ

ପାଟନା, ୧୪।୧୧ (ଏଜେନ୍ସି): ବିହାରରେ ୨୦ ବର୍ଷର ସରକାର ବିରୋଧୀ ଭାବନାକୁ ଭାଙ୍ଗି ପୁଣି ଥରେ ଏନ୍‌ଡିଏ ସରକାର ଗଠନ କରିବାକୁ ଯାଉଛି। ବିଜେପି ୧୦୧ଟି ଆସନରେ ଲଢ଼ି ୮୯ଟିରେ ବିଜୟୀ ହୋଇଛି।



ଏହି ଦଳର ଷ୍ଟ୍ରାଇକ୍ ରେଟ ୯୦ ପ୍ରତିଶତ ରହିଛି। ଏହା ସହିତ ବିଜେପି ବିହାରରେ ବଡ଼ ଭାଇ ହୋଇଯାଇଛି। ଏହି ଦଳ ନୀତୀଶଙ୍କ ଜେଡିୟୁର ବିନା ସମର୍ଥନରେ ବି ସରକାର ଗଢ଼ିବାକୁ ସକ୍ଷମ। ସେହିପରି ଜେଡିୟୁ ୮୫ ଆସନରେ ବିଜୟୀ ହୋଇ ଦୁଇ ନମ୍ବର ସ୍ଥାନରେ ରହିଛି। ରାତି ସୁଦ୍ଧା ଏନ୍‌ଡିଏ ମେଣ୍ଟ ୨୦୨ଟି ଆସନରେ ଆଗୁଆ ରହିଛି। ଏହା ଗତ ଥର ତୁଳନାରେ ୭୭ ଅଧିକ। ସେହିପରି ମହାମେଣ୍ଟ ୧୧୦ରୁ ହ୍ରାସ ପାଇ ୩୫କୁ ଖସି ଆସିଛି। କଂଗ୍ରେସ ନେତା ରାହୁଲ ଗାନ୍ଧୀ ଏବଂ ଆରଜେଡି ନେତା ତେଜସ୍ୱୀ ଯାଦବଙ୍କ ୧୨ରୁ ୫ଟି ଗଡ଼କୁ ଏନ୍‌ଡିଏ ଭୁଶୁଡ଼ାଇ ଦେଇଛି। ଗତ ୧୫ ବର୍ଷ ହେଲା ଏହି ୧୨ଟି ଆସନରେ କ୍ରମାଗତ ଭାବେ ଆରଜେଡି ଏବଂ କଂଗ୍ରେସ ବିଜୟୀ ହୋଇ ଆସୁଥିଲେ। ଚଳିତ ଥର ମହାମେଣ୍ଟ ଜିତିଥିବା ୮୫ଟି ଆସନକୁ ଏନ୍‌ଡିଏ ଛଡ଼େଇ ନେଇଛି। ଏନ୍‌ଡିଏ ୮୬ଟି ନୂଆ ଆସନ ହାତେଇଥିବାବେଳେ ନିଜର ୯୩ ପ୍ରତିଶତ ସିଟ୍‌କୁ ବଜାୟ ରଖିଛି।

ବିହାରର ସବୁ ୬ କ୍ଷେତ୍ରରେ ଏନ୍‌ଡିଏ ନିଜ କ୍ଷମତା ବଢ଼ାଇଛି। ତିରହୁତ-ମଗଧରୁ ଅଧିକ ୪୦ଟି ଆସନ ଜିତିଛି। ତିରହୁତର ୬୪ରୁ ୫୫ଟି, ମିଥିଳାଞ୍ଚଳର ୪୬ରୁ ୩୯ଟି, ମଗଧର ୪୯ରୁ ୩୯ଟି, ଶାହାବାଦର ୨୨ରୁ ୧୯ଟି, ଅଙ୍ଗ ପ୍ରଦେଶର ୨୫ରୁ ୨୪ଟି ଏବଂ ଗୁରୁତ୍ୱପୂର୍ଣ୍ଣ ସୀମାଞ୍ଚଳ ଓ କୋସିର ୩୭ଟି ଆସନରୁ ୨୬ଟି ହାତେଇଛି। ଗତ ନିର୍ବାଚନରେ ଏହି କ୍ଷେତ୍ରରେ ଏନ୍‌ଡିଏ ୨୨ଟି ଆସନ ଜିତିଥିଲା।

# ସାନ ଭାଇ ଜିତିଲେ; ବଡ଼ ହାରିଲେ

ପାଟଣା, ୧୪।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ସୁନାମୀରେ ବହୁ ନାମୀଦାମୀ, ହେଭିୱେଟ୍ ତଥା ହାଇପ୍ରୋଫାଇଲ ନେତା ଭାସି ଯାଇଛନ୍ତି। ଏମାନଙ୍କ ମଧ୍ୟରେ ରହିଛନ୍ତି ଆରଜେଡି ସୁପ୍ରିମୋ ଲାଲୁ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ। ସେ ମହୁଆ ଆସନରୁ ଜନଶକ୍ତି ଜନତା ଦଳ ତରଫରୁ ନିବାଚନରେ ଅବତୀର୍ଣ୍ଣ ହୋଇ ୩୫, ୭୦୩ ଭୋଟ୍ ପାଇଁ ଚିରାଗ ପାଶ୍ୱାନଙ୍କ ଲୋକ ଜନଶକ୍ତି ପାର୍ଟି (ରାମ ବିଳାଶ) ପ୍ରାର୍ଥୀ ସଞ୍ଜୟ କୁମାର ସିଂଙ୍କଠାରୁ ୫୧, ୯୩୮ ଭୋଟରେ ପରାସ୍ତ ହୋଇ ତୃତୀୟ ସ୍ଥାନରେ ରହିଛନ୍ତି। ସଞ୍ଜୟ ୮୭, ୬୪୧ ଭୋଟ ପାଇଛନ୍ତି। ଆରଜେଡିର ମୁକେଶ କୁମାର ରୋଶନ ୪୨, ୬୪୪ ଭୋଟି ପାଇ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଅନ୍ୟପଟେ ଲାଲୁଙ୍କ ସାନ ପୁଅ ତଥା ମହାମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ରାଧେପୁର ଆସନରେ ବିଜୟୀ ହୋଇଛନ୍ତି। ସେ ୧୪, ୫୩୨ ଭୋଟ୍‌ରେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ବିଜେପିର ସତୀଶ କୁମାରଙ୍କୁ ପରାସ୍ତ କରିଛନ୍ତି।

ସେହିପରି ବାହୁବଳୀ ତଥା ଜେଲ୍‌ରେ ଥିବା ଜେଡିୟୁର ଅନନ୍ତ କୁମାରୀ ସିଂ ୨୮, ୨୦୬ ଭୋଟ୍‌ରେ ମୋକାମା ଆସନରେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ଆରଜେଡିର ବିଣା ଦେବୀଙ୍କୁ ପରାସ୍ତ କରି ବିଜୟୀ ହୋଇଛନ୍ତି। ଜମୁଇରେ ବିଜେପିର ଶ୍ରେୟାସୀ ସିଂ ୫୪, ୪୯୮ ଭୋଟ୍‌ରେ ଆରଜେଡିର ମହମ୍ମଦ ସମସାଦ ଆଲମଙ୍କୁ ପରାସ୍ତ କରି ବାଜି ମାରିଛନ୍ତି। ବିଜେପିର ହେଭିୱେଟ୍ ନେତା ସମ୍ରାଟ ଚୌଧୁରୀ ବୃହତ ୪୫, ୮୪୩ ଭୋଟ୍‌ରେ ଆରଜେଡିର ଅରୁଣ କୁମାରଙ୍କୁ ପରାସ୍ତ କରିଛନ୍ତି। ସେହିପରି ବହୁ ଚର୍ଚ୍ଚିତ ଭୋଜପୁରୀ ସିନେମା



ତାରକା ଖେସାରୀ ଲାଲ ଯାଦବ ମଧ୍ୟ ଛପରା ଆସନରେ ବିଜେପିର ଛୋଟି କୁମାରୀଙ୍କଠାରୁ ପରାସ୍ତ ହୋଇଛନ୍ତି। ଜଣାଶୁଣା ତାରକା ଗାୟିକା ମୈଥିଳି ଠାକୁର ଅଲିନଗର ଆସନରେ ୧୧, ୭୩୦ ଭୋଟ୍‌ରେ ଆରଜେଡି ବିନୋଦ ମିଶ୍ରାଙ୍କୁ ପରାସ୍ତ କରିଛନ୍ତି। ବିଜପିର ବିଜୟ କୁମାର ସିହ୍ନା ଲକ୍ଷୀସରାୟ ଆସନରେ କଂଗ୍ରେସର ଅମରେଶ କୁମାରଙ୍କୁ ପରାସ୍ତ କରିଛନ୍ତି। ଚନପଟିଆ ଆସନରେ ମନୀଷ କାଶ୍ୟପ ଜନସୁରାଜ ପାର୍ଟିରୁ ଲଢ଼ି ପରାସ୍ତ ହୋଇଛନ୍ତି। ବିଜେପିର ମଙ୍ଗଲ ପାଣ୍ଡେ ସବାନ ଆସନରୁ ଆରଜେଡିର ଅବଧବିହାରୀ ଚୌଧୁରୀଙ୍କୁ ୯, ୩୭୦ ଭୋଟ୍‌ରେ ପରାସ୍ତ କରିଛନ୍ତି। ଅଭିନେତା ପବନ ସିଂହଙ୍କ ପତ୍ନୀ ଜ୍ୟୋତି ସିଂହ କାରାକଟରୁ ସ୍ୱାଧୀନ ଭାବେ ଲଢ଼ି ପରାସ୍ତ ହୋଇଛନ୍ତି। ସେହିପରି ମହମ୍ମଦ ଶାହବୁଦ୍ଦିନଙ୍କ ପୁଅ ଓସାମା ଶହାବ ରଘୁନାଥପୁର ଆସନରେ ୯, ୨୪୮ ଭୋଟ୍‌ରେ ଜେଡିୟୁର ବିକାଶ କୁମାର ସିଂଙ୍କୁ ପରାସ୍ତ କରିଛନ୍ତି।

# ଲାଲ୍‌କିଲ୍ଲା ବିସ୍ଫୋରଣ: ମାଟିରେ ମିଶାଇ ଦିଆଗଲା ଆତଙ୍କବାଦୀ ଉମର୍‌ର ଘର

ନୂଆଦିଲ୍ଲୀ, ୧୪।୧୧(ଏଜେନ୍ସି): ରାଜଧାନୀ ଦିଲ୍ଲୀର ଲାଲ୍‌କିଲ୍ଲାରେ ହୋଇଥିବା ବିସ୍ଫୋରଣ ସହ ଏବେ ହରିୟାଣାର ନୁହ (ମେବାତ) ଜିଲ୍ଲାର ପିନଗବାଁ ଅଞ୍ଚଳ ଜଡିତ ହୋଇଛି। ବିସ୍ଫୋରଣ ମାମଲାରେ ଯାଞ୍ଚ କରୁଥିବା ଦିଲ୍ଲୀର ଏଜେନ୍ସିଗୁଡିକ ନୁହର ସାର ବିକ୍ରେତା ଦୀନେଶ ସିଙ୍ଗଲା ଉରଫ୍ ଡବୁକୁ ପଚରାଉଚରା କରିବା ସହ ତାକୁ ଗିରଫ କରିଛି। ଡବୁ ଅଲ ଫଲାହ ବିଶ୍ୱ ବିଦ୍ୟାଳୟର ଡାକ୍ତର ମୁଜାମ୍ମିଲ ସକିଲକୁ ବିନା କୌଣସି ରେକର୍ଡରେ ଆମୋନିୟମ ନାଇଟ୍ରେଟ୍ ଭଳି ବିସ୍ଫୋରକ ପଦାର୍ଥ ଉପଲବ୍ଧ କରାଇଥିଲେ। ଏହାପୂର୍ବରୁ ଜମ୍ମୁ-କଶ୍ମୀର କର୍ତ୍ତୃପକ୍ଷ ଡା ଉମର ନବୀର ପୁଲବାମାସ୍ଥିତ ବାସଗୃହକକୁ ଭାଙ୍ଗି ମାଟିରେ ମିଶାଇ ଦେଇଛନ୍ତି। ଉମର ଲାଲ୍‌କିଲ୍ଲା ବିସ୍ଫୋରଣରେ ମୃତ୍ୟୁବରଣ କରିଥିଲା। ଡିଏନ୍‌ଏ ପରୀକ୍ଷା ମାଧ୍ୟମରେ ଏହା ସ୍ପଷ୍ଟ ହୋଇଛି। ସୁରକ୍ଷାବଳ ଉମରର ଘରକୁ ଆଇଇଡି ଦ୍ୱାରା ବିସ୍ଫୋରଣରେ ଉଡାଇ ଦେଇଛି। ତା ପାଖରେ ଆମୋନିୟମ ନାଇଟ୍ରେଟ ରଖିବାର ଲାଇସେନ୍ସ ନ ଥିଲା। ଏହାକୁ ବିସ୍ଫୋରଣ ଘଟାଇବାରେ ବ୍ୟବହାର କରାଯାଇଥିଲା ବୋଲି କୁହାଯାଉଛି। ଉମର ବିସ୍ଫୋରଣ ବେଳେ କାର୍‌ରେ ଥିଲା। ସେ ପୁଲୱାମାର କୋଇଲ ଅଞ୍ଚଳରେ ରହୁଥିଲା। ଏପର୍ଯ୍ୟନ୍ତ ୫୦୦ ସ୍ଥାନରେ ଚଢ଼ାଉ କରାଯାଇଥିବା ବେଳେ ୬୦୦ରୁ ଊର୍ଦ୍ଧ୍ୱ ଲୋକଙ୍କୁ ପଚରା ଉଚରା କରାଯାଇଛି। ସେପଟେ ନୁହର ଜଣେ ଡାକ୍ତରଙ୍କୁ ମଧ୍ୟ ଏହି ମାମଲାରେ ଗିରଫ କରାଯାଇଛି। ଫଳରେ ମୁଖ୍ୟ ଅଭିଯୁକ୍ତଙ୍କ ସଂଖ୍ୟା ଏବେ ୯ ରେ ପହଞ୍ଚିଛି।



ବିହାର ବିଜୟ ପରେ ବିଜେପି ମୁଖ୍ୟାଳୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସମ୍ବର୍ଦ୍ଧିତ କରାଯାଉଛି।

# ବିକାଶ ଓ ସୁଶାସନର ବିଜୟ: ମୋଦୀ

ବିହାର ଲୋକମାନେ ବିଜୟ ବାନା ଉଡ଼ାଇଛନ୍ତି। ରାଜ୍ୟରେ ସୁଶାସନ, ବିକାଶ, ଜନକଲ୍ୟାଣ ଭାବନା ଏବଂ ସାମାଜିକ ନ୍ୟାୟର ବିଜୟ ହୋଇଛି। ବିହାର ଲୋକେ ଏନଡିଏକୁ ଅଭୂତପୂର୍ବ ଏବଂ ଐତିହାସିକ ବିଜୟର ଆଶୀର୍ବାଦ ଦେଇଛନ୍ତି। ଆଉ କେବେ ବି ରାଜ୍ୟକୁ ଜଙ୍ଗଲରାଜର ସରକାର ଫେରିବ ନାହିଁ। ଯେଉଁମାନେ ଛଟ୍ ପୂଜାକୁ ଡ୍ରାମା କହୁଥିଲେ, ସେମାନଙ୍କୁ ଜବାବ ମିଳିଛି। ବିଜେପି ମୁଖ୍ୟାଳୟରେ ଆୟୋଜିତ ବିଜୟ ଉତ୍ସବରେ ସାମିଲ ହୋଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଟିପ୍ପଣୀ ଦେଇଛନ୍ତି। ସେ କହିଛନ୍ତି ଯେ ଗଙ୍ଗା ମାତା ବିହାରରୁ ପ୍ରବାହିତ ହୋଇ ପଶ୍ଚିମବଙ୍ଗ ଯାଉଛନ୍ତି। ପଶ୍ଚିମବଙ୍ଗରେ ବିଜେପିର ବିଜୟ ମାର୍ଗକୁ ବିହାର ପ୍ରଶସ୍ତ କରିଦେଇଛି। ବିଜେପି ଆପଣଙ୍କ ସହ ମିଶି ପଶ୍ଚିମବଙ୍ଗର ଜଙ୍ଗଲରାଜ ସରକାରକୁ ଭୁଶୁଡ଼ାଇ ଦେବ।

# ନିର୍ବାଚନ ନିରପେକ୍ଷ ନ ଥିଲା: ରାହୁଲ

ମହାମେଣ୍ଟ ଉପରେ ବିଶ୍ୱାସ ପ୍ରକଟ କରିଥିବା କୋଟି କୋଟି ମତଦାତାଙ୍କୁ ଗଭୀର କୃତଜ୍ଞତା ଜଣାଉଛି। ବିହାର ବିଧାନସଭା ନିର୍ବାଚନ ଫଳାଫଳ ଚକିତ କରିଦେଇଛି। ଆମେ ଏଭଳି ଏକ ନିର୍ବାଚନରେ ବିଜୟୀ ହୋଇପାରିଲୁ ନାହିଁ, ଯାହା ପ୍ରାରମ୍ଭରୁ ନିରପେକ୍ଷ ନ ଥିଲା। ଏହି ଲଢ଼େଇ ଗଣତନ୍ତ୍ର ଏବଂ ସମ୍ବିଧାନର ସୁରକ୍ଷା ପାଇଁ ଥିଲା। କଂଗ୍ରେସ ଏବଂ ମହାମେଣ୍ଟ 'ଇଣ୍ଡିଆ' ଏହି ଫଳାଫଳର ସମୀକ୍ଷା କରିବ ଏବଂ ଗଣତନ୍ତ୍ରକୁ ବଞ୍ଚାଇବା ପାଇଁ ଚାଲିଥିବା ପ୍ରୟାସକୁ ଅଧିକ ପ୍ରଭାବୀ କରାଯିବ ବୋଲି ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ କହିଛନ୍ତି।

# ୧୫୦ କିମି ବେଗରେ ଖାଇକୁ ଖସିଲା କାର୍; ୫ ମୃତ

ରତଲାମ, ୧୪।୧୧(ଏଜେନ୍ସି): ମଧ୍ୟପ୍ରଦେଶର ରତଲାମ୍‌ରେ ନିୟନ୍ତ୍ରଣ ହରାଇ ଏକ କାର୍ ଖାଇକୁ ଖସିପଡ଼ିବା ଫଳରେ ଏକ ବଡ଼ ଧରଣର ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଏମାନଙ୍କ ମଧ୍ୟରେ ୧୫ ବର୍ଷର ପିଲା ଓ ୬୦ ବର୍ଷର ଜଣେ ବରିଷ୍ଠ ନାଗରିକ ସାମିଲ ଅଛନ୍ତି। ସିସିଟିଭି କ୍ୟାମେରାରେ ଏହି ମର୍ମନ୍ତୁଦ ଦୁର୍ଘଟଣାର ଦୃଶ୍ୟ ରେକର୍ଡ ହୋଇଛି। ରତଲାମ ଜିଲ୍ଲାର ରାବଟି ଥାନା ଅନ୍ତର୍ଗତ ଭୀମପୁରା ଗାଁ ନିକଟରେ ମାହି ନଦୀ ପୋଲ ପୂର୍ବରୁ ଶୁକ୍ରବାର ସକାଳ ୭ଟାରେ ଏହି ଦୁର୍ଘଟଣା ଘଟିଥିଲା। ଦିଲ୍ଲୀ-ମୁମ୍ବାଇ ଏକ୍ସପ୍ରେସ ୱେରେ ରେଲିଂ ଭାଙ୍ଗି ଏହି ମହିନ୍ଦ୍ରା ଏସ୍‌ୟୁଭି ୭୦୦ ଗାଡି ଯାଇ ତଳେ ପଡ଼ିଥିଲା। ଡ୍ରାଇଭରଙ୍କୁ ହାଲ୍‌କା ନିଦ ଆସିବା ଫଳରେ ଏହି ଦୁର୍ଘଟଣା ଘଟିଥିଲା ବୋଲି ପୁଲିସ କହିଛି। କାର୍‌ରେ ବସିଥିବା ୪ ଜଣ ମୁମ୍ବାଇର ଓ ଜଣେ ଗୁଜରାଟ ଭଦୋଦରାର ବାସିନ୍ଦା। ସମସ୍ତେ ଦିଲ୍ଲୀରୁ ମୁମ୍ବାଇ ଯାଉଥିଲେ। ସମସ୍ତଙ୍କ ମୃତଦେହ ରତଲାମ ମେଡିକାଲ କଲେଜରେ ରଖାଯାଇଛି। ଦୁର୍ଘଟଣା ସ୍ଥଳିର ୧୦ ଫୁଟ୍ ଦୂରରେ ସ୍ପିଡ୍ ଗନ୍ ଲଗାଯାଇଛି ବୋଲି ନ୍ୟାସନାଲ ହାଇୱେ ଅଥରିଟି ଅଫ୍ ଇଣ୍ଡିଆ (ଏନ୍‌ଏଚ୍‌ଏଆଇ) ନିର୍ଦ୍ଦେଶକ ସନ୍ଦୀପ ପଟିଦାର କହିଛନ୍ତି। କାର୍‌ର ଗତି ଘଣ୍ଟାପ୍ରତି ୧୫୦ କିମି ଥିଲା ବୋଲି ଏଥିରୁ ସ୍ପଷ୍ଟ ହେଉଥିବା ସେ କହିଛନ୍ତି।

# ବାଂଲାଦେଶରେ ପୁଣି ତେଜିଲା ହିଂସା

ଢ଼ାକା, ୧୪।୧୧(ଏଜେନ୍ସି): ବାଂଲାଦେଶର ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କ ବିରୋଧରେ କୋର୍ଟ ରାୟ ଦେବା ପୂର୍ବରୁ ସାରା ଦେଶରେ ହିଂସା ବୃଦ୍ଧି ପାଇଛି। ହାସିନାଙ୍କ ପାର୍ଟି ଅୱାମୀ ଲିଗ୍ କୋର୍ଟଙ୍କ ସମ୍ଭାବ୍ୟ ରାୟକୁ ବିରୋଧ କରି ସାରା ଦେଶରେ ଲକ୍‌ଡାଉନ୍ ପାଇଁ ଆହ୍ୱାନ ଦେଇଛି। କିନ୍ତୁ ଅୱାମୀ ଲିଗ୍‌କୁ ବିରୋଧ କରି ବାଂଲାଦେଶ ନ୍ୟାସନାଲ ପାର୍ଟି (ବିଏନ୍‌ପି) ଓ ବାଂଲାଦେଶ ଜମାତ-ଇ-ଇସ୍‌ଲାମୀ କାର୍ଯ୍ୟକର୍ତ୍ତାମାନେ ରାଜଧାନୀ ଢ଼ାକାର କିଛି ଅଞ୍ଚଳରେ ସଡ଼କକୁ ଓହ୍ଲାଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ।

ଏହାକୁ ନେଇ ବାଂଲାଦେଶ ପୁଣି ଅଶାନ୍ତ ହୋଇପଡ଼ିଛି। ଦେଶର ବିଭିନ୍ନ ସ୍ଥାନରେ ଆଜି ଦିନକେ ୩୨ଟି ସ୍ଥାନରେ ବୋମା ବିସ୍ଫୋରଣ ହୋଇଥିବା ବେଳେ ଉତ୍ୟକ୍ତ ଲୋକେ ୧୨ଟି ବସ୍‌ରେ ନିଆଁ ଲଗାଇ ଦେଇଛନ୍ତି। ମିଳିଥିବା ସୂଚନା ଅନୁସାରେ ଢ଼ାକା ବିମାନ ବନ୍ଦର ନିକଟରେ

- **୩୨ଟି ସ୍ଥାନରେ ବୋମା ବିସ୍ଫୋରଣ**
- **୧୨ଟି ବସ୍‌ରେ ନିଆଁ ଲଗାଇଦେଲେ**

ଦୁଇଟି ବୋମା ବିସ୍ଫୋରଣ ହୋଇଥିଲା। କିନ୍ତୁ ଏଥିରେ କେହି ମୃତାହତ ହୋଇ ନାହାନ୍ତି। ଢାକା ସମେତ କେତୋଟି ବଡ଼ ସ୍କୁଲରେ କ୍ଲାସକୁ ଅନଲାଇନ୍ କରାଯାଇଛି। ସାଧାରଣ ଗମନାଗମନକୁ ସମ୍ପୂର୍ଣ୍ଣ ଭାବେ ବନ୍ଦ କରାଯାଇଛି। ରାଜଧାନୀ ଢାକାରେ ୪୦୦ ପାରା ମିଲିଟାରୀ ଯବାନଙ୍କୁ ନିୟୋଜିତ କରାଯାଇଛି।

ଉଲ୍ଲେଖଥାଉ କି ସୁପ୍ରିମକୋର୍ଟ ନଭେମ୍ବର ୧୭ରେ ହସିନାଙ୍କ ବିରୋଧରେ ଚାଲିଥିବା ମାନବୀୟ ଅପରାଧ ମାମଲା ବିରୋଧରେ ରାୟ ଶୁଣାଇବେ। ୨୦୨୪ରେ ଛାତ୍ର ଆନ୍ଦୋଳନ ଅବସରରେ ହସିନା ହିଂସା ପାଇଁ ଉସ୍‌କାଇଥିବାର ଅଭିଯୋଗ ହୋଇଥିଲା। ଅନ୍ୟପକ୍ଷରେ ହସିନା ଏହି ମାମଲାଗୁଡିକୁ ମିଥ୍ୟା ବୋଲି କହି ଆସିଛନ୍ତି। ଏହି ହିଂସା ପରେ ହସିନାଙ୍କୁ ଶାସନରୁ ଛାତ୍ର ଆନ୍ଦୋଳନ ମାଧ୍ୟମରେ ହଟାଇ ଦିଆଯାଇଥିଲା। ସେ ଏବେ ଭାରତରେ ଆଶ୍ରୟ ନେଇଛନ୍ତି।

## ନୂଆପଡ଼ା ଉପନିର୍ବାଚନ

# ଏ ବିଜୟ ସମୃଦ୍ଧ ଓଡ଼ିଶା ଗଠନରେ ସହାୟକ ହେବ: ମୋହନ

**ଭୁବନେଶ୍ୱର, ୧୪ ।୧୧ (ସମିସ):** ନୂଆପଡ଼ା ଓ ବିହାରରେ ବଡ଼ ବିଜୟ ପରେ ବିଜୟ ଉତ୍ସବ ପାଳିଛି ବିଜେପି। ଶୁକ୍ରବାର ଭୁବନେଶ୍ୱରସ୍ଥିତ ରାଜ୍ୟ କାର୍ଯ୍ୟାଳୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲଙ୍କ ସମେତ ଦଳୀୟ ନେତା ଓ କର୍ମୀ ଏକାଠି ହୋଇ ବିଜୟ ଉତ୍ସବ ପାଳନ କରିଛନ୍ତି।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଆଜି ଏକ ଐତିହାସିକ ଦିନ ଓ ସ୍ମରଣୀୟ ମୁହୂର୍ତ୍ତ।



### ରାଜ୍ୟ ବିଜେପି କାର୍ଯ୍ୟାଳୟରେ ବିଜୟ ଉତ୍ସବ

ବିହାର ବିଧାନସଭା ନିର୍ବାଚନ ଏବଂ ନୂଆପଡ଼ା ଉପନିର୍ବାଚନରେ ବିଜେପି ଇତିହାସ ସୃଷ୍ଟି ହୋଇଛି। ନୂଆପଡ଼ା ଉପନିର୍ବାଚନରେ ବିଜେପିକୁ ବିପୁଳ ସମର୍ଥନ ଜଣାଇଥିବା ଅଂଶୀଦାରମାନଙ୍କୁ ଧନ୍ୟବାଦ ଜଣାଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ନିର୍ବାଚନ ଓଡ଼ିଶା ରାଜନୀତି ପାଇଁ ଐତିହାସିକ। ଏହା ଆଗାମୀ ଦିନରେ ସମୃଦ୍ଧ ଓଡ଼ିଶା ଓ ବିକଶିତ ଭାରତ ଗଠନ ପାଇଁ ସହାୟକ ହେବ। ବିଜେପି ରାଜନୈତିକ ଉଦ୍ୟେଶ ନୁହେଁ; ସେବା ମନୋଭାବ ନେଇ ଆଗକୁ ବଢୁଛି। ଏହି କାରଣରୁ ନୂଆପଡ଼ାବାସୀ ସମର୍ଥନ ଦେଇଛନ୍ତି। ନୂଆପଡ଼ାର ବିକାଶ ନିଶ୍ଚୟ ହେବ ବୋଲି ପ୍ରତିଶ୍ରୁତି ଦେବା ସହ ବିହାରରେ ବିଜେପିର ବିଜୟ ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ଗୃହମନ୍ତ୍ରୀ ଅମିତ ଶାହ, ନିର୍ବାଚନ ପ୍ରଭାରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

ଅନ୍ୟପଟେ ନୂଆପଡ଼ା ଉପନିର୍ବାଚନରେ ବିଜେପିର ଐତିହାସିକ ଏବଂ ବିଶାଳ ବିଜୟ ପାଇଁ ରାଜ୍ୟ ସଭାପତି ମନମୋହନ ସାମଲ ନୂଆପଡ଼ାର ଜନସାଧାରଣ ଏବଂ ବିଜେପି କାର୍ଯ୍ୟକର୍ତ୍ତାଙ୍କୁ ଧନ୍ୟବାଦ ଜଣାଇଛନ୍ତି। ସେ କହିଛନ୍ତି ଏହି ବିଜୟ କେବଳ ଏକ ନିର୍ବାଚନୀ ସଫଳତା ନୁହେଁ; ବରଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱ, ବିକାଶର ଏଜେଣ୍ଡା ଏବଂ ସୁଶାସନ ପ୍ରତି ଜନସାଧାରଣଙ୍କ ଅଟଳ ବିଶ୍ୱାସର ଏକ ପ୍ରମାଣ। ଏହି ବିଜୟ ଦଳର ସମସ୍ତ କର୍ମୀ, ପଦାଧିକାରୀ ଏବଂ ଜନସାଧାରଣଙ୍କ ନିରନ୍ତର ପରିଶ୍ରମ ଓ ଆସ୍ଥାର ଫଳ। ବିଜୟୀ ପ୍ରାର୍ଥୀ ଜୟ ଢୋଲକିଆଙ୍କୁ ଅଭିନନ୍ଦନ ସହ ନୂଆପଡ଼ାବାସୀଙ୍କ ଆଶା-ଆକାଂକ୍ଷା ପୂରଣ କରିବା ପାଇଁ ଶ୍ରୀ ସାମଲ ତାଙ୍କୁ ଆହ୍ୱାନ ଦେଇଛନ୍ତି।

# ଜନମତକୁ ଏପଟସେପଟ କରାଯାଇଛି: ଦେବୀ ମିଶ୍ର

**ଭୁବନେଶ୍ୱର,୧୪।୧୧(ସମିସ):** ସରକାରୀ କଳ ଏବଂ ବଳ ଦ୍ୱାରା ବିଜେପି ନିର୍ବାଚନ ବିଜୟ ହାସଲ କରିଛି। ଅନେକ ସମସ୍ୟା ନେଇ ନୂଆପଡ଼ାବାସୀ ମୁହଁ ଖୋଲୁଥିଲେ। ହେଲେ ୯ ତାରିଖ ସକାଳ ପର୍ଯ୍ୟନ୍ତ ବିଜେଡି ସପକ୍ଷରେ ଥିବା ଜନାଦେଶ ପରିବର୍ତ୍ତନ ସମସ୍ତଙ୍କୁ ବ୍ୟଥିତ କରିଛି ବୋଲି ବିଜେଡି ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କହିଛନ୍ତି। ସେ କହିଛନ୍ତି ଯେ, ବିଜେଡି ଅନେକ ଉପନିର୍ବାଚନ ସାମ୍ନା କରିଛି।



ଏଥିରେ ଦଳ ଅନେକ ଉପନିର୍ବାଚନ ଜିତିଛି ଓ ହାରିଛି। ହେଲେ ନୂଆପଡା ଉପନିର୍ବାଚନ ଫଳାଫଳ କିଛି ଅଲଗା ଆଭାସ ଦେଉଛି। ସେ କହିଛନ୍ତି ଦଳ ତରଫରୁ ଯାହା ଆମେ ଆଶଙ୍କା କରିଥିଲୁ, ତାହା ସତ ପ୍ରମାଣିତ ହୋଇଛି। ଜନମତକୁ ଏପଟସେପଟ କରାଯାଇଛି। ସାଇଲେଣ୍ଟ ପିରିଅଡରେ ଶାସକ ଦଳ ପକ୍ଷରୁ ବ୍ୟବହାର ହୋଇଛି। ଶାସକ ଦଳ ଓ ସରକାରୀ କଳ ସାଇଲେଣ୍ଟ ପିରିଅଡକୁ ମ୍ୟାନୁପୁଲେସନ କରିଛନ୍ତି। ଏହାର ପ୍ରତିଫଳନ ଫଳାଫଳରେ ଦେଖିବାକୁ ମିଳିଛି। ଲୋକଙ୍କ ଭାବନା ଏତେ ବଡ଼ ପରିବର୍ତ୍ତନ ଚକିତ କରିଛି। ୯ ତାରିଖ ସକାଳ ଯାଏ ଯେଉଁ ମତ ଥିଲା, ତାହା ପରିବର୍ତ୍ତନ ହୋଇଛି। ଏହା ହିଁ ଚକିତ କରୁଛି। ଜନସାଧାରଣ ଜାଣିଛନ୍ତି ନବୀନ ବାବୁ ଓଡ଼ିଶାର ପ୍ରିୟତମ ନେତା। ନୂଆପଡାରେ ଅନୁକମ୍ପା ଅପେକ୍ଷା ଟ୍ରିପଲ ଇଞ୍ଜିନ ସରକାରର ମଇକ୍ରୋ ମ୍ୟାନେଜମେଣ୍ଟ ଫଳାଫଳକୁ ପ୍ରଭାବିତ କରିଛି। ଓଡିଶାର ବିଜେପି ସରକାର, ଛତିଶଗଡ଼ର ବିଜେପି ସରକାର ଓ କେନ୍ଦ୍ରର ବିଜେପି ସରକାରଙ୍କ କଳ ଓ ବଳ ଲାଗିଥିଲା। ନିର୍ବାଚନ ପର୍ଯ୍ୟବେକ୍ଷକ ମଧ୍ୟ ନିରବଦ୍ରଷ୍ଟା ସାଜିଥିଲେ। ଛତିଶଗଡ଼କୁ ଲାଗି ରହିଥିବା ନୂଆପଡାର ଅଞ୍ଚଳରେ ପୂର୍ବରୁ ମଧ୍ୟ ପଛରେ ରହୁଥିଲା। ଉପନିର୍ବାଚନରେ ଏତେ ସଂଖ୍ୟକ ଭୋଟ ପଡ଼ିବା ନଜିର ନାହିଁ। ଉପନିର୍ବାଚନରେ ୮୩ ପ୍ରତିଶତରୁ ଅଧିକ ଭୋଟିଂ ହେବା ସନ୍ଦେହ ସୃଷ୍ଟି କରୁଛି। ୪୧ ବୁଥରେ ହାରାହାରି ୯୧ରୁ ୯୪ ପ୍ରତିଶତ ଭୋଟିଂ ହୋଇଛି। ଭୋଟିଂ ବୁଥକୁ ସିଜ କରିବା ଅଭିଯୋଗ ମଧ୍ୟ ଆସିଛି। ଦାଦନ ଭାବରେ କାମ କରୁଥିବା ଲୋକଙ୍କ ନାଁରେ ଭୋଟ ଦିଆଯାଇଥିବା ସନ୍ଦେହ ହେଉଛି। ନହେଲେ ଏତେ ପରିମାଣର ଭୋଟିଂ ହୋଇନଥାନ୍ତା। ଏହାକୁ ତଦନ୍ତ କଲେ ଜଣାପଡିବ। ଗଣତାନ୍ତ୍ରିକ ପ୍ରକ୍ରିୟାରେ ଅଧିକ ଭୋଟ ଦେଲେ ଭଲ। ମାତ୍ର ଲୋକ ନଆସି ଭୋଟ ପଡିଲେ ଭୟଙ୍କର ହୁଏ ବୋଲି ଶ୍ରୀ ମିଶ୍ର କହିଛନ୍ତି।

# ଅର୍ଥ ବଳର ନଗ୍ନ ପ୍ରଦର୍ଶନ କରି ଶାସକ ଦଳ ନିର୍ବାଚନ ଜିତିଲା: କଂଗ୍ରେସ

**ଭୁବନେଶ୍ୱର,୧୪।୧୧(ସମିସ):** ନୂଆପଡ଼ା ଉପନିର୍ବାଚନରେ ବିଜେପିର ବିଜୟ ହୋଇଛି। ବିଜୟୀ ପ୍ରାର୍ଥୀ ଦଳକୁ କଂଗ୍ରେସ ଅଭିନନ୍ଦନ ଜଣାଇଥିଲେ ମଧ୍ୟ ଏହି ବିଜୟକୁ ଦଳ ସହଜରେ ଗ୍ରହଣ କରିପାରୁ ନାହିଁ। ଦଳ ପକ୍ଷରୁ ଏକ ପ୍ରେସ୍‌ବାର୍ତ୍ତାରେ କୁହାଯାଇଛି, ନୂଆପଡ଼ା ଉପନିର୍ବାଚନରେ ଶାସକ ଦଳ ଯେପରି ଅର୍ଥ ବଳର ନଗ୍ନ ପ୍ରଦର୍ଶନ କଲା, ତାହା ଭାରତୀୟ ନିର୍ବାଚନୀ ଇତିହାସରେ ସମସ୍ତ ରେକର୍ଡକୁ ଅତିକ୍ରମ କରିଯାଇଛି। ନିର୍ବାଚନ ଆୟୋଗ ଓ ଅଧିକାରୀମାନଙ୍କ ବ୍ୟାପକ ପକ୍ଷପାତିତା ବଳରେ ଶାସକ ଦଳ ପ୍ରାର୍ଥୀ ପୁଲିସ ଓ ପ୍ରଶାସନକୁ ବ୍ୟବହାର କରି ଭୋଟରମାନଙ୍କୁ ପ୍ରଲୋଭିତ କରାଇବାରେ ସକ୍ଷମ ହେଲେ। ଆଦର୍ଶ ଆଚରଣ ବିଧି ବାରମ୍ବାର ଖୋଲାଖୋଲି ଉଲଂଘନ ହେଉଥିବା ସତ୍ତ୍ୱେ କର୍ତ୍ତୃପକ୍ଷ ନିରବଦ୍ରଷ୍ଟା ସାଜିଲେ।

ଅନ୍ୟପଟେ ପୂର୍ବରୁ ନିକଟ ଅତୀତରେ ରାଜ୍ୟରେ ଅନୁଷ୍ଠିତ ଉପନିର୍ବାଚନଗୁଡିକରେ କଂଗ୍ରେସର ପ୍ରଦର୍ଶନ ନୈରାଶ୍ୟଜନକ ରହିଥିବା ବେଳେ ସମସ୍ତ ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ଏ ଥରର ନିର୍ବାଚନରେ କଂଗ୍ରେସ ଦ୍ୱିତୀୟ ସ୍ଥାନରେ ରହିଛି। ଏହା କଂଗ୍ରେସର କ୍ରମବର୍ଦ୍ଧିଷ୍ଣୁ ଲୋକପ୍ରିୟତାର ପ୍ରମାଣ ବୋଲି ଦଳର ମିଡିଆ ସେଲ୍ ଅଧ୍ୟକ୍ଷ ଅରବିନ୍ଦ ଦାସ କହିଛନ୍ତି। ସେ କହିଛନ୍ତି, ଏହା ଆଗାମୀ ଦିନରେ ଓଡ଼ିଶା ରାଜନୀତିକୁ ଯେ ପ୍ରଭାବିତ କରିବ ଏଥିରେ ସନ୍ଦେହ ନାହିଁ। ସମସ୍ତଙ୍କ



ମଧ୍ୟରୁ ଯୋଗ୍ୟତମ ପ୍ରାର୍ଥୀ ଘାସିରାମ ମାଝୀ ଏଥର କଳାହାଣ୍ଡିର ପୂର୍ବତନ ସାଂସଦ ତଥା ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନେତୃତ୍ୱରେ କଂଗ୍ରେସ ପ୍ରାର୍ଥୀ ହୋଇଥିବାରୁ ମୂଳରୁ ହିଁ ତାଙ୍କ ବିଜୟ ଆଶା ଉଜ୍ଜଳ ଥିଲା। ତେବେ ନୂଆପଡ଼ାରେ ସ୍ପଷ୍ଟ ଦିବାଲୋକରେ ଗଣତନ୍ତ୍ରର ହତ୍ୟା ହେବା ଯୋଗୁଁ ଏଠାରେ ବିଜେପି ଜିତିଲା। ପ୍ରତିକୂଳ ପରିସ୍ଥିତିରେ କଂଗ୍ରେସ ସପକ୍ଷରେ ରହିଥିବା ଭୋଟର ଓ ନିର୍ବାଚନରେ ଅକ୍ଳାନ୍ତ ପରିଶ୍ରମ କରିଥିବା କଂଗ୍ରେସର ନେତୃବୃନ୍ଦ ଓ କର୍ମୀଙ୍କୁ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ପକ୍ଷରୁ ଶ୍ରୀ ଦାସ ଧନ୍ୟବାଦ ଜଣାଇଛନ୍ତି।

# ୬ ଡିଗ୍ରୀକୁ ଖସିଲା ପାରଦ

### ସେମିଲିଗୁଡ଼ା ସବୁଠୁ ଥଣ୍ଡା

**ଭୁବନେଶ୍ୱର, ୧୪।୧୧ (ସମିସ):** ରାଜ୍ୟର ଅଧିକାଂଶ ସ୍ଥାନରେ ଥଣ୍ଡା ଜାରି ରହିଛି। କ୍ରମାଗତ ଭାବେ ତାପମାତ୍ରା ହ୍ରାସ ପ୍ରଭାବରେ ଚଳିତବର୍ଷ ରାଜ୍ୟରେ ପ୍ରଥମଥର ପାଇଁ କିଛି ସ୍ଥାନରେ ଶୀତ ଲହରୀ ଅନୁଭୂତ ହୋଇଛି। ଲଗାତାର ଦୁଇ ଦିନ ହେବ, ଭୁବନେଶ୍ୱର ଓ ଫୁଲବାଣୀରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ୫ଡିଗ୍ରୀ ତଳେ ରହିଥିବା ହେତୁ ଏଠାରେ ଶୀତ ଲହରୀ ସୃଷ୍ଟି ହୋଇଛି। ଏହାବ୍ୟତୀତ, ଗତ ୨୪ ଘଣ୍ଟା ମଧ୍ୟରେ ରାଜ୍ୟରେ ପ୍ରଥମଥର ପାଇଁ ପାରଦ ୬ ଡିଗ୍ରୀ ଛୁଇଁଛି। କୋରାପୁଟର ସେମିଲିଗୁଡ଼ାଠାରେ ତାପମାତ୍ରା ସର୍ବନିମ୍ନ ୬.୩ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ୧୦ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରେକର୍ଡ ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ଜି. ଉଦୟଗିରିରେ ୭, ଦାରିଙ୍ଗବାଡ଼ିରେ ୭.୫, ଫୁଲବାଣୀରେ ୮.୨, ଝାରସୁଗୁଡ଼ା ଓ ଚିପିଲିମାରେ ୧୧ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ସେହିପରି ଭୁବନେଶ୍ୱର ଓ କଟକରେ ତାପମାତ୍ରା ୧୪.୮ଡିଗ୍ରୀ ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତା ୩ ଦିନ ମଧ୍ୟରେ ତାପମାତ୍ରାରେ ବିଶେଷ ପରିବର୍ତ୍ତନ ହେବ ନାହିଁ। ଏହା ପରେ କିଛି କିଛି ସ୍ଥାନରେ ତାପମାତ୍ରାରେ ସାମାନ୍ୟ ବୃଦ୍ଧି ଘଟିପାରେ।

# ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ

**କାମାକ୍ଷାନଗର, ୧୪।୧୧(ସମିସ):** ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ। କାମାକ୍ଷାନଗର ଥାନାରେ ଏପରି ଏକ ଅଭିଯୋଗ ହୋଇଛି। ମୃତ ଯୁବକଜଣଙ୍କ ହେଲେ, ପରଜଙ୍ଗ ଥାନା ସାଆନ୍ଦା ଗ୍ରାମର ରାଜେଶ କୁମାର ପାଣି। ପୁଲିସ୍ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

### ନିର୍ବନ୍ଧରେ ଭିଡିଓ ସୁଟିଂ କରିବାକୁ ଆସିଥିଲେ

ସୂଚନାନୁଯାୟୀ, ରାଜେଶ ତାଙ୍କ ଗାଁ ଛକରେ ଏକ ଭିଡିଓ ସୁଟିଂ ଦୋକାନ କରିଛନ୍ତି। ବିବାହ, ବ୍ରତ ଇତ୍ୟାଦିରେ ସୁଟିଂ କରି ସେ ପରିବାର ପ୍ରତିପୋଷଣ କରୁଥିଲେ। ଗତକାଲି ସକାଳେ ଏକ ନିର୍ବନ୍ଧର ଭିଡିଓ ସୁଟିଂ ପାଇଁ ସେ ମୁକ୍ତାପଶି ଗ୍ରାମକୁ ଆସିଥିଲେ। ତେବେ ସଂଧ୍ୟା ପର୍ଯ୍ୟନ୍ତ ଘରକୁ ନଫେରିବାରୁ ପରିବାରଲୋକଙ୍କ ଚିନ୍ତା ବଢ଼ିଥିଲା। ସବୁଆଡ଼େ ଖୋଜାଖୋଜି କରି ନିରାଶ ହେବା ପରେ ଏନେଇ ପରଜଙ୍ଗ ଥାନାରେ ଅଭିଯୋଗ କରିଥିଲେ। ମାତ୍ର ଆଜି ମୁକ୍ତାପଶି ଗାଁ ନିକଟରେ ଥିବା ମଠ ପୋଖରୀରୁ ରାଜେଶଙ୍କ ମୃତଦେହ ଭାସମାନ ଅବସ୍ଥାରେ ଦେଖିବାକୁ ମିଳିଥିଲା। ଖବର ପାଇ ପରିବାରଲୋକ ଘଟଣାସ୍ଥଳରେ ପହଞ୍ଚି ରାଜେଶଙ୍କୁ ଚିହ୍ନଟ କରିବା ସହ ତାଙ୍କୁ ହତ୍ୟା କରାଯାଇଛି ବୋଲି ଅଭିଯୋଗ କରିଛନ୍ତି। କେହି ଦୁର୍ବୃତ୍ତ ତାଙ୍କୁ ହତ୍ୟା କରିବା ପରେ ଏହାକୁ ଅଘଟଣ ଦର୍ଶାଇବା ପାଇଁ ଶବ ପୋଖରୀକୁ ଫିଙ୍ଗି ଦେଇଛି ବୋଲି ସେମାନେ କହିଛନ୍ତି। ଖବର ପାଇ କାମାକ୍ଷାନଗର ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିଶମ ବାହିନୀ ସହାୟତାରେ ମୃତଦେହକୁ ପୋଖରୀ ଭିତରୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା। ସବୁ ଦିଗକୁ ନେଇ ତଦନ୍ତ ଚାଲିଛି ଏବଂ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ପୁଲିସ କହିଛି।

### ତାରତମ୍ୟର ଶିକାର ମାଧ୍ୟମିକ ବିଦ୍ୟାଳୟ ଛାତ୍ରଛାତ୍ରୀ

# ପୋଷାକ, ମଧ୍ୟାହ୍ନଭୋଜନ, ସାଇକଲ୍ ଓ ବହିରୁ ବଞ୍ଚିତ

**ଭୁବନେଶ୍ୱର,୧୪ ।୧୧(ସମିସ):** ଅନୁଦାନଯୋଗ୍ୟ ବିଦ୍ୟାଳୟରେ ପଢୁଥିବା ଛାତ୍ରଛାତ୍ରୀମାନେ ବୈମାତୃକ ମନୋଭାବର ଶିକାର ହେଉଛନ୍ତି। ସରକାରୀ ବିଦ୍ୟାଳୟର ପିଲାମାନେ ବହି, ପୋଷାକ, ମଧ୍ୟାହ୍ନଭୋଜନ, ସାଇକେଲ ଆଦି ପାଉଥିବାବେଳେ ଅନୁଦାନଯୋଗ୍ୟ ବିଦ୍ୟାଳୟର ପିଲାମାନେ ତହିଁରୁ ବଞ୍ଚିତ ହେଉଛନ୍ତି। ସେହିପରି ଶିକ୍ଷକ, ଶିକ୍ଷୟିତ୍ରୀ ଓ ଶିକ୍ଷା କର୍ମଚାରୀମାନେ ମଧ୍ୟ ଅବହେଳିତ ଅବସ୍ଥାରେ ରହିଛନ୍ତି। ଏଣୁ ଶିକ୍ଷାକୁ ପ୍ରୋତ୍ସାହିତ କରି ଶୈକ୍ଷିକ ପରିବେଶ ସୃଷ୍ଟି କରିବା ପାଇଁ ସରକାରୀ ବିଦ୍ୟାଳୟ ପରି ସମାନ ସୁବିଧାସୁଯୋଗ ପ୍ରଦାନ କରିବାକୁ ଓଡ଼ିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ(ଓଷ୍ଟା) ପକ୍ଷରୁ ଦାବି କରାଯାଇଛି।

ସଂଘର ସାଧାରଣ ସଂପାଦକ ରଞ୍ଜନ କୁମାର ଦାଶ କହିଛନ୍ତି ଯେ ଅନୁଦାନଯୋଗ୍ୟ ବିଦ୍ୟାଳୟର ଓବିସି ଓ ଏସ୍‌ଇବିସି ଛାତ୍ରଛାତ୍ରୀଙ୍କୁ ଛାତ୍ରବୃତ୍ତି ମିଳୁନାହିଁ। ପାଠ ପଢ଼ିବା ପାଇଁ ବହି ମଧ୍ୟ ପାଉ ନାହାନ୍ତି। ଶିକ୍ଷକ ଓ କର୍ମଚାରୀ ବିନା ପାରିଶ୍ରମିକରେ ଶିକ୍ଷାଦାନ କରୁଛନ୍ତି। ଅଭାବ ଅନଟନ ସତ୍ତ୍ୱେ ୩୦ ବର୍ଷରୁ ଅଧିକ ସମୟ ଶିକ୍ଷାଦାନ କରୁଥିଲେ ମଧ୍ୟ ଟଙ୍କାଟିଏ ଅନୁଦାନ ମିଳୁନାହିଁ। ତନ୍ମଧ୍ୟରୁ ଅନେକଙ୍କ ମୃତ୍ୟୁ ହୋଇଥିବାବେଳେ ଆଉକିଛି ଶୂନ୍ୟ ହସ୍ତରେ ଅବସର ନେଉଛନ୍ତି। ତେଣୁ ଏହି ବର୍ଗର ବିଦ୍ୟାଳୟଗୁଡ଼ିକୁ ତୁରନ୍ତ ଅନୁଦାନ ପ୍ରଦାନ କରିବାକୁ ସେ ଦାବି କରିଛନ୍ତି। ସେହିପରି ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟରୁ ଅବସର ନେଇଥିବା ଓ ନେଉଥିବା କର୍ମଚାରୀଙ୍କ ଚାକିରି ସର୍ତ୍ତାବଳୀ କିମ୍ବା ଅବସରକାଳୀନ ସୁବିଧା ସୁଯୋଗ ପ୍ରଦାନ କରିବାର ବ୍ୟବସ୍ଥା ନ ଥିବାରୁ ଅବସର ପରଠାରୁ କୌଣସି ଅନୁଦାନ ପାଉ ନାହାନ୍ତି। ପୁଣି ନୂତନ ନିଯୁକ୍ତି ଦିଆଯାଉ ନଥିବାରୁ ବିଦ୍ୟାଳୟଗୁଡ଼ିକ ଶିକ୍ଷକ ଶୂନ୍ୟ ହେବାକୁ ବସିଲାଣି। ଅନୁରୂପ ଭାବେ ପୂର୍ଣ୍ଣଅନୁଦାନପ୍ରାପ୍ତ ବିଦ୍ୟାଳୟର ପ୍ରଧାନ ଶିକ୍ଷକଙ୍କୁ ଉଚିତ୍ ଦରମା ଦିଆଯାଉ ନାହିଁ। ଏଣୁ ମାଧ୍ୟମିକ ବିଦ୍ୟାଳୟ ମଧ୍ୟରେ ଥିବା ତାରତମ୍ୟ ଦୂର କରି ଶୈକ୍ଷିକ ପରିବେଶ ସୃଷ୍ଟି କରିବାକୁ ଶ୍ରୀ ଦାସ ଦାବି କରିଛନ୍ତି।

ଏହାସହ ଅନୁଦାନ ଯୋଗ୍ୟ ବିଦ୍ୟାଳୟକୁ ଅନୁଦାନ ପ୍ରଦାନ, ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟରୁ ଅବସର ନେଇଥିବା ବା ନେଉଥିବା କର୍ମଚାରୀଙ୍କୁ ଚାକିରି ସର୍ତ୍ତାବଳୀ ସହ ପେନସନ୍, ୨୦୦୪ରୁ ୨୦୧୩ ମଧ୍ୟରେ ନିଯୁକ୍ତ ଶିକ୍ଷକଙ୍କୁ ୬ଟି ନୋସନାଲ୍ ଇନକ୍ରିମେଣ୍ଟ, ପୁରାତନ ପେନସନ୍ ସ୍କିମ୍‌ର ପୁନଃ ପ୍ରଚଳନ, ଗ୍ରେଡ ପେ’ ଅସଙ୍ଗତି ଦୂରୀକରଣ ପରି ବିଭିନ୍ନ ସମସ୍ୟାକୁ ସମାଧାନ କରିବାକୁ ସଂଘର ସଭାପତି ଅକ୍ଷୟ କୁମାର ମିଶ୍ର ଦାବି କରିଛନ୍ତି। ଏକାଧିକ ଦାବି ପୂରଣ କରିବା ପାଇଁ ସରକାର ପ୍ରତିଶ୍ରୁତି ଦେଇଥିବାବେଳେ ସେସବୁକୁ ତୁରନ୍ତ କାର୍ଯ୍ୟକାରୀ କରିବାକୁ ସଂଘର କାର୍ଯ୍ୟକାରୀ ସଭାପତି ନୀଳମଣି ପୁରୋହିତ, ବ୍ରଜକିଶୋର ବିଶ୍ୱାଳ, ଅଶୋକ କୁମାର ମହାପାତ୍ର, ଶଙ୍କର କୁମାର ସୁବୁଦ୍ଧି ପ୍ରମୁଖ ଦାବି କରିଛନ୍ତି। ଅନ୍ୟଥା ଆନ୍ଦୋଳନକୁ ଓହ୍ଲାଇବେ ବୋଲି ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି।

# ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ‘ଲୋଗୋ’ ଉନ୍ମୋଚିତ

### ପ୍ରଥମ ପର୍ଯ୍ୟାୟରେ ୨୨୦୦ ବିଦ୍ୟାଳୟ ପାଇଁ ଖର୍ଚ୍ଚ ହେବ ପ୍ରାୟ ୧୨ ହଜାର କୋଟି

**ଭୁବନେଶ୍ୱର,୧୪ ।୧୧(ସମିସ):** ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ଯୋଜନାର ‘ଲୋଗୋ’କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଉନ୍ମୋଚନ କରିଛନ୍ତି। ଲୋକସେବା ଭବନରେ ଶୁକ୍ରବାର ଏହାକୁ ଉନ୍ମୋଚନ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଲୋଗୋର ମଧ୍ୟ ଭାଗରେ ଖୋଲା ପୁସ୍ତକ ସହ କଲମମୁନ ରହିଛି। ଖୋଲା ପୁସ୍ତକ ଶିକ୍ଷା ଏବଂ ବୌଦ୍ଧିକ ଶକ୍ତିର ଜାଗରଣକୁ ବୁଝାଉଥିବା ବେଳେ କଲମମୁନ ସୃଜନଶୀଳତା ଓ ପ୍ରକାଶନକୁ ପ୍ରତିଫଳିତ କରୁଛି। କଲମମୁନର ଉପରି ଭାଗରେ ଜଳୁଥିବା ମଶାଲ, ଜ୍ଞାନ ଓ ସତ୍ୟର ପ୍ରତୀକ ସଦୃଶ। ଏହା ଅଜ୍ଞାନତା ଦୂର କରି ପ୍ରଗତିକୁ ପ୍ରୋତ୍ସାହିତ କରିଥାଏ।



ଓଡ଼ିଆ ସଂସ୍କୃତିକୁ ବହନ କରୁଥିବା ଏହି ଲୋଗୋ ଶିକ୍ଷାର ମହତ୍ୱ ଓ ଭୂମିକାକୁ ପ୍ରତିଫଳିତ କରୁଛି ଏବଂ ଛାତ୍ରଛାତ୍ରୀଙ୍କ ସ୍ୱପ୍ନକୁ ଜାଗରିତ କରିବ। ମଶାଲ ଚାରିପାଖରେ ବିଚ୍ଛୁରିତ କିରଣ ନୈତିକ ଆଲୋକର ପ୍ରତୀକ। ସେହିପରି ବୃତ୍ତାକାର ରୂପ ଏକତା, ଅନ୍ତର୍ଭୁକ୍ତୀ ଏବଂ ସମନ୍ୱୟକୁ ପ୍ରତିଫଳିତ କରୁଥିବା ବେଳେ ତିନୋଟି ତାରା ଯଥାକ୍ରମେ ଜ୍ଞାନ, ଚରିତ୍ର ଓ ସେବାକୁ ପ୍ରତିନିଧିତ୍ୱ କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି ଯେ ଏହି ଯୋଜନାରେ ଛାତ୍ରଛାତ୍ରୀଙ୍କୁ ସାମାଜିକ ଏବଂ ଶୈକ୍ଷିକ କ୍ଷେତ୍ରରେ ସଶକ୍ତ କରିବ। ଏହା କେବଳ ଏକ ଶିକ୍ଷା ସଂସ୍କାର ଯୋଜନା ନୁହେଁ, ବରଂ ଏକ ସଂକଳ୍ପ ବୋଲି ସେ କହିଛନ୍ତି। ଏହି ଯୋଜନାରେ ପ୍ରଥମ ପର୍ଯ୍ୟାୟରେ ୨୨୦୦ ବିଦ୍ୟାଳୟକୁ ସୁଦୃଢ଼ କରାଯିବ। ଏଥିପାଇଁ ପ୍ରାୟ ୧୨ହଜାର କୋଟି ଟଙ୍କା ଖର୍ଚ୍ଚ ହେବ। ଆଗାମୀ ଚାରି ବର୍ଷ ଅର୍ଥାତ୍ ୨୦୨୫-୨୬ରୁ ୨୦୨୮-୨୯ ଆର୍ଥିକ ବର୍ଷ ମଧ୍ୟରେ ଏହି ଅର୍ଥ ଖର୍ଚ୍ଚ କରାଯିବ। ପ୍ରତି ପଞ୍ଚାୟତରେ ଗୋଟିଏ ଲେଖାଏଁ ବିଦ୍ୟାଳୟ ହେବାକୁ ଥିବା ବେଳେ ଅନ୍ୟୂନ ୫ଏକର ସରକାରୀ ଜମି ସହ ଗମନାଗମନ ସୁବିଧା ଥିବା ସ୍ଥାନକୁ ପ୍ରାଥମିକତା ଦିଆଯିବ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ସଚିବ ଶାଶ୍ୱତ ମିଶ୍ର, ଗଣଶିକ୍ଷା ବିଭାଗର ସଚିବ ଡ. ଏନ୍ ତିରୁମାଲା ନାଏକ, ଓସେପା ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକା ଅନନ୍ୟା ଦାସ, ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ ବାଳ ମୁକୁନ୍ଦ ଭୂୟାଁ ପ୍ରମୁଖ ଉପସ୍ଥିତ ଥିଲେ।

# ରାଜ୍ୟପାଳଙ୍କ ଦ୍ୱାରା ‘ରୁଚି’ ଉଦ୍ୟୋଗ ସମ୍ମାନିତ

**କଟକ,୧୪।୧୧(ସମିସ):** ଐତିହାସିକ କଟକ ବାଲିଯାତ୍ରାର ଆୟୋଜନରେ ସଫଳ ରୂପାୟନ ଓ ସହଭାଗିତା ପାଇଁ ଏହାର ଅନ୍ୟତମ ମୁଖ୍ୟ ପୃଷ୍ଠପୋଷକ ‘ରୁଚି’ ମସଲା ଉଦ୍ୟୋଗକୁ କଟକ ଜିଲ୍ଲା ପ୍ରଶାସନ ତଥା ଜିଲ୍ଲା ସଂସ୍କୃତି ପରିଷଦ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି । ଓଡ଼ିଶାର ରାଜ୍ୟପାଳ ଡ. ହରିବାବୁ କମ୍ବମପାଟି କଟକ ବାଲିଯାତ୍ରା ଉତ୍ସବରେ ମୁଖ୍ୟଅତିଥି ଭାବେ ଯୋଗଦେଇ ‘ରୁଚି’ ଫୁଡ୍‌ଲାଇନକୁ ସମ୍ମାନିତ କରିଥିଲେ। କଟକ ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ ପୁରସ୍କାର ପ୍ରଦାନ ମଞ୍ଚରେ ରାଜ୍ୟର ଏହି ପ୍ରମୁଖ ରୁଚି ଶିଳ୍ପୋଦ୍ୟୋଗ ଏବଂ ଏହାର ପ୍ରତିଷ୍ଠାତା ବିଶିଷ୍ଟ ଉଦ୍ୟୋଗୀ ସ୍ୱର୍ଗତଃ ଡ. ଶରତ କୁମାର ସାହୁଙ୍କ ସଂପର୍କରେ ରାଜ୍ୟପାଳଙ୍କୁ ଅବଗତ କରାଇଥିଲେ। ‘ରୁଚି’ ଅନୁଷ୍ଠାନ ପକ୍ଷରୁ ଏହାର ଲୋକସଂପର୍କ ବିଭାଗ ମୁଖ୍ୟ ଶୁଭେନ୍ଦୁ କୁମାର ଭୂୟାଁ ରାଜ୍ୟପାଳଙ୍କ ଠାରୁ ଅଙ୍ଗବସ୍ତ୍ର ଓ ସମ୍ମାନଫଳକ ଗ୍ରହଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିଳ୍ପମନ୍ତ୍ରୀ ସଂପଦ ଚନ୍ଦ୍ର ସ୍ୱାଇଁ ଅତିଥିଭାବେ ଯୋଗଦେଇଥିଲେ।



# ପୁରୀକୁ ବିପଦ ବେଆଇନ ଲଜ୍, ହୋମ୍ ଷ୍ଟେ’

**ପୁରୀ,୧୪।୧୧(ସମିସ):** ଦିଲ୍ଲୀରେ ଆତଙ୍କବାଦୀ ବିସ୍ଫୋରଣ ପରେ ସାରା ଦେଶରେ ହାଇ-ଆଲର୍ଟ। ପୁରୀକୁ ପ୍ରତିଦିନ ଦେଶ ବିଦେଶରୁ ହଜାର ହଜାର ଭକ୍ତ ପର୍ଯ୍ୟଟକ ଆସୁଥିବାରୁ ଶ୍ରୀମନ୍ଦିର ସମେତ ଜିଲ୍ଲାରେ ସୁରକ୍ଷା ବ୍ୟବସ୍ଥାକୁ ଅଧିକ କଡ଼ାକଡ଼ି କରାଯାଇଛି। ହେଲେ ସୁରକ୍ଷାକୁ ନେଇ ଏକ ଗୁରୁତ୍ୱପୂର୍ଣ୍ଣ କଥା ଏବେ ସାମ୍ନାକୁ ଆସିଛି। ବର୍ତ୍ତମାନ ସ୍ଥିତିରେ ଶ୍ରୀମନ୍ଦିର ଓ ପୁରୀ ସହର ପାଇଁ ବଡ଼ ବିପଦ ସାଜିଛି ବେଆଇନ ଲଜିଂ। ସବୁଆଡ଼େ ଛତୁ ଫୁଟିଲା ଭଳି ଖୋଲିଛି ବେଆଇନ ଲଜିଂ, ହୋମ୍ ଷ୍ଟେ। ଏହି ଲଜିଂ ତଥା ହୋମ୍‌ଷ୍ଟେଗୁଡ଼ିକ ମଧ୍ୟରୁ ଅଧିକାଂଶର ପୁରୀ ପୌରପାଳିକା ପ୍ରଦାନ କରୁଥିବା ଟ୍ରେଡ୍ ଲାଇସେନ୍ସ ନାହିଁ। ଗୁଣ୍ଡିଚା ମନ୍ଦିର ଓ ଶ୍ରୀମନ୍ଦିର ଚତୁଃପାର୍ଶ୍ୱରେ ନିଜେ ରହୁଥିବା ଘରେ ବି କିଛି ଲୋକ ଯାତ୍ରୀଙ୍କୁ ରଖି ଟଙ୍କା ଆଦାୟରେ ଲାଗିଛନ୍ତି।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ରହୁଥିବା ଯାତ୍ରୀଙ୍କଠାରୁ କୌଣସି ପରିଚୟପତ୍ର ରଖାଯାଉନାହିଁ। କେଉଁ ଯାତ୍ରୀ କେଉଁ ସ୍ଥାନରୁ ଆସିଛନ୍ତି, କୌଣସି ସୂଚନା ରହୁନାହିଁ, ଯାହାକି ପୁରୀ ସହର ପାଇଁ ବଡ଼ ବିପଦ ସୃଷ୍ଟି କରୁଥିବା ଅଭିଯୋଗ ହେଉଛି। କମ୍ ସମୟରେ ଆଉ ସହଜରେ କିପରି ଅର୍ଥ ରୋଜଗାର କରିହେବ କିଛି ଲୋକ ଏବେ ଏହିଭଳି ବେଆଇନ ଲଜିଂକୁ ଭରସା କରିଛନ୍ତି। ନିଜ ଘରକୁ ହୋମ୍ ଷ୍ଟେ’ ବ୍ୟବସାୟରେ ଲଗାଇ ଭଲ ରୋଜଗାର କରୁଛନ୍ତି, କିନ୍ତୁ ଆଉ କୌଣସି ଗାଇଡ୍‌ଲାଇନ୍ ପାଳନ କରୁନାହାନ୍ତି। ଯାତ୍ରୀଙ୍କୁ ରଖିବା ଲାଗି ଯେଉଁ ସୁରକ୍ଷା ବ୍ୟବସ୍ଥା ରହିବା କଥା ତାହା ଆଦୌ ନାହିଁ, ଯାହାକି ସହର ପାଇଁ ବିପଦ ସୃଷ୍ଟି କରୁଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଯଦି କେହି ଦୁର୍ବୃତ୍ତ ଏହି ବେଆଇନ ଲଜ୍‌ରେ ରହି କିଛି ଅଘଟଣ ପାଇଁ ଷଡ଼ଯନ୍ତ୍ର କରେ ତେବେ ସେ ସଫଳ ହେବେ ଏଥିରେ ସନ୍ଦେହ ନାହିଁ।

### ପ୍ରଶାସନ ପାଖରେ ରହୁନି ଯାତ୍ରୀଙ୍କ ତଥ୍ୟ



ପୁରୀ ସହର ଛୋଟବଡ଼ ହୋଟେଲ, ଗେଷ୍ଟହାଉସ୍, ଲଜିଂ, ଧର୍ମଶାଳାକୁ ହିସାବକୁ ନେଲେ ଏହି ସଂଖ୍ୟା ପ୍ରାୟ ୧୨୦୦ରୁ ଅଧିକ ହେବ। ପ୍ରତିଦିନ ହଜାର ହଜାର ପର୍ଯ୍ୟଟକ, ଶ୍ରଦ୍ଧାଳୁ ଏଠାରେ ରୁହନ୍ତି। ତେବେ ଯାତ୍ରୀଙ୍କୁ ରଖିବାକୁ ହେଲେ ପୁରୀ ପୌରପାଳିକାଠାରୁ ଟ୍ରେଡ୍ ଲାଇସେନ୍ସ ଓ ପଞ୍ଜୀକରଣ ବାଧ୍ୟତାମୂଳକ। ପର୍ଯ୍ୟଟକଙ୍କ ସୁରକ୍ଷା ପାଇଁ ଫାୟାର ସେଫ୍ଟି, ପାର୍କିଂ ବ୍ୟବସ୍ଥା ରହିବା ଜରୁରୀ। ଯେଉଁ ଯାତ୍ରୀମାନେ ରହିବେ, ସେମାନଙ୍କ ସଠିକ୍ ବୈଧ ପରିଚୟପତ୍ର ରଖିବା ଓ ରେଜିଷ୍ଟରରେ ନାମଲେଖା ସହ ଯିବାଆସିବା ସମୟ ଲେଖିବା ବାଧ୍ୟତାମୂଳକ। କୌଣସି ବିଦେଶୀ ବ୍ୟକ୍ତି କିମ୍ବା ସନ୍ଦିଗ୍ଧ ବ୍ୟକ୍ତି ଆସିଲେ ତୁରନ୍ତ ସ୍ଥାନୀୟ ପୁଲିସକୁ ଖବର ଦେବାର ନିୟମ ରହିଛି। ନିୟମ ଉଲ୍ଲଂଘନ କଲେ ଲାଇସେନ୍ସ ବାତିଲ୍ ସହ ଜରିମାନା ଓ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ମଧ୍ୟ ରହିଛି। ହେଲେ ଏହାକୁ ଭ୍ରୂକ୍ଷେପ ନ କରି କେତେକ ବ୍ୟକ୍ତି ନିଜର ଆବାସିକ ଘରକୁ ବେଆଇନ ଭାବେ ବିନା ପଞ୍ଜୀକରଣରେ ହୋମ୍ ଷ୍ଟେ ତଥା ଲଜ୍‌ରେ ପରିଣତ କରି ବେପାର ଚଳାଇଛନ୍ତି। ପଞ୍ଜୀକରଣ କରି ନ ଥିବା ହେତୁ ଏଠାରେ କେଉଁ ବ୍ୟକ୍ତି ଆସି ରହିଛନ୍ତି, ସେନେଇ ପୁଲିସ କିମ୍ବା ପ୍ରଶାସନ ନିକଟରେ ସୂଚନା ରହୁନାହିଁ। ଏହାକୁ ନେଇ ବୁଦ୍ଧିଜୀବୀ ଉଦ୍‌ବେଗ ପ୍ରକାଶ କରିଛନ୍ତି। ଏହି ବେଆଇନ କାର୍ଯ୍ୟକୁ ରୋକାନଗଲେ ଆଗାମୀ ଦିନରେ ଏହା ସୁରକ୍ଷା ବ୍ୟବସ୍ଥାକୁ ବଡ଼ ବିପଦ ହେବ ବୋଲି ପୁଲିସକୁ ବୁଦ୍ଧିଜୀବୀ ସତର୍କ କରାଇଛନ୍ତି।

ବିଶେଷକରି ଶ୍ରୀମନ୍ଦିର ଓ ଗୁଣ୍ଡିଚା ମନ୍ଦିର ଚତୁଃପାର୍ଶ୍ୱରେ ଏଭଳି ମାଳମାଳ ବେଆଇନ ଲଜିଂ, ହେମ୍ ଷ୍ଟେ ଖୋଲିଛି। ଗୁଣ୍ଡିଚା ମନ୍ଦିରକୁ ଲାଗି ରହିଥିବା ଘରଗୁଡ଼ିକ ରାତାରାତି ହୋମ୍ ଷ୍ଟେ ତଥା ଲଜ୍‌ରେ ପରିଣତ କରି ବେପାର ଚଳାଇଛନ୍ତି। ଏଠାରେ ଯେଉଁମାନେ ରହୁଛନ୍ତି ସେମାନଙ୍କ ସମ୍ପର୍କରେ କୌଣସି ତଥ୍ୟ ପ୍ରଶାସନ ପାଖରେ ରହୁନାହିଁ। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଯାତ୍ରୀ ଭାବେ ପରିଚୟ ଦେଇ ଏଠାରେ ଅନ୍ୟ କେହି ବି ରହି କୌଣସି ବଡ଼ଧରଣର ଅଘଟଣ ଘଟାଇପାରେ। ତେଣୁ ଏସବୁ ଦିଗ ପ୍ରତି ପ୍ରଶାସନ ଧ୍ୟାନ ଦେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି। ପୂର୍ବ ସରକାର ସମୟରେ ଗୁଣ୍ଡିଚା ମନ୍ଦିର ଚତୁଃପାର୍ଶ୍ୱର କିଛି ଅଞ୍ଚଳ ଉଚ୍ଛେଦ ପାଇଁ ନିଷ୍ପତ୍ତି ନିଆଯାଇଥିଲା। ହେଲେ ଏହି ନିଷ୍ପତ୍ତି ଏବେ ଫାଇଲ୍ ତଳେ ଚାପି ହୋଇରହିଛି।

**ବିଭିନ୍ନ ସ୍ଥାନରେ ଶିଶୁ ଦିବସ**

# ‘ଦୃଢ଼ମନା ହୋଇ କାର୍ଯ୍ୟ କଲେ ଲକ୍ଷ୍ୟ ହାସଲ ସରଳ ହୋଇଥାଏ’




ଅନୁଗୋଳ,୧୪।୧୧(ସମିସ): ରୋଟାରୀ ପବ୍ଲିକ ସ୍କୁଲରେ ଶିଶୁ ଦିବସ ପାଳିତ ହୋଇଯାଇଛି । ମୁଖ୍ୟ ଅତିଥି ଭାବେ ଯୋଗଦେଇ ଚଳିତ ବର୍ଷର ଓଏଏସ୍ ଟପ୍ପର ପ୍ରିୟାଂଶୁ ପାଲ ନିଜର ବକ୍ତବ୍ୟ ମାଧ୍ୟମରେ ଛାତ୍ରଛାତ୍ରୀଙ୍କୁ ନେହେରୁଙ୍କ ଆଦର୍ଶରେ ଅନୁପ୍ରାଣିତ ହେବା ସହ ଦୃଢ଼ ମନା ହୋଇ କାର୍ଯ୍ୟ କଲେ ଲକ୍ଷ୍ୟ ହାସଲ ସରଳ ଏବଂ ସହଜ ବୋଲି ମତ ଦେଇଥିଲେ । ବିଦ୍ୟାଳୟର ଅଧ୍ୟକ୍ଷ ଡ.ଅଶୋକ କୁମାର ବେହେରା, ଉପାଧ୍ୟକ୍ଷ ଡ. ମନୋରଞ୍ଜନ ପଣ୍ଡା ଏବଂ ପ୍ରଧାନ ଶିକ୍ଷୟିତ୍ରୀ କଳ୍ପଲତା ଦାଶ ଶିଶୁ ଦିବସର ମହତ୍ତ୍ୱ, ଛାତ୍ରଛାତ୍ରୀଙ୍କ ପ୍ରତିଭା ବିକାଶ ଦିଗରେ ସଚେତନତା ଓ ଦାୟିତ୍ୱବୋଧ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ । ଏହି ଅବସରରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ନୃତ୍ୟ, ସଂଗୀତ, ଅଭିନୟ ଓ ପାଲା ପରିବେଷଣ କରାଯାଇଥିଲା । ଶେଷରେ ବିଭିନ୍ନ ବିଭାଗର ପ୍ରତିଯୋଗିତାରେ ଅଂଶ ଗ୍ରହଣ କରି ସଫଳତା ଅର୍ଜନ କରିଥିବା ପ୍ରତିଯୋଗୀ ଛାତ୍ରଛାତ୍ରୀଙ୍କୁ ବିଦ୍ୟାଳୟ ତରଫରୁ ପୁରସ୍କାର ପ୍ରଦାନ କରାଯାଇଥିଲା । ବିଦ୍ୟାଳୟ ଇଣ୍ଟରଆକ୍ଟ କ୍ଲବ ତରଫରୁ ଛାତ୍ରଛାତ୍ରୀଙ୍କ ଦ୍ୱାରା ଆୟୋଜିତ ଆନନ୍ଦବଜାର ଓ ଖାଦ୍ୟ ମେଳା ମୁଖ୍ୟ ଅତିଥିଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇଥିଲା । ବିଦ୍ୟାଳୟର ଅଧ୍ୟକ୍ଷ, ଉପାଧ୍ୟକ୍ଷ ଓ ପ୍ରଧାନ ଶିକ୍ଷୟିତ୍ରୀଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ପରିଚାଳନା କମିଟି ଅଧ୍ୟକ୍ଷ ନିର୍ମଳ କୁମାର ମିଶ୍ରଙ୍କ ସମେତ ନିଖିଲ ରଞ୍ଜନ ମିଶ୍ର, ସଇଲେନ୍ ମିଶ୍ର, ସରୋଜ ସାହୁ, ସୁଜିତ୍ ସାହୁ, ଅଭିଷେକ ପଟ୍ଟନାୟକ ପ୍ରମୁଖ ଯୋଗ ଦେଇଥିଲେ । ଏହି ସାଂସ୍କୃତିକ ଉତ୍ସବକୁ ଛାତ୍ରଛାତ୍ରୀ, ଅଭିଭାବକ ଏବଂ ଶିକ୍ଷକ ଉପଭୋଗ କରିଥିଲେ ।

## ଜିଲ୍ଲା ଆଇନସେବା ପ୍ରାଧିକରଣ



ଅନୁଗୋଳ,୧୪।୧୧(ସମିସ): ଜିଲ୍ଲା ଆଇନସେବା ପ୍ରାଧିକରଣ, ଅନୁଗୋଳ ପକ୍ଷରୁ ସ୍ଥାନୀୟ କୁମଣ୍ଡ ଜରସିଂଗା ଉଚ୍ଚ ବିଦ୍ୟାଳୟଠାରେ ଶିଶୁ ଦିବସ ପାଳିତ ହୋଇଯାଇଛି । ଏହା ସହିତ ନାଗରିକମାନଙ୍କର ମୌଳିକ କର୍ତ୍ତବ୍ୟ, ଛାତ୍ରଛାତ୍ରୀମାନଙ୍କୁ ଯୌନ ଅପରାଧରୁ ସୁରକ୍ଷା ଆଇନ ଓ କିଶୋର ନ୍ୟାୟ ଆଇନ ସମ୍ପର୍କରେ ଏକ ଆଇନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ ସଚିବ, ଜିଲ୍ଲା ଆଇନସେବା ପ୍ରାଧିକରଣ, ଅନୁଗୋଳ କମଳାକାନ୍ତ ନାୟକ, ଶିଶୁ ମଙ୍ଗଳ କମିଟିର ସଦସ୍ୟ କଲ୍ୟାଣ କିଶୋର ମହାନ୍ତି, ଡି.ଏସ୍.ପି, ଅନୁଗୋଳ ଲଳିତା ଲାକ୍ରା, ବିଦ୍ୟାଳୟର ପ୍ରଧାନଶିକ୍ଷକ ନିହାର ରଞ୍ଜନ ପ୍ରଧାନ, ସାକ୍ଷରତା କ୍ଲବ୍‌ର ଦାୟିତ୍ୱରେ ଥିବା ଶିକ୍ଷକ ସରୋଜ କୁମାର ଦେହୁରୀ ପ୍ରମୁଖ ଉପସ୍ଥିତ ଥିଲେ । ଉପସ୍ଥିତ ଅତିଥିମାନେ ଛାତ୍ରଛାତ୍ରୀଙ୍କୁ ଶିଶୁଦିବସର ମହତ୍ତ୍ୱ ସମ୍ପର୍କରେ କହିଥିଲେ । କାର୍ଯ୍ୟକ୍ରମକୁ ଜିଲ୍ଲା ଆଇନସେବା ପ୍ରାଧିକରଣର ସଚିବ କମଳାକାନ୍ତ ନାୟକ ପରିଚାଳନା କରିଥିଲେ । ଶିକ୍ଷକ ପ୍ରଶାନ୍ତ କୁମାର କାଞ୍ଜିଆ ଧନ୍ୟବାଦ ଅର୍ପଣ କରିଥିଲେ ।

## ବଣ୍ଡଁରପାଳ



ବଣ୍ଡଁରପାଳ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଶିଶୁ ଦିବସ ପାଳିତ ହୋଇଯାଇଛି । ମୁଖ୍ୟ ଅତିଥି ଭାବେ ଗୋତମରା ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ପ୍ରମୋଦ କୁମାର ଧିର ଓ ସମ୍ମାନିତ ଅତିଥିଭାବେ ଗୋତମରା ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ପୁରନ୍ଦର ବିଶ୍ୱାଳ ଯୋଗଦାନ କରି ଶିଶୁମାନଙ୍କୁ ମାର୍ଗଦର୍ଶନ କରିଥିଲେ । ପ୍ରଧାନ ଆଚାର୍ଯ୍ୟ ଧର୍ମାନନ୍ଦ ସାହୁ ଅତିଥିମାନଙ୍କ ପରିଚୟ ପ୍ରଦାନ କରିବା ସହିତ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ । ଏହି ଅବସରରେ ବିଦ୍ୟାଳୟର ପଚିଶି ଜଣିଆ ଘୋଷ ବାଦକଙ୍କୁ ନେଇ ଘୋଷ ସଞ୍ଚାଳନ କାର୍ଯ୍ୟକ୍ରମ କରାଯାଇଥିଲା । ବିଦ୍ୟାଳୟର ବରିଷ୍ଠ ଆଚାର୍ଯ୍ୟ ତନ୍ମୟ କୁମାର ନାଥ ଧନ୍ୟବାଦ ଅର୍ପଣ କରିଥିଲେ ।

## କିଶୋରନଗର



ଆଠମଲ୍ଲିକ ଉପଖଣ୍ଡ ତେନ୍ତୁଳିପଥରସ୍ଥିତ ରାମକୃଷ୍ଣ ଶିକ୍ଷାନୁଷ୍ଠାନରେ ଶିଶୁଦିବସ ପାଳିତ ହୋଇଯାଇଛି । ଏହି ଦିବସରେ ମହାପୁରୁଷ ଜବାହରଲାଲ ନେହେରୁଙ୍କ ଫଟୋ ଚିତ୍ରରେ ଛାତ୍ରଛାତ୍ରୀ ଓ ଶିକ୍ଷକ ଶିକ୍ଷୟିତ୍ରୀ ଧୂପ ଦୀପ ପୁଷ୍ପମାଲ୍ୟ ଅର୍ପଣ କରି ସଭା କାର୍ଯ୍ୟ କରିଥିଲେ । ପରେ ଶିଶୁଦିବସ ସମ୍ପର୍କରେ ଆଲୋଚନା କରିଥିଲେ । ଏଥିରେ ରାମକୃଷ୍ଣ ଶିକ୍ଷାନୁଷ୍ଠାନର ଅଧ୍ୟକ୍ଷ ଗୋବିନ୍ଦ ଚନ୍ଦ୍ର ନାୟକଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥିଭାବେ ବିଜ୍ଞାନ ବିଭାଗର ଅଧ୍ୟାପକ ବାଲ୍ମିକୀ ମୁଖି ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ । ସେହିପରି ଅଧ୍ୟାପକ ପପୁନ ସାହୁ, ସତ୍ୟଜିତ ସାହୁ ଯୋଗ ଦେଇଥିଲେ । ଅନୁଷ୍ଠାନର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ ।

## ମହେନ୍ଦ୍ର ଉଚ୍ଚ ବିଦ୍ୟାଳୟ



କିଶୋରନଗର: ବିଶ୍ୱ ଯୁବ କେନ୍ଦ୍ର ଦ୍ୱାରା ପରିଚାଳିତ ଆକ୍ସେସ ଟୁ ଜଷ୍ଟିସ୍ ଓ ଓଡ଼ିଶା ବନ୍ୟାଞ୍ଚଳ ଉନ୍ନୟନ ପ୍ରକଳ୍ପ (ପର୍ଯ୍ୟାୟ-୨)ର ମିଳିତ ଉଦ୍ୟମରେ ମହେନ୍ଦ୍ର ଉଚ୍ଚ ବିଦ୍ୟାଳୟ, ଆଠମଲ୍ଲିକ ଠାରେ ଶିଶୁ ଦିବସ ପାଳିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଆଠମଲ୍ଲିକ ବ୍ଲକ୍‌ର ୯ଟି ବିଦ୍ୟାଳୟର ୮୦ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ । ଏହି ଅବସରରେ ବକ୍ତୃତା, କୁଇଜ୍ ଓ ସୃଜନାତ୍ମକ ଲିଖନ ପ୍ରତିଯୋଗିତା କରାଯାଇଥିଲା । କାର୍ଯ୍ୟକ୍ରମର ଦ୍ୱିତୀୟ ପର୍ଯ୍ୟାୟରେ ମୁଖ୍ୟ ଅତିଥି ଭାବେ ବନାଞ୍ଚଳ ଅଧିକାରୀ, ସୁନୀଲ କୁମାର ସାହୁ, ବିଶ୍ୱ ଯୁବ କେନ୍ଦ୍ର ର ସଭାପତି ବସନ୍ତ କୁମାର ପ୍ରଧାନ, ସଦସ୍ୟ ସମ୍ପାଦକ, ମନୋଜ କୁମାର ମହାପାତ୍ର, ସହ ସମ୍ପାଦକ ଖିରେନ୍ଦ୍ର ମୋହନ ଦେହୁରୀ ଏବଂ କୁଟେଶ୍ୱର, ବରଗାଁ, ଶିଶୁ ବିଦ୍ୟା ମନ୍ଦିର, ମହିନ୍ଦ୍ର ଉଚ୍ଚ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ । କୃତୀ ପ୍ରତଯୋଗୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା । ପଞ୍ଚାୟତି ରାଜ ଉଚ୍ଚ ବିଦ୍ୟାଳୟ, କୁଟେଶ୍ୱର ପକ୍ଷରୁ ନୃତ୍ୟ ପରିବେଷଣ କରାଯାଇଥିଲା । ସୃଜନାତ୍ମକ ଲିଖନ ପ୍ରତିଯୋଗିତାରେ ବର ଗାଁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଥମ, ମହେନ୍ଦ୍ର ଉଚ୍ଚ ବିଦ୍ୟାଳୟ ଦ୍ୱିତୀୟ ଓ କୁଟେଶ୍ୱର ପଞ୍ଚାୟତିରାଜ ଉଚ୍ଚ ବିଦ୍ୟାଳୟ ତୃତୀୟ ସ୍ଥାନ ଅଧିକାର କରିଥିଲେ ।

## ପଣ୍ଡିତ ନେହରୁଙ୍କ ସ୍ମୃତିଚାରଣ



କିଶୋରନଗର: କିଶୋରନଗର ସ୍ନାତକ ମହାବିଦ୍ୟାଳୟରେ ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଜନ୍ମଜୟନ୍ତୀ ଅବସରରେ ଏକ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଯାଇଛି । ଏଥିରେ ଶିଶୁଦିବସ ପାଳନର ମହତ୍ତ୍ୱ ସମ୍ପର୍କରେ ଆଲୋଚନା କରାଯାଇଥିଲା । ଅଧ୍ୟକ୍ଷ ଅକ୍ଷୟ କୁମାର ଦାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଆଲୋଚନା ଚକ୍ରରେ ଷ୍ଟେଟବ୍ୟାଙ୍କର ଶାଖା ପରିଚାଳକ ଅଜୟ କୁମାର ମହାରଣା, ଅଧ୍ୟାପକ ଜୟକୃଷ୍ଣ ପ୍ରଧାନ, ଅଧ୍ୟାପିକା ବୀଣାପାଣି ସାହୁ, ରୋଜାଲିନ ପ୍ରଧାନ ପ୍ରମୁଖ ଯୋଗଦେଇ ନେହେରୁଙ୍କ ଅବଦାନ ସମ୍ପର୍କରେ ଆଲୋଚନା କରିଥିଲେ । ଲିପ୍ସା ପ୍ରଧାନ ସ୍ୱାଗତ ସଂଗୀତ ଗାନ କରିଥିଲାବେଳେ ଦେବେନ୍ଦ୍ର ପାଣ୍ଡେ, ଶୀତେନ ପ୍ରଧାନ, ଜିତେନ୍ଦ୍ର ସେଠୀ, ତୃପ୍ତିମୟୀ ପ୍ରଧାନ, ନେହେରୁଙ୍କ ବିଭିନ୍ନ ଅବଦାନ ସମ୍ପର୍କରେ ସୂଚନା ଦେଇଥିଲେ । ଅଧ୍ୟାପକ ତରଣୀସେନ ସାହୁ ସଭା ସଂଯୋଜନା କରିଥିଲେ ।

## ଆଠମଲ୍ଲିକ ଆଇନସେବା କମିଟି



ଆଠମଲ୍ଲିକ ତାଲୁକ ଆଇନସେବା କମିଟି ପକ୍ଷରୁ ସ୍ଥାନୀୟ ବାଳିକା ଉଚ୍ଚ ବିଦ୍ୟାଳୟ ଠାରେ "ଶିଶୁଦିବସ' ପାଳିତ ହୋଇଯାଇଛି । ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଚିଦାନନ୍ଦ ସେଠୀଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଆଠମଲ୍ଲିକ ସିଭିଲ କୋର୍ଟର ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ତଥା ତାଲୁକ ଆଇନସେବା କମିଟି ଅଧ୍ୟକ୍ଷ ରଞ୍ଜନ କୁମାର ସୂତାର, ସମ୍ମାନିତ ଅତିଥି ଭାବେ ଏସ୍‌ଡିଜେଏମ୍ ସିଙ୍କୁନ ରାୟ ଓ ଓକିଲସଂଘ ସଭାପତି ସୁଶାନ୍ତ କୁମାର ମହାପାତ୍ର ଯୋଗ ଦେଇଥିଲେ । ବିଦ୍ୟାର୍ଥୀମାନେ ଉତ୍ତମ ଶିକ୍ଷାଲାଭ କରି କିପରି ଭଲ ମଣିଷ ହୋଇ ନିଜକୁ ପ୍ରତିଷ୍ଠିତ କରିପାରିବେ ସେ ନେଇ ମୁଖ୍ୟଅତିଥି ଉପଦେଶ ଦେଇଥିଲେ । ଅନ୍ୟମାନଙ୍କ ମଧ୍ୟରେ ବିଦ୍ୟାଳୟର ଶିକ୍ଷକ ଓ ଶିକ୍ଷୟିତ୍ରୀ, ତାଲୁକ ଆଇନସେବା କମିଟି ପକ୍ଷରୁ ସହାୟକ ଭାବେ ଅମିତ କୁମାର ନାୟକ, ସିଦ୍ଧାର୍ଥ କୁମାର ମହାନ୍ତି ଓ ଗୋବିନ୍ଦ ମାର୍ଣ୍ଡି ଉପସ୍ଥିତ ଥିଲେ ।

## ରଙ୍ଗଭରୋ ପ୍ରତିଯୋଗିତା




ଅନୁଗୋଳ,୧୪।୧୧(ସମିସ): ସ୍ଥାନୀୟ ବଚପନ୍ ସ୍କୁଲ ପରିସରରେ ରୋଟାରୀ କ୍ଲବ୍ ଅନୁଗୋଳ ରୟାଲ ପକ୍ଷରୁ ଶିଶୁ ଦିବସ ଅବସରରେ ଏକ ରଙ୍ଗଭରୋ ପ୍ରତିଯୋଗିତା ଆୟୋଜିତ ହୋଇଥିଲା । ଏହି ପ୍ରତିଯୋଗିତାରେ ୫୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଭାଗ ନେଇଥିଲେ । ପ୍ରତିଯୋଗିତାର କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା । ଏହି ସମାରୋହରେ କ୍ଲବ୍‌ର ସଭାପତି ଡା. କୁମାର ସୌମ୍ୟକାନ୍ତ ବିଶୋଇ, ସମ୍ପାଦକ ରୋଟାରିଆନ ନିହାର ରଞ୍ଜନ ପ୍ରସାଦଙ୍କ ସମେତ ରୋଟାରିଆନ ଆରତୀ ସରଳିଆ ରୋଟାରିଆନ ପୂଜା ମୋଦୀ, ରୋଟାରୀଆନ ମମତା ଚୌଧୁରୀ ପ୍ରମୁଖ ଯୋଗ ଦେଇଥିଲେ । ସ୍କୁଲ ପକ୍ଷରୁ ନିଝାର ଅଲିଦା ମାନି ପ୍ରତିଯୋଗିତା ପରିଚାଳନା କରିଥିଲେ ।

## ୬୭ ୟୁନିଟ୍ ରକ୍ତ ସଂଗ୍ରହ



ଅନୁଗୋଳ,୧୪।୧୧(ସମିସ): ଛେଣ୍ଡିପଦା ତୁକୁଡ଼ା ହାଟପଦାସ୍ଥିତ ଅନୁଗୋଳ ଶୋଭନୀୟ ଶିକ୍ଷାଶ୍ରମ ଆନୁକୂଲ୍ୟରେ ଏକ ସ୍ୱେଚ୍ଛାକୃତ ମେଗା "ରକ୍ତଦାନ ଶିବିର’ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଡାକ୍ତର ସତ୍ୟବ୍ରତ ପାଟଯୋଷୀ ଓ ମେଡିକାଲ ଟିମ୍‌ଙ୍କ ଦ୍ୱାରା ୬୭ ୟୁନିଟ୍ ରକ୍ତ ସଂଗୃହୀତ ହୋଇଥିଲା । ଶିକ୍ଷାଶ୍ରମର ଗୁରୁମା, ଗୁରୁଜୀଙ୍କ ସମେତ ଅଞ୍ଚଳବାସୀ ରକ୍ତଦାନ କରିଥିଲେ । ଉକ୍ତ କାର୍ଯ୍ୟକୁ କଲ୍ୟାଣକର ମହାନ୍ତି (ଜିଲ୍ଲା ଶିଶୁ ବିଭାଗ କମିଟିର ସଦସ୍ୟ) ଶୁଭ ଉଦ୍‌ଘାଟନ କରିଥିବାବେଳେ ଅନ୍ୟତମ ଅତିଥିଙ୍କ ମଧ୍ୟରେ ତୁକୁଡ଼ା ଗ୍ରାମପଞ୍ଚାୟତର ସରପଞ୍ଚ ପ୍ରଶାନ୍ତ କୁମାର ସାହୁ, ପୂର୍ବତନ ସରପଞ୍ଚ ହୃଷୀକେଶ ସାହୁ, ଗ୍ରାମ ସଭାପତି ବେଣୁଧର ସାହୁ, ସମ୍ପାଦକ ରବିନାରାୟଣ ସାହୁ, ସମାଜସେବୀ ପ୍ରତାପ କୁମାର ପ୍ରଧାନ, ତୁକୁଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରବୀନ୍ଦ୍ର ମେହେର, ସମାଜସେବୀ ରଣଜିତ୍ ଭାଇ, ଯୁବ ସମାଜସେବୀ ଦିଲ୍ଲୀପ କୁମାର ସାହୁ, ଅଜୟ ବାବା, ବୁଲୁ ବାବା, ସହଯୋଗୀ ସିଲୁ ଭାଇ, ଟୁଲୁ ଭାଇ ଓ ୧୫ଜଣ ସ୍ୱେଚ୍ଛାସେବୀ ଶ୍ରମଦାନ କରିଥିଲେ । ପ୍ରଧାନ ଗୁରୁମା ସତ୍ୟଭାମା ସାହୁଙ୍କ ସହିତ ଶିକ୍ଷାଶ୍ରମର ସମସ୍ତ ଗୁରୁମା, ଗୁରୁଜୀ "ଶିବିର ପରିଚାଳନାରେ ସହଯୋଗ କରିଥିଲେ । ସମସ୍ତ ରକ୍ତଦାତାଙ୍କୁ "ଶୋଭନୀୟ ପରିବାର’ ପକ୍ଷରୁ କୃତଜ୍ଞତା ଜ୍ଞାପନ କରାଯାଇଥିଲା ।

## ବିଶ୍ୱ ଡାଇବେଟିକ୍ ଦିବସ ପାଳିତ




ଅନୁଗୋଳ,୧୪।୧୧(ସମିସ): ଅନୁଗୋଳ ବ୍ଲକ୍ କୁମୁରୁସିଂହା ଗ୍ରାମରେ ରୋଟାରୀ କ୍ଲବ୍ ଅନୁଗୋଳ ରୟାଲ ଏବଂ ଆଇଏମ୍‌ଏ ପକ୍ଷରୁ ବିଶ୍ୱ ଡାଇବେଟିକ୍ ଦିବସ ପାଳିତ ହୋଇଯାଇଛି । ଏହି ଅବସରରେ ଗାଁ ଉଚ୍ଚ ବିଦ୍ୟାଳୟ ଠାରେ ଡାଇବେଟିକ ଚିହ୍ନଟ ଓ ସଚେତନତା ଶିବିର ଆୟୋଜିତ ହୋଇଥିଲା । ଶତାଧିକ ଲୋକ ଏହି ଶିବିରରେ ଯୋଗଦେଇ ରକ୍ତ ପରୀକ୍ଷା କରାଇଥିଲେ । ବରିଷ୍ଠ ଡାକ୍ତର ବିଶ୍ୱଜିତ ସାମଲ ଓ ଡା. ତରୁଣ କୁମାର ସାହୁ ଯୋଗଦେଇ ଡାଇବେଟିକ ରୋଗର କାରଣ ଏବଂ ହେଲା ପରେ କିଭଳି ସତର୍କତା ଅବଲମ୍ବନ କରିବାକୁ ହେବ ଏବଂ ଔଷଧ ସେବନ କରିବାକୁ ହେବ ତାହା ବୁଝାଇଥିଲେ । ଅନ୍ୟମାନଙ୍କ ମଧ୍ୟରେ ରୋଟାରୀ କ୍ଲବ୍ ଅନୁଗୋଳ ରୟାଲ ସଭାପତି ଡା. ସୌମ୍ୟକାନ୍ତ ବିଶୋଇ, ସମ୍ପାଦକ ନିହାର ରଞ୍ଜନ ପ୍ରସାଦ, ରୋଟାରିଆନ୍ ଆରତୀ ସରଳିଆ, ରୋଟାରିଆନ ପୂଜା ମୋଦି, ରୋଟାରିଆନ ମମତା ଚୌଧୁରୀ ପ୍ରମୁଖ ଯୋଗ ଦେଇଥିଲେ ।

## ‘ଆଗେଇବା’ ପକ୍ଷରୁ 'ଆମ ପରିବେଶ, ଆମ ଦାୟିତ୍ୱ' ଆଲୋଚନା



ତାଳଚେର,୧୪।୧୧(ସମିସ): ଅନୁଗୋଳ ଜିଲ୍ଲା ତାଳଚେରରୁ ପ୍ରକାଶ ପାଉଥିବା ଦୈନିକ ଖବର କାଗଜ ‘ଆଗେଇବା’ ପକ୍ଷରୁ ଶିଶୁ ଦିବସ ଅବସରରେ ‘ଆମ ପରିବେଶ ଆମ ଦାୟିତ୍ୱ’ ଓ ‘ଆଜିର ଶିଶୁ ଆଗମୀ ଭବିଷ୍ୟତ’ ସମ୍ପର୍କିତ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା । ନାଲ୍‌କୋ ସୌଜନ୍ୟରୁ ଆଜି ତାଳଚେର ଅମଲାପଡ଼ାସ୍ଥିତ ଡିଆଇ ପ୍ଲେ ସ୍କୁଲ ପରିସରରେ ଆୟୋଜିତ ଆଲୋଚନାଚକ୍ରରେ ‘ଆଗେଇବା’ର ସମ୍ପାଦକ ତଥା ପୂର୍ବତନ ସାଂସଦ ମହେଶ ସାହୁଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ଭାବେ ଅନୁଗୋଳ ସମବାୟ ବ୍ୟାଙ୍କର ସଭାପତି ସନ୍ତୋଷ କୁମାର ପ୍ରଧାନ ଯୋଗଦେଇ ଆଲୋଚନା କରିଥିଲେ । ସେହିପରି ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଦସ୍ୟା ରୀତାରାଣୀ ଦାସ, ଗୋପାଳ ନାୟକ, ପ୍ରେସ୍‌କ୍ଲବ୍ ସଭାପତି ପୂର୍ଣ୍ଣଚନ୍ଦ୍ର ସାହୁ, ବରିଷ୍ଠ ସାମ୍ବାଦିକ ଦେବୀ ମିଶ୍ର, ‘ଆମ ପ୍ରତିଭା ଆମ ପରିଚୟ’ ଅନୁଷ୍ଠାନର ସଭାପତି ପ୍ରଫେସର ଉପେନ୍ଦ୍ର ପରିଡ଼ା, ସାଧାରଣ ସମ୍ପାଦକ ରମେଶ ଚନ୍ଦ୍ର ବେହେରା, ସମାଜସେବୀ ଚୈତନ୍ୟ ପ୍ରଧାନ ପ୍ରମୁଖ ଯୋଗଦେଇ ଆଲୋଚନା କରିଥିଲେ । ଏହି କାର୍ଯ୍ୟକ୍ରମରେ ସଞ୍ଜୀବ କୁମାର ପଟ୍ଟନାୟକ ମଞ୍ଚ ପରିଚାଳନା କରିଥିଲାବେଳେ ସାମ୍ବାଦିକ ସୌଭାଗ୍ୟ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ । ତାଳଚେର ଉପଖଣ୍ଡର ବିଭିନ୍ନ ଅଞ୍ଚଳରୁ ବହୁ ବିଶିଷ୍ଟ ନିମନ୍ତ୍ରିତ ଅତିଥି, ପ୍ଲେ ସ୍କୁଲର ଛାତ୍ରଛାତ୍ରୀ ଓ ଅଭିଭାବକ ଆଲୋଚନାଚକ୍ରରେ ଯୋଗ ଦେଇଥିଲେ । ଶେଷରେ ଅତିଥିଙ୍କ ଦ୍ୱାରା ଡିଆଇ ପ୍ଲେ ସ୍କୁଲର କୁନି କୁନି ପିଲାଙ୍କୁ ପୁରସ୍କୃତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଡ. ରଶ୍ମୀ ରଞ୍ଜନ ମିଶ୍ର, ତପନ କୁମାର ମହାରଣା, କୁଶ ବିହାରୀ ସାମଲ, ନିର୍ମଳ ତ୍ରିପାଠୀ, ନିର୍ମଳ ସାହୁ, ଜିତେନ୍ଦ୍ର ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ସମାପନ ହୋଇଥିଲା ।

## ଆକ୍ରମଣ ଓ ଡକାୟତି ମାମଲାରେ ୮ ବର୍ଷ ଜେଲ୍

ତାଳଚେର,୧୪।୧୧(ସମିସ): ଏକ ମରଣାନ୍ତକ ଆକ୍ରମଣ ଓ ଡକାୟତି ମାମଲାରେ ସହକାରୀ ଦେୱାନୀ ବିଚାରପତି ସ୍ୱର୍ଣ୍ଣଲତା ନାୟକ ଅଭିଯୁକ୍ତ ରଞ୍ଜିତ କୁମାର ସାହୁକୁ ୮ ବର୍ଷ ଜେଲ ଦଣ୍ଡରେ ଦଣ୍ଡିତ କରିଛନ୍ତି । ଏଥିସହ ୫ ହଜାର ଟଙ୍କା ଜୋରିମାନା ଆଦେଶ ଶୁଣାଇଛନ୍ତି । ସୂଚନାଯୋଗ୍ୟ ଗତ ୨୦୨୩ ଫେବୃୟାରୀ ୨ ତାରିଖ ଦିନ ଏତଲାକାରୀ ବିନୋଦ ଚନ୍ଦ୍ର ସାହୁ ତାଙ୍କ ବଲଣ୍ଡାସ୍ଥିତ କ୍ୱାର୍ଟର୍ସରେ ଥିବା ସମୟରେ ତାଙ୍କ ନିଜ ପୁଅ ରଞ୍ଜିତ କୁମାର ସାହୁ ତାଙ୍କ ଘରେ ଡକାୟତି କରିବା ଉଦ୍ଦେଶ୍ୟରେ ଘରେ ପଶି ତାଙ୍କୁ ଧକ୍କା ଦେବାସହ ତାଙ୍କ ପତ୍ନୀ କୁନି ସାହୁ ଓ ତାଙ୍କ ବୋହୂ ସୁଜାତା ସାହୁଙ୍କୁ ଏକ ଆକ୍ରମଣ କରିଥିଲା । ପରେ ଘର ଆଲମିରାରୁ ୧୦ ହଜାର ଟଙ୍କା ନେଇ ପଳାଇଥିଲା । ପୁଲିସ ଏ ମାମଲାରେ ତଦନ୍ତ କରି ମୁଦଲା ରଞ୍ଜିତକୁ ଗିରଫ କରିବା ସହ କୋର୍ଟ ଚାଲାଣ କରିଥିଲେ । ମାମଲାକୁ ସରକାରଙ୍କ ତରଫରୁ ଅତିରିକ୍ତ ପବ୍ଲିକ ପ୍ରସିକ୍ୟୁଟର ଗିରିଜା ଶଙ୍କର ମିଶ୍ର ପରିଚାଳନା କରିଥିଲେ ।

## ପରମାନନ୍ଦ ମିଶ୍ରଙ୍କ ଦୁଇଟି ପୁସ୍ତକ ଉନ୍ମୋଚିତ



ଅନୁଗୋଳ,୧୪।୧୧(ସମିସ): ସ୍ଥାନୀୟ ଏକ ହୋଟେଲ୍‌ରେ ଅନୁଗୋଳର ବରିଷ୍ଠ ସରକାରୀ ଅଧିବକ୍ତା ପରମାନନ୍ଦ ମିଶ୍ରଙ୍କ ଦୁଇଟି ଆଇନ ସମ୍ପର୍କିତ ପୁସ୍ତକ ଉନ୍ମୋଚିତ ହୋଇଯାଇଛି । ଅନୁଗୋଳ ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ ଏହି ସମାରୋହକୁ ଉଦ୍‌ଘାଟନ କରିଥିଲେ । ଦେୱାନୀ ମକଦ୍ଦମା ଓ ବୈବାହିକ ଆଇନ ଉପରେ ଦୁଇଟି ଯାକ ପୁସ୍ତକ ରଚନା କରାଯାଇଛି । ମୁଖ୍ୟ ଅତିଥି ପ୍ରୀତିମୟଙ୍କ ଲିଖିତ ପୁସ୍ତକ ଦୁଇଟି ସରଳ ଭାଷାରେ ଆଇନ ସମ୍ପର୍କିତ କଥା ଗୁଡ଼ିକୁ ବ୍ୟାଖ୍ୟା କରିଥିବାରୁ ଆଇନ ଛାତ୍ର ଓ ଯୁବ ଆଇନଜୀବୀଙ୍କ ପାଇଁ ବିଶେଷ ସହାୟକ ହେବ ବୋଲି କହିଥିଲେ । ସମ୍ମାନିତ ଅତିଥି ରୂପେ ବରିଷ୍ଠ ଆଇନଜୀବୀ ଦିଲ୍ଲୀପ ମହାନ୍ତି ଯୋଗ ଦେଇଥିଲେ । ଅନ୍ୟତମ ଅତିଥି ରୂପେ କବି ଅରୁଣ କୁମାର ସାହୁ ଓ ଅନୁଗୋଳ ବାର୍‌ର ସଭାପତି ହିମାଂଶୁ ଭୂଷଣ ସାମଲ ଯୋଗଦେଇଥିଲେ । ଲିଟନ କୁମାର ସାମଲ ମଞ୍ଚ ପରିଚାଳନା କରିଥିଲେ । ସୂଚନା ଯୋଗ୍ୟ ଯେ ଲେଖକ ଶ୍ରୀ ମିଶ୍ର ଜଣେ ଅଭିଜ୍ଞ ସରକାରୀ ଅଧିବକ୍ତା ଓ ସୁ ଲେଖକ ତଥା ସଂଗଠକ ଭାବେ ଜଣାଶୁଣା ।

## ଜାତୀୟସ୍ତରୀୟ ଜୁଡୋ ପ୍ରତିଯୋଗିତାରେ ଆୟୁଷ



ଅନୁଗୋଳ୧୪।୧୧(ସମିସ): ଆସନ୍ତା ୧୭ରୁ ୧୯ ତାରିଖ ପର୍ଯ୍ୟନ୍ତ ଜାତୀୟସ୍ତରୀୟ ଜୁଡୋ ପ୍ରତିଯୋଗିତା ହାଇଦ୍ରାବାଦଠାରେ ଅନୁଷ୍ଠିତ ହେବାକୁ ଯାଉଛି । ଏହି ପ୍ରତିଯୋଗିତାରେ ଅନୁଗୋଳ ଜିଲ୍ଲା ଓ ଡିଏମ୍ ସ୍କୁଲ୍‌ର ନବମ ଶ୍ରେଣୀ ଛାତ୍ର ଆୟୁଷ ପ୍ରଧାନ ରାଜ୍ୟସ୍ତରୀୟ ଜୁଡ଼ୋ ପ୍ରତିଯୋଗିତରେ ସ୍ୱର୍ଣ୍ଣ ପଦକ ହାସଲ କରି ଜାତୀୟସ୍ତରୀୟ ପ୍ରତିଯୋଗିତା ପାଇଁ ମନୋନୀତ ହୋଇଛନ୍ତି । ଅନୁଗୋଳ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନ ତାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ଅନୁଗୋଳ ଜିଲ୍ଲା କ୍ରୀଡ଼ା ଅଧିକାରୀ ଅକ୍ଷୟ କୁମାର ସିଂ, ଜୁଡୋ ସଂଘ ସମ୍ପାଦକ ସୁଧାଂଶୁ ପଣ୍ଡା, ଉପସଭାପତି ପର୍ଶୁରାମ ଦାଶ, ଶକ୍ତି ପ୍ରସାଦ ପଟ୍ଟନାୟକ, ପ୍ରଦୀପ କୁମାର ଦେବତା, ନିର୍ମଳ ଅଗ୍ରୱାଲ୍ ମଧ୍ୟ ଆଶୀର୍ବାଦ ପ୍ରଦାନ କରିଛନ୍ତି । ଜିଲ୍ଲା ସହ ସମ୍ପାଦକ ଦୁଷ୍ୟନ୍ତ କୁମାର ନାଥଙ୍କଠାରୁ ସେ ଶିକ୍ଷା ଲାଭ କରୁଛନ୍ତି ।

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର



ତାଳଚେର,୧୪।୧୧(ସମିସ): ତାଳଚେର ଯୁବରାଜ ଉଚ୍ଚବିଦ୍ୟାଳୟଠାରେ ବ୍ଲକ୍‌ସ୍ତରୀୟ ପ୍ରଥମ ପର୍ଯ୍ୟାୟ ଭୀମଭୋଇ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ଉକ୍ତ କାର୍ଯ୍ୟକ୍ରମରେ ବିଧାୟକ ବ୍ରଜକିଶୋର ପ୍ରଧାନ ମୁଖ୍ୟଅତିଥି ସହିତ ଏଡିଇ ସୁବାଷ ଚନ୍ଦ୍ର ରଥ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ନାରାୟଣ ମହାପାତ୍ର, ଉପଖଣ୍ଡ ସାମାଜିକ ସୁରକ୍ଷା ଅଧିକାରିଣୀ ବିଳାସିନୀ ନାଏକ ଏହି ସଭାରେ ଉପସ୍ଥିତ ଥିଲେ । ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ପପୁ ବେହେରା ମଞ୍ଚ ପରିଚାଳନା କରିଥିବା ବେଳେ ପ୍ରୋଗ୍ରାମ ଅଧିକାରୀ ସଙ୍ଗୀତା ସାମଲ ଓ ସମସ୍ତ ପଞ୍ଚାୟତ ନିର୍ବାହୀ ଅଧିକାରୀ, ଏବିଇଓ, ସରପଞ୍ଚ ଏବଂ ସମିତିସଭ୍ୟ ଯୋଗଦେଇ ସହଯୋଗ କରିଥିଲେ ।

## ପିକ୍‌ଅପ୍ ଧକ୍କାରେ ୬ ବର୍ଷର ନାବାଳିକା ମୃତ

କାମାକ୍ଷାନଗର,୧୪।୧୧(ସମିସ): ଘର ଆଗରେ ସାଙ୍ଗସାଥୀଙ୍କ ସହ ଖେଳୁଥିଲାବେଳେ ପିକ୍‌ଅପ୍ ଭ୍ୟାନ୍ ଧକ୍କାରେ ୬ ବର୍ଷର ନାବାଳିକାଙ୍କ ମୃତ୍ୟୁ ହୋଇଛି । ମୃତ ନାବାଳିକା ଜଣକ କଙ୍କଡ଼ାହାଡ଼ ଥାନା ବାହାଡ଼ାପାଳ ଗ୍ରାମର ଦାରୁ ପଧାନଙ୍କ ଝିଅ ସନ୍ଧ୍ୟା ।

ସୂଚନା ଅନୁସାରେ ଦାରୁଙ୍କ ସ୍ତ୍ରୀ ରୁଲି ପଧାନ ଝିଅ ସନ୍ଧ୍ୟାକୁ ଧରି ଦିଅର ରହୁଥିବା ଚିଲଦା ଗାଁ କୁ ଯାଇଥିଲେ । ସେଠାରେ ସନ୍ଧ୍ୟା କିଛି ସାଙ୍ଗସାଥୀଙ୍କ ସହ ଗାଁ ଦାଣ୍ଡରେ ଖେଳୁଥିଲା ବେଳେ ଏକ ପିକ୍‌ଅପ୍ ଭ୍ୟାନ ତାକୁ ଧକ୍କା ଦେଇଥିଲା । ଏଥିରେ ଗୁରୁତର ହୋଇଥିବା ସନ୍ଧ୍ୟାକୁ ପରିବାର ଲୋକେ କାମାକ୍ଷାନଗର ମେଡିକାଲରେ ଭର୍ତ୍ତି କରାଇଥିବା ବେଳେ ସେଠାରେ ଡାକ୍ତର ତାକୁ ମୃତ ଘୋଷଣା କରିଥିଲେ । ଖବର ପାଇ କଙ୍କଡ଼ାହାଡ଼ ପୁଲିସ ଧକ୍କା ଦେଇଥିବା ପିକ୍‌ଅପ୍ ଭ୍ୟାନ୍‌କୁ ଜବତ କରିଥିବାବେଳେ ଡ୍ରାଇଭର ଫେରାର ହୋଇଯାଇଛି । ବେପରୁଆ ଭାବେ ଡ୍ରାଇଭର ଜଣକ ଗାଡ଼ି ଚଳାଇ ଦୁର୍ଘଟଣା ଘଟାଇଥିବା ନେଇ ଝିଅର ମା’ ରୁଲି ପଧାନ କଙ୍କଡ଼ାହାଡ଼ ଥାନାରେ ଅଭିଯୋଗ କରିଛନ୍ତି । ଅଭିଯୋଗ ଆଧାରରେ ପୁଲିସ ଅଧିକ ତଦନ୍ତ ଜାରି ରଖିଛି ।

## ବସ୍‌ଷ୍ଟାଣ୍ଡ ନାମଫଳକରେ ତ୍ରୁଟିପୂର୍ଣ୍ଣ ଲେଖାକୁ ନେଇ ଅସନ୍ତୋଷ

କିଶୋରନଗର,୧୪।୧୧(ସମିସ): କିଶୋରନଗର ବ୍ଲକ ସଦର ମହକୁମାରେ ନୂତନ ବସ୍ ଷ୍ଟାଣ୍ଡ ନିର୍ମାଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି । ଓଏସ୍‌ଆର୍‌ଟିସି ଏହି ନିର୍ମାଣ କାର୍ଯ୍ୟ ତଦାରଖ କରୁଛି । ହେଲେ ବସ୍‌ଷ୍ଟାଣ୍ଡର ତ୍ରୁଟିପୂର୍ଣ୍ଣ ନାମଫଳକକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି । ଏଠାରେ ଧଉରାପାଲ୍ଲୀ ବସ୍ ଷ୍ଟାଣ୍ଡ ଲେଖା ହେବା ବଦଳରେ ଧରୁଆପାଲୀ ଲେଖାଯାଇଥିବାରୁ ଏଭଳି ଅସନ୍ତୋଷ ପ୍ରକାଶ ପାଇଛି ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

# ଚୋରା ମଦ, କଫ ସିରପ୍ ଜବତ; ୬ ଗିରଫ

**କେନ୍ଦ୍ରାପଡ଼ା, ୧୪।୧୧(ସମିସ):** ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ କେନ୍ଦ୍ରାପଡ଼ା ଅବକାରୀ ବିଭାଗ ପକ୍ଷରୁ ପଟ୍ଟାମୁଣ୍ଡାଇ ଟାଉନ, ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ, କେନ୍ଦ୍ରାପଡ଼ା ଟାଉନ ଓ କେନ୍ଦ୍ରାପଡ଼ା ସଦର ଥାନା ଅଧୀନସ୍ଥ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଛି। ଏହି ଅଭିଯାନରେ ତେଲେଙ୍ଗାବସନ୍ତ ଗ୍ରାମର ତ୍ରିଲୋଚନ ସାହୁ (୩୨)ଙ୍କଠାରୁ ୩୧ ଲିଟର ବିଦେଶୀ ମଦ, ତ୍ରିଲୋଚନ ସାହୁ (୪୦)ଙ୍କଠାରୁ ୨୯ ଲିଟର ଦେଶୀ ମଦ, ବଡ଼ଜରିଆ ଗ୍ରାମର ସୁବାଶିଷ ପଣ୍ଡା (୩୨)ଙ୍କଠାରୁ ୩୮ ଲିଟର ବିଦେଶୀ ମଦ, ଦିଲାରପୁରର ସେଖ ଚାନ୍ଦ (୩୪)ଙ୍କଠାରୁ ୪.୭ ଲିଟର କୋଡିନେ ମିଶ୍ରିତ କଫ ସିରପ ଜବତ କରାଯାଇଛି। ସେହିପରି ସାହସପୁରର ରଜନୀକାନ୍ତ ମଲିକ (୨୬)ଙ୍କଠାରୁ ୧୯ ଲିଟର ବିଦେଶୀ ମଦ ଓ ବାବୁରାମପାଟଣା ଗ୍ରାମର ସଙ୍ଗୀତା ଦାସ (୩୧)ଙ୍କଠାରୁ ୧୭ ଲିଟର ବିଦେଶୀ ମଦ ଜବତ ହୋଇଛି। ଏଥିରେ ସମ୍ପୃକ୍ତ ୬ ଜଣଙ୍କୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି। ଆଗାମୀ ଦିନରେ ଏଭଳି ଚଢ଼ଉ ଅଭିଯାନ ଜାରି ରହିବ ବୋଲି ଅବକାରୀ ଅଧୀକ୍ଷକ ବିପ୍ରଚରଣ ମଣ୍ଡଳ କହିଛନ୍ତି।

## ପଟ୍ଟାମୁଣ୍ଡାଇ ରୋଗୀ କଲ୍ୟାଣ ସମିତି ବୈଠକ

# ଉତ୍ତମ ରୋଗୀ ସେବା ଓ ଭିତ୍ତିଭୂମି ବିକାଶ ଉପରେ ଗୁରୁତ୍ୱ




**ପଟ୍ଟାମୁଣ୍ଡାଇ, ୧୪।୧୧(ସମିସ):** ପଟ୍ଟାମୁଣ୍ଡାଇ ସବଡିଭିଜନ ହସ୍ପିଟାଲ ସଭାଗୃହରେ ପଟ୍ଟାମୁଣ୍ଡାଇ ରୋଗୀ କଲ୍ୟାଣ ସମିତି ବୈଠକ ଅନୁଷ୍ଠିତ ହୋଇଯାଇଛି। ରୋଗୀ କଲ୍ୟାଣ ସମିତି ଅଧକ୍ଷ ରାଜନଗର ବିଧାୟକ ଧ୍ରୁବ ସାହୁ ଅଧ୍ୟକ୍ଷତା କରି କଷଣଅଣ୍ଟାରେ ନିର୍ମାଣାଧୀନ ୧୦୦ ଶଯ୍ୟା ବିଶିଷ୍ଟ ନୂତନ ସବଡିଭିଜନ ହସ୍ପିଟାଲ କାର୍ଯ୍ୟ ତ୍ୱରାନ୍ୱିତ କରିବା, ୨୪ ଘଣ୍ଟା ଉତ୍ତମ ରୋଗୀ ସେବା ଯୋଗାଇବା, ମାଗଣା ଔଷଧ ବଣ୍ଟନ, ହସ୍ପିଟାଲ ପରିବେଶ ପରିଷ୍କାର ରଖିବା, ଭିତ୍ତିଭୂମି ବିକାଶ, ଆଧୁନିକ ଯନ୍ତ୍ରାଂଶ ମାଧ୍ୟମରେ ଉତ୍ତମ ସେବା ପ୍ରଦାନ ଉପରେ ଗୁରୁତ୍ୱାରୋପ କରିଥିଲେ।

ଏହି ବୈଠକରେ ପଟ୍ଟାମୁଣ୍ଡାଇ ବ୍ଲକ ଅଧକ୍ଷ ପ୍ରଦ୍ୟୁମ୍ନ ସାମନ୍ତରାୟ, ପୌର ପରିଷଦ ଅଧକ୍ଷ ହେମନ୍ତ ସାହୁ, ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ଗୌରାଙ୍ଗ ଗିରି, ପଟ୍ଟାମୁଣ୍ଡାଇ ତହସିଲଦାର ପଞ୍ଚାନନ ନାୟକ, ପୌର ପରିଷଦ ନିର୍ବାହୀ ଅଧିକାରୀ ରଞ୍ଜନ ଦାଶ, ପୂର୍ତ୍ତ ବିଭାଗ ସହନିର୍ବାହୀ ଯନ୍ତ୍ରୀ ସତ୍ୟବ୍ରତ ପଣ୍ଡା, ଅତିରିକ୍ତ ବିଡିଓ ନନ୍ଦିନୀ ଶତପଥୀ, ଜନସ୍ୱାସ୍ଥ୍ୟ ବିଭାଗ ସହକାରୀ ଯନ୍ତ୍ରୀ ଇଂ ସୁଦାମ ସାହୁ, ରୋଗୀ କଲ୍ୟାଣ ସମିତି ସଦସ୍ୟ ସାମ୍ବାଦିକ ଅକ୍ଷୟ ସାହୁ, ପୂର୍ବତନ କାଉନସିଲର ଶ୍ରୀକାନ୍ତ ରାଉତ, ଯୁବ ନେତା ନିରାକାର ସାହୁ, ଡା ଚନ୍ଦ୍ରଶେଖର ଦାସ, ଡା ଅଭିଷେକ ଦ୍ୱିବେଦୀ, ଡା ଏମଡି ରେହେମାନ, ଡା ପୂରବୀ ପରିଡ଼ା, ସମାଜସେବୀ ବୁଡା ଲେଙ୍କା ପ୍ରମୁଖ ଯୋଗଦେଇ ଉତ୍ତମ ରୋଗୀ ସେବା ଓ ଭିତ୍ତିଭୂମି ବିକାଶ ଉପରେ ନିଜ ନିଜର ମତାମତ ଉପସ୍ଥାପନ କରିଥିଲେ। ପଟ୍ଟାମୁଣ୍ଡାଇ ସବଡିଭିଜନ ହସ୍ପିଟାଲ ଭାରପ୍ରାପ୍ତ ଚିକିତ୍ସାଧିକାରୀ ଡା ନିରାକାର ପରିଡ଼ା ହସ୍ପିଟାଲର ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ହସ୍ପିଟାଲ ପରିଚାଳକ ଚିତ୍ତରଞ୍ଜନ ଚାନ୍ଦ ପୂର୍ବ ବୈଠକର ବିବରଣୀ ପାଠ କରିଥିଲେ। ବୈଠକରେ ଚଳିତ ଆର୍ଥିକ ବର୍ଷର ବଜେଟ ଉପସ୍ଥାପନ କରାଯାଇ ଅନୁମୋଦନ କରାଯାଇଥିଲା। ଗୋଷ୍ଠୀ କାର୍ଯ୍ୟକ୍ରମ ପରିଚାଳକ ପ୍ରଶାନ୍ତ ଜେନା ଧନ୍ୟବାଦ ଦେଇଥିଲେ। ପିଏଚଓ ସ୍ନେହଲତା ମହାନ୍ତି, କୋଷାଧକ୍ଷ ସଞ୍ଜୟ ଦାସ, ସୁବାଶିଷ ପଣ୍ଡା, ନୃସିଂହ ଦାସ ଓ ପ୍ରିୟଦର୍ଶିନୀ ଦୀପ୍ତିମୟୀ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ବିଭିନ୍ନ ସ୍ଥାନରେ ଶିଶୁ ଦିବସ ପାଳିତ






**ପଟ୍ଟାମୁଣ୍ଡାଇ, ୧୪।୧୧(ସମିସ):** ପଟ୍ଟାମୁଣ୍ଡାଇ ସରକାରୀ ବାଳିକା ହାଇସ୍କୁଲରେ ଶିଶୁ ଦିବସ ପାଳିତ ହୋଇଯାଇଛି। ସହକାରୀ ଶିକ୍ଷକ ତିତିକାନ୍ତ ନାୟକଙ୍କ ସଂଯୋଜନାରେ ଆୟୋଜିତ ଉତ୍ସବରେ ପ୍ରଧାନଶିକ୍ଷୟତ୍ରୀ ଉର୍ମିଳା ଜେନା ଶିଶୁ ଦିବସର ମହତ୍ୱ ଓ ଉତ୍ତମ ଶିଶୁ ଦେଶ ବିକାଶର ସୂତ୍ରଧର ବୋଲି ମତପ୍ରକାଶ କରିଥିଲେ। ଏ ଅବସରରେ ପିଲାମାନଙ୍କ ମଧ୍ୟରେ ନୃତ୍ୟ, ସଙ୍ଗୀତ, ବିତର୍କ, ଚିତ୍ରକଳା, ଶିଳ୍ପକଳା, ବକ୍ତୃତା ଓ ପୋଷଣ ପ୍ରତିଯୋଗିତା କରାଯାଇଥିଲା। ଶିକ୍ଷୟିତ୍ରୀ ଶ୍ରଦ୍ଧାଞ୍ଜଳି ନାଥଶର୍ମା, ସସ୍ମିତା କର, ସରୋଜିନୀ ପାଣିଗ୍ରାହୀ, ସଂଘମିତ୍ରା ସାହୁ ପ୍ରମୁଖ ପ୍ରତିଯୋଗିତା ପରିଚାଳନା କରିଥିଲେ। ବରିଷ୍ଠ ଶିକ୍ଷୟିତ୍ରୀ ଶ୍ରଦ୍ଧାଞ୍ଜଳି ନାଥଶର୍ମାଙ୍କ ସଂଯୋଜନାରେ କୃତି ଛାତ୍ରୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। ପ୍ରାରମ୍ଭରେ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ସେହିପରି ପୋଖରିଆପଡ଼ା ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ପଟ୍ଟାମୁଣ୍ଡାଇ ତାଲୁକ୍ ଆଇନ ସେବା ସମିତି ପକ୍ଷରୁ ଶିଶୁ ଦିବସ ପାଳିତ ହୋଇଥିଲା। ସମିତି ଅଧକ୍ଷ ଅତିରିକ୍ତ ଜିଲ୍ଲା ଜଜ ବିଦ୍ୟାଧର ପୃଷ୍ଟିଙ୍କ ପୌରୋହିତ୍ୟ ଓ ପ୍ୟାନେଲ ଆଡଭୋକେଟ ଧୀରେନ୍ଦ୍ରନାଥ ସାହୁଙ୍କ ସଂଯୋଜନାରେ ଆୟୋଜିତ ଉତ୍ସବରେ ଜେଏମଏଫସି ବିଦ୍ୟୁତଲତା ପ୍ରଧାନ, ଜେଏମଏଫ୍ସି ଡି.କେ. ବାଲକ୍ରିଷ୍ଣନ୍, ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବୀରକିଶୋର ସାହୁ, ପଟ୍ଟାମୁଣ୍ଡାଇ ଓକିଲ ସଂଘ ସମ୍ପାଦକ ରବୀନ୍ଦ୍ର ଦାଶ, ରିଟେନର ଗୀତାଞ୍ଜଳି ପୃଷ୍ଟି, ଆଡ଼ଭୋକେଟ ହୃଦାନନ୍ଦ ମହାନ୍ତି, ବିଜୟ ରାଉତ ପ୍ରମୁଖ ଯୋଗ ଦେଇଥିଲେ। ସହକାରୀ ଶିକ୍ଷକ ଅଜୟ ସ୍ୱାଇଁ, ମନୋରଞ୍ଜନ ଦାସ, ସଞ୍ଜୁପ୍ରଭା ବିଶ୍ୱାଳ, ମଧୁସ୍ମିତା ପରିଡ଼ା ପ୍ରମୁଖ ଯୋଗ ଦେଇଥିଲେ। ତାଲୁକ ଆଇନ ସେବା ସମିତି ପକ୍ଷରୁ ସାଧାରଣ ଜ୍ଞାନ, ଗୀତ ଓ ନୃତ୍ୟ ପ୍ରତିଯୋଗିତା କରାଯାଇଥିଲା। କୃତୀ ଛାତ୍ରଛାତ୍ରୀଙ୍କୁ ଅତିରିକ୍ତ ଜିଲ୍ଲା ବିଚାରପତି ବିଦ୍ୟାଧର ପୃଷ୍ଟି, ବିଚାରପତି ବିଦ୍ୟୁତଲତା ପ୍ରଧାନ ଓ ବିଚାରପତି ଡି.କେ. ବାଲକ୍ରିଷ୍ଣନ୍ ପୁରସ୍କାର ବିତରଣ କରିଥିଲେ। ଶିକ୍ଷୟିତ୍ରୀ ସୁଜାତା ଦାସ ଧନ୍ୟବାଦ ଦେଇଥିଲେ।

**ଡେରାବିଶ:** ମୁକୁନ୍ଦପୁର ଆଞ୍ଚଳିକ ସାଧନକେନ୍ଦ୍ର ସ୍ତରୀୟ ଶିଶୁ ଦିବସ ମୁକୁନ୍ଦପୁର ଉନ୍ନିତ ପ୍ରକଳ୍ପ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ସାଧନ କେନ୍ଦ୍ର ସଂଯୋଜକ ବିଶ୍ୱଜିତ ମୁଦୁଲିଙ୍କ ଦ୍ୱାରା ଆୟୋଜିତ ଏହି କାର୍ଯ୍ୟକ୍ରମରେ ସାଧନକେନ୍ଦ୍ର ଅଧୀନ ସମସ୍ତ ବିଦ୍ୟାଳୟର ୧୫୦ ଛାତ୍ରଛାତ୍ରୀ ଯୋଗଦେଇ ସିନିୟର ଓ ଜୁନିୟର



ବିଭାଗରେ କୁଇଜ୍, ମୁରୁଜ, ଚିତ୍ରାଙ୍କନ ଓ ନୃତ୍ୟ ଆଦି ପ୍ରତିଯୋଗିତାରେ ଭାଗ ନେଇଥିଲେ। ଅପରାହ୍ନରେ ଶିକ୍ଷକ ପ୍ରଶାନ୍ତ ଶତପଥୀଙ୍କ ସଂଯୋଜନାରେ ପୁରସ୍କାର ବିତରଣୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଡେରାବିଶ ମଣ୍ଡଳ ଶିକ୍ଷାଧିକାରୀ ନାରାୟଣ ପ୍ରସାଦ ମନ୍ତ୍ରୀ, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ମଣ୍ଡଳ ଶିକ୍ଷାଧିକାରୀ ଖଗେଶ୍ୱର ନାୟକ, ଦେବଦତ୍ତ ଶତପଥୀ ଓ ସଚ୍ଚିକାନ୍ତ ମିଶ୍ର, ଜିଲ୍ଲା ଡିପିସି କାର୍ଯ୍ୟାଳୟର ବିତ ଅଧିକାରୀ ସୂର୍ଯ୍ୟନାରାୟଣ ମିଶ୍ର ଯୋଗଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ପ୍ରମାଣପତ୍ର ଓ ଟ୍ରଫି ପ୍ରଦାନ କରିଥିଲେ। ରାଜନଗର ବ୍ଲକ ସିଆରସିସି ସମରେନ୍ଦ୍ର ସାହୁ ଓ ମୁକୁଲ ଘଡ଼େଇ, ବିବି ମଡ଼େଲ ହାଇସ୍କୁଲର ପ୍ରଧାନଶିକ୍ଷକ ବିଶ୍ୱବିଜୟ ଦାସ, ପଞ୍ଚାୟତ ବିଦ୍ୟାପୀଠ ମୁକୁନ୍ଦପୁରର ପ୍ରଧାନଶିକ୍ଷକ ମନୋରଞ୍ଜନ ଦାସ, ପ୍ରଧାନ ଶିକ୍ଷୟିତ୍ରୀ ଅନୀତା ରାଉତ, ଶିକ୍ଷୟିତ୍ରୀ ମମତା ମହାନ୍ତି ବିଚାରକ ଭାବେ ଯୋଗଦେଇଥିଲେ। ସିଆରସିସି କନକଲତା ପୃଷ୍ଟି, ମାମୁନି ସିଂ, ଚୌଧୁରୀ ସରୋଜ ପ୍ରହରାଜ, ଶିକ୍ଷକ ଦୀପକ ବାରିକ, ଅଭିରାମ ବାରିକ, ଜୀବନ ନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶିକ୍ଷକ ମଳୟ ବେହେରା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ସାଧନକେନ୍ଦ୍ର ସଂଯୋଜକ ଶ୍ରୀ ମୁଦୁଲି ଧନ୍ୟବାଦ ଅର୍ପଣ କରିଥିଲେ।

**ମହାକାଳପଡ଼ା:** ମହାକାଳପଡ଼ା ବ୍ଲକ ଜୟଚନ୍ଦ୍ରପୁର ପଞ୍ଚାୟତ ସାନଗାଁର ମିତ୍ରଶକ୍ତି କ୍ଲବର ୧୩ତମ ବାର୍ଷିକ ଶିଶୁ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ମହାକାଳପଡ଼ା ବିଧାୟକ ଦୁର୍ଗାପ୍ରସନ ନାୟକ, ପଞ୍ଚାୟତ ସମିତି ଅଧକ୍ଷା ମୀରାରାଣୀ ମହାନ୍ତି, ଜୟଚନ୍ଦ୍ରପୁର ସରପଞ୍ଚ ପ୍ରିୟଙ୍କା ସାମଲ, ଖୁରୁଷିଆ ସରପଞ୍ଚ ପୂର୍ଣ୍ଣଚନ୍ଦ୍ର ରାଉତରାୟ ପ୍ରମୁଖ ଯୋଗଦେଇଥିଲେ। ସମାଜସେବୀ ବାବାଜୀ ବେହେରା ସଭାପତିତ୍ୱ କରିଥିଲେ। କ୍ଲବ୍ ସଭାପତି ସୁରେଶ ବସନ୍ତିଆ, ସମ୍ପାଦକ ସଞ୍ଜୟ ମହାନ୍ତି, କୋଷାଧକ୍ଷ କାର୍ତ୍ତିକ ବାରିକ, ବୁଲୁ ସାମଲ, ରଞ୍ଜିତ ସ୍ୱାଇଁ, ସର୍ବେଶ୍ୱର ବେହେରା, ବେଦପ୍ରକାଶ ଦାସ, ମାନସ ସ୍ୱାଇଁ, ମନୋରଞ୍ଜନ ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ। ଅବସରପ୍ରାପ୍ତ ଅଧ୍ୟାପକ ଇନ୍ଦ୍ରମଣି ନାୟକ ମହୋତ୍ସବ ପରିଚାଳନା କରିଥିବାବେଳେ ସଭାପତି ଧନ୍ୟବାଦ ପ୍ରଦାନ କରିଥିଲେ। ୩୫ଟି ବିଦ୍ୟାଳୟର ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିବାବେଳେ କୃତୀ ପ୍ରତିଯୋଗୀଙ୍କୁ ଅତିଥି ପୁରସ୍କୃତ କରିଥିଲେ।

# ପଟ୍ଟାମୁଣ୍ଡାଇ ପ୍ରାଥମିକ ଶିକ୍ଷକ ସଂଘ ବାର୍ଷିକ ଉତ୍ସବ



**ପଟ୍ଟାମୁଣ୍ଡାଇ, ୧୪।୧୧(ସମିସ):** ପଟ୍ଟାମୁଣ୍ଡାଇ ପ୍ରାଥମିକ ଶିକ୍ଷକ ସଂଘର ୪୩ତମ ବାର୍ଷିକ ଉତ୍ସବ ଶିକ୍ଷକ ଭବନ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସଭାପତି ଅରକ୍ଷିତ ସାହୁଙ୍କ ପୌରୋହିତ୍ୟରେ ଆୟୋଜିତ ଉତ୍ସବରେ ଆଳି ବ୍ଲକ ପ୍ରାକ୍ତନ ବିଆରସିସି ଉଦକର ସାମଲ ମୁଖ୍ୟଅତିଥି, ଶିକ୍ଷାବିତ ପ୍ରମୋଦ ନାୟକ ମୁଖ୍ୟବକ୍ତା, ଶିକ୍ଷକ ନେତା ବିଜୟ ସାହୁ, ରାଜେନ୍ଦ୍ର ପ୍ରସାଦ ସିଂହ ଓ ରତ୍ନାକର ସ୍ୱାଇଁ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ସଂଘ ସାଧାରଣ ସମ୍ପାଦକ ବଳଭଦ୍ର ପ୍ରସାଦ ରାଉତ ବିବରଣୀ ପାଠ କରିଥିଲେ। ଏ ଅବସରରେ ଅବସରପ୍ରାପ୍ତ ଶିକ୍ଷକ କେଦାର ପରିଡ଼ା, ସୁକାନ୍ତୀ ମିଶ୍ର, ହେମଲତା ମହାନ୍ତିଙ୍କୁ ମୁଖ୍ୟଅତିଥି ସମ୍ବର୍ଦ୍ଧିତ କରିଥିଲେ। ଦିବଂଗତ ଶିକ୍ଷକ ନାରାୟଣ ଦାସ, ଅଶୋକ ରାଉତ, କିଶାକର ସେଠୀଙ୍କ ପାଇଁ ୨ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ପ୍ରାରମ୍ଭରେ ସଂଘ ପତାକା ଉତ୍ତୋଳନ କରାଯିବା ସହିତ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ଶିକ୍ଷକ ନେତା ନିରୋଦ ଦାସ ଧନ୍ୟବାଦ ଦେଇଥିଲେ।

# ଅଭିରାମ ପରମହଂସଙ୍କ ବଳିଦାନ ଉତ୍ସବ



**ରାଜନଗର, ୧୪।୧୧(ସମିସ):** ରାଜନଗରସ୍ଥ ଜଗତଗୁରୁ ଠାକୁର ଅଭିରାମ ପରମହଂସ ଦେବଙ୍କ ସେବା ଆଶ୍ରମରେ ଗୀତା ଭାଗବତ ଟୁଙ୍ଗୀର ୪୩ତମ ବାର୍ଷିକ ଭାଗବତ ପାରାୟଣର ଚତୁର୍ଥ ଦିବସ ତଥା ବଳିଦାନ ଉତ୍ସବରେ ଶାନ୍ତିଧାମର ପୂଜ୍ୟ ବାବାଜୀ ସୁଧାନନ୍ଦ ଦାସମହାରାଜ, ବାବାଜୀ ବଦ୍ରୀନାଥ ଦାସମହାରାଜ, ଗୁରୁକୁଳ ଆଶ୍ରମର ବାବା ବିଶ୍ୱାନନ୍ଦ ଦାସ, ସିଦ୍ଧଗିରି ପୀଠର ଆଚାର୍ଯ୍ୟ ବିଶ୍ୱନାଥ ଦାସମହାରାଜ, କେନ୍ଦୁଝରର ବିଶିଷ୍ଟ ପ୍ରବକ୍ତା ସ୍ୱାମୀ ଦର୍ଶନ ବିଦ୍ୟାର୍ଥୀ କବିନ୍ଦ୍ର ଦାସମହାରାଜ, ବୃନ୍ଦାବନର ବାବାଜୀ ଗଙ୍ଗାଧର ଦାସମହାରାଜ, ଠାକୁର ନିଗମାନନ୍ଦ ଆଞ୍ଚଳିକ ଆଶ୍ରମ ସଭାପତି ବିଜୟ ଜେନା, ଠାକୁର ଅନୁକୂଳଚନ୍ଦ୍ରଙ୍କ ଭକ୍ତ ବାସୁଦେବ ମଣ୍ଡଳ, ମହାମିଳନ ଉତ୍ସବ ଓଡ଼ିଶା ଶାଖା ସଭାପତି ଗଗନ ବିହାରୀ ସାହୁ, ଆଞ୍ଚଳିକ ଭକ୍ତ ଗୋଷ୍ଠୀ ସଭାପତି ଦିବାକର ପରିଡ଼ା, ପଣ୍ଡିତ ଶଙ୍କର୍ଷଣ ମିଶ୍ର, ବ୍ୟାସ ପଣ୍ଡିତ ପ୍ରଫୁଲ୍ଲ କଣ୍ଡ ଉପସ୍ଥିତ ରହି ଭାଗବତ ଧର୍ମଧାର ଉପରେ ଆଲୋଚନା କରିଥିଲେ। ରାଜନଗର ଆଞ୍ଚଳିକ ଭକ୍ତ ଗୋଷ୍ଠୀ ସହ ଅନ୍ୟାନ୍ୟ ଅଞ୍ଚଳର ଭକ୍ତ ଏହି ଉତ୍ସବରେ ଯୋଗଦାନ କରିଥିଲେ। ସେବକ ଅଭୟ ଦାସ, ଗୋଲେଖ ବିହାରୀ ରାଉତ ଉତ୍ସବ ପରିଚାଳନା କରିଥିଲେ।

# ପଟ୍ଟାମୁଣ୍ଡାଇରେ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

**ପଟ୍ଟାମୁଣ୍ଡାଇ, ୧୪।୧୧(ସମିସ):** ଓଡ଼ିଶା ସରକାରଙ୍କ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ଆନୁକୂଲ୍ୟରେ ପଟ୍ଟାମୁଣ୍ଡାଇ ଏମଏନ ହାଇସ୍କୁଲରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରକୁ ରାଜନଗର ବିଧାୟକ ଧ୍ରୁବ ସାହୁ ଉଦଘାଟନ କରିଥିଲେ। ପଟ୍ଟାମୁଣ୍ଡାଇ ବିଡ଼ିଓ ଶୀତଲ ଅଗ୍ରୱାଲଙ୍କ ପୌରୋହିତ୍ୟ ଓ ସୋସିଆଲ ଅଡିଟର ନଳିନୀକାନ୍ତ ସ୍ୱାଇଁଙ୍କ ସଂଯୋଜନାରେ ଆୟୋଜିତ ଉଦ୍‌ଯାପନୀ ଉତ୍ସବରେ କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା ମୁଖ୍ୟଅତିଥି, ପଟ୍ଟାମୁଣ୍ଡାଇ ବ୍ଲକ ଅଧକ୍ଷ ପ୍ରଦ୍ୟୁମ୍ନ ସାମନ୍ତରାୟ ମୁଖ୍ୟବକ୍ତା ଓ ବ୍ଲକ ଉପାଧକ୍ଷା ଜୟନ୍ତୀ ସ୍ୱାଇଁ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସଂଗ୍ରାମ କେଶରୀ ବେହୁରା, ପଟ୍ଟାମୁଣ୍ଡାଇ ସମିତି ସଭ୍ୟ ସଂଘ ସଭାପତି ଅଭୟ ସ୍ୱାଇଁ, ଶାସନ ସରପଞ୍ଚ ସଂଗ୍ରାମ ବାରିକ, ବଳଭଦ୍ରପୁର ସରପଞ୍ଚ ପ୍ରିୟବ୍ରତ ଓଝା, ଦିହୁଡିପୁର ସରପଞ୍ଚ ନରେଶ ମଲିକ, ସାନଜରିଆ ସମିତି ସଭ୍ୟ ସୁବାଷ ବାରିକ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଭିନ୍ନକ୍ଷମମାନେ ସଶକ୍ତ ହେଲେ ଦେଶ ଓ ରାଜ୍ୟର ବିକାଶ ତ୍ୱରାନ୍ୱିତ ହୋଇପାରିବ ବୋଲି ମତ ପ୍ରକାଶ କରିଥିଲେ। ପଟ୍ଟାମୁଣ୍ଡାଇ ବ୍ଲକ ବିଏସଏସଓ ସୁଧାଂଶୁ ଶେଖର ପ୍ରଧାନ ସ୍ୱାଗତ ଭାଷଣ, ଅମ୍ବିକା ପଟ୍ଟନାୟକ ଅତିଥି ପରିଚୟ ପ୍ରଦାନ କରିଥିଲେ। ଶେଷରେ ବଡ଼ମୂଳବସନ୍ତ ସରପଞ୍ଚ ସନ୍ତୋଷ ସେଠୀ ଧନ୍ୟବାଦ ଦେଇଥିଲେ। ଏ ଅବସରରେ ଅଳପୁଆ ଅଞ୍ଚଳର ଭିନ୍ନକ୍ଷମ କହ୍ନେଇ ଦାସଙ୍କୁ ଅତିଥିମାନେ ହୁଇଲ ଚେୟାର ପ୍ରଦାନ କରିଥିଲେ। ଶିବିରରେ ଅସ୍ଥିଶଲ୍ୟ, ଶିଶୁ, ମାନସିକ, ଚକ୍ଷୁ ଅସ୍ତ୍ରୋପଚାର ଆଦି ବିଭିନ୍ନ ବିଭାଗରେ ୫୨୬ ଭିନ୍ନକ୍ଷମ ପଞ୍ଜୀକରଣ କରିଥିଲେ। ସେଥିରୁ ୫୦୬ ଭିନ୍ନକ୍ଷମଙ୍କୁ ପରୀକ୍ଷା କରାଯାଇଥିଲା। ଏଥିରେ ପଟ୍ଟାମୁଣ୍ଡାଇ ବ୍ଲକର ବିଭିନ୍ନ ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟ, ପିଇଓ, ଜିଆରଏସ ଓ ମେଡିକାଲ କର୍ମଚାରୀ ଯୋଗ ଦେଇଥିଲେ। ଶିବିରକୁ କ୍ଷଣପ୍ରଭା ସ୍ୱାଇଁ, ପିଇଓ ଅନନ୍ତ ବିଶ୍ୱାଳ, ପ୍ରଭାତ ମଲିକ, ଅଶୋକ ଜେନା, ତପନ ପ୍ରଧାନ, ଜ୍ୟୋତିରଞ୍ଜନ ସାମଲ, ସର୍ବେଶ୍ୱର ବରାଳ ପରିଚାଳନା କରିଥିଲେ।



# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

**ରାଜନଗର, ୧୪।୧୧(ସମିସ):** ରାଜନଗର ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ମହିଷାସୁର ପଞ୍ଚାୟତ ଖେଳ ପଡ଼ିଆରେ ଅନୁଷ୍ଠିତ ହୋଇଛି। ବିଧାୟକ ଧ୍ରୁବ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ମେଳାକୁ ଉଦ୍‌ଘାଟନ କରିବା ସହ ମାଛଚାଷ, ଗୋପାଳନ, କୁକୁଡ଼ା ଚାଷ, ଛେଳି ପାଳନ ଓ ଅନ୍ୟ କୃଷିଭିତ୍ତିକ ଉଦ୍ୟୋଗ ପ୍ରତିଷ୍ଠା କରି ସରକାରୀ ଯୋଜନାର ସୁଫଳ ନେବାକୁ ଯୁବକ ଓ ଯୁବତୀଙ୍କୁ ପରାମର୍ଶ ଦେଇଥିଲେ। ଏ ଦିଗରେ ବ୍ଲକସ୍ତରୀୟ ବିଭିନ୍ନ ବିଭାଗର ସରକାରୀ ଅଧିକାରୀଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ଓ ଦାୟିତ୍ୱ ରହିଛି ବୋଲି ବିଧାୟକ ଶ୍ରୀ ସାହୁ କହିଥିଲେ। ରାଜନଗର ବିଡିଓ ଅନିରୁଦ୍ଧ ବେହେରାଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ମତ୍ସ୍ୟ ଅଧିକାରୀ ଶଶାଙ୍କ ଶେଖର ସାହୁ, ରାଜନଗର ପଞ୍ଚାୟତ ସମିତି ଅଧକ୍ଷା ପ୍ରତିଭା ପାତ୍ର, ଉପାଧକ୍ଷ ଗଣେଶ ଚନ୍ଦ୍ର ଗୁଡ଼ିଆ, ଜିଲ୍ଲା ପରିଷଦ ସଭ୍ୟ ଖୁକୁମିନା କୁଁଅର, ସରପଞ୍ଚ ଅଶୋକ ମହାନ୍ତି, ସାମ୍ବାଦିକ ଭାସ୍କର ରାଉତରାୟ ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ପ୍ରଶାସନ ପକ୍ଷରୁ ଲୋକଙ୍କୁ ବିଭିନ୍ନ ଯୋଜନା ସମ୍ପର୍କରେ ସୂଚନା ଓ ପରାମର୍ଶ ଦେବା ନିମନ୍ତେ ବିଭିନ୍ନ ଷ୍ଟଲ୍ ଖୋଲାଯାଇଥିଲା। ଏ ଅବସରରେ ମାଛ, ଗୋପାଳନ, କୁକୁଡ଼ା ପାଳନ ଆଦି ଉଦ୍ୟୋଗ ପ୍ରତିଷ୍ଠା କରି ଆତ୍ମନିର୍ଭରଶୀଳ ହୋଇଥିବା ୮ ଜଣ ଉଦ୍ୟୋଗୀଙ୍କୁ ପ୍ରୋତ୍ସାହନ ରାଶି ଓ ମାନପତ୍ର ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। ରାଜନଗର ବ୍ଲକ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ପ୍ରକାଶ ଜେନା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିଲେ। ଗରଦପୁର ବ୍ଲକ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ନିର୍ମାଲ୍ୟ ପତି ଧନ୍ୟବାଦ ଦେଇଥିଲେ।



# ଜାତୀୟ ଲୋକ ସେବା ପ୍ରସାରଣ ଦିବସ

**କେନ୍ଦ୍ରାପଡ଼ା, ୧୪।୧୧(ସମିସ):** ବାରୁଅସ୍ଥ ରେଡ଼ିଓ ଭାବଗ୍ରାହୀର ସରୋଜିନୀ ଷ୍ଟୁଡ଼ିଓରେ ଜାତୀୟ ଲୋକ ସେବା ପ୍ରସାରଣ ଦିବସ ପାଳନ କରାଯାଇଛି। ଭାବଗ୍ରାହୀ କଳା ନିକେତନର ପ୍ରତିଷ୍ଠାତା ସଙ୍ଗୀତଜ୍ଞ ବିମଳ ପରିଡ଼ା ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ରେଡ଼ିଓ ଭାବଗ୍ରାହୀର ମୁଖ୍ୟ ଟ୍ରଷ୍ଟି ଧୀରାମଣି ପରିଡ଼ା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ପରେ କଣ୍ଠଶିଳ୍ପୀ ନିରୁପମା ଜେନା ଲୋକ ସେବା ପ୍ରସାରଣ ଦିବସ ଉପଲକ୍ଷେ ସ୍ୱାଗତ ସଙ୍ଗୀତ ପରିବେଷଣ କରିଥିଲେ। ଗୀତିକାର ବିମଳ ପରିଡ଼ା କହିଥିଲେ, ୧୯୪୭ ନଭେମ୍ବର ୧୨ ତାରିଖରେ ଜାତିର ପିତା ମହାତ୍ମା ଗାନ୍ଧୀ ଦିଲ୍ଲୀ ରେଡ଼ିଓ ଷ୍ଟେସନ ଷ୍ଟୁଡିଓରେ ପ୍ରଥମ ଓ ଶେଷ ଥର ପାଇଁ ଜନସେବାର ଆବଶ୍ୟକତା ସମ୍ପର୍କରେ ବାର୍ତ୍ତା ପ୍ରଦାନ କରିଥିଲେ। ସେହି ଐତିହାସିକ ଘଟଣାକୁ ସ୍ମରଣୀୟ ରଖିବା ପାଇଁ ଏହି ଦିନ ପ୍ରତିବର୍ଷ ଜାତୀୟ ଲୋକ ସେବା ପ୍ରସାରଣ ଦିବସ ଭାବେ ପାଳନ ହେଉଛି। ସେ ଆହୁରି କହିଥିଲେ, ଏହି ଦିବସ ପ୍ରସାର ଭାରତୀର 'ବହୁଜନ ହିତାୟ, ବହୁଜନ ସୁଖାୟ' ଉଦ୍ଦେଶ୍ୟକୁ ଅଧିକ ସୁଦୃଢ଼ କରିବା ସହିତ ଆକାଶବାଣୀର ଜନସେବା ମିଶନକୁ ସମର୍ପିତ ଭାବେ ଅଗ୍ରସର କରୁଛି। ରେଡ଼ିଓ ସହାୟକ ଗୌରବ ଦାସ, ଅଙ୍କିତା ପରିଡ଼ା, ଶୁଭଲକ୍ଷ୍ମୀ ପରିଡ଼ା, ରାଜଲକ୍ଷ୍ମୀ ପରିଡ଼ା, ବିଶ୍ୱଜିତ ପରିଡ଼ା, ସୁଶ୍ରୀ ସଙ୍ଗୀତା ଜେନା ପ୍ରମୁଖ ଉପସ୍ଥିତ ଥିଲେ। ପ୍ରବଚକ ବିକ୍ରମ କେଶରୀ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

# ବେଣୀପୁରରେ 'ଆମ ଗାଁରେ ତହସିଲ କାର୍ଯ୍ୟାଳୟ'

**ପଞ୍ଚୁପାଣ୍ଡବ, ୧୪।୧୧(ସମିସ):** ଡେରାବିଶ ତହସିଲ ଅଧୀନସ୍ଥ ବେଣୀପୁର ପଞ୍ଚାୟତରେ 'ଆମ ଗାଁରେ ତହସିଲ କାର୍ଯ୍ୟାଳୟ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ରାଜନଗର ରାଜସ୍ୱ ନିରୀକ୍ଷକଙ୍କ ଅଧୀନ ଏହି କାର୍ଯ୍ୟକ୍ରମକୁ ମୁଖ୍ୟଅତିଥି ଡେରାବିଶ ତହସିଲଦାର ସରୋଜ ନାୟକ ଉଦ୍‌ଘାଟନ କରିଥିଲେ। ରାଜନଗର ରାଜସ୍ୱରେ ଥିବା ରଘୁଦେଇପୁର ଓ ବେଣୀପୁର ପଞ୍ଚାୟତର ପ୍ରାୟ ୮୩ ଜଣଙ୍କୁ ପଟ୍ଟା ପ୍ରଦାନ କରାଯାଇଥିବା ଆର୍‌ଆଇ ସାରଦା ପ୍ରସାଦ ପ୍ରଧାନ କହିଛନ୍ତି। ଏହି କାର୍ଯ୍ୟକ୍ରମ ଦ୍ୱାରା ବିବିଧ ଓ ଜାତିଗତ ପ୍ରମାଣପତ୍ର ପ୍ରଦାନ, ପଟ୍ଟା ବଣ୍ଟନ ଓ ଇ-ପାଉତି ମାଧ୍ୟମରେ ରାଜସ୍ୱ ପୈଠ, ଦାଖଲ ଖାରଜ ମାମଲା, କିସମ ପରିବର୍ତ୍ତନ ମାମଲା, ଆପୋଷ ବୁଝାମଣାରେ ଜମି ବଣ୍ଟନ ମାମଲା, ସିକିମ ସତ୍ତ୍ୱ, ଦେବ ବନ୍ଦୋବସ୍ତ ମାମଲାର ସମାଧାନ ଓ ବ୍ୟକ୍ତିଗତ, ସାମୁହିକ ଅଭିଯୋଗର ଶୁଣାଣି କରାଯାଇଥିଲା। ଅତିରିକ୍ତ ତହସିଲଦାର ଭାସ୍କର ବେହେରା, ରାଜସ୍ୱ ପରିଦର୍ଶକ ମାନସ ନାଥ, ରାଜନଗର ଆର୍‌ଆଇ ସାରଦା ପ୍ରଧାନ, ସରପଞ୍ଚ ମୋହନ ସାହୁ ଓ ସମିତି ସଭ୍ୟା କବିତା ସେଠୀ ଯୋଗ ଦେଇଥିଲେ। ପ୍ରଦୀପ ସାମଲ, ଚିନ୍ମୟ ସାହୁ, ଉମେଶ ସାହୁ, ଦୁଃଶାସନ ଦାସ ଓ ବିଭାଗୀୟ ଅଧିକାରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ପ୍ରହସନ ପାଲଟିଲା ଜିଲ୍ଲାପାଳଙ୍କ ରାଜସ୍ୱ ଜନଶୁଣାଣି ଶିବିର

# ତହସିଲ କାର୍ଯ୍ୟାଳୟରେ ଅବ୍ୟବସ୍ଥା; ଫେରିଲେ ଅଭିଯୋଗକାରୀ

**ଗରଦପୁର, ୧୪।୧୧(ସମିସ)**




ଗରଦପୁର ତହସିଲ କାର୍ଯ୍ୟାଳୟରେ ଆୟୋଜିତ ଜିଲ୍ଲାପାଳଙ୍କ ରାଜସ୍ୱ ଜନଶୁଣାଣି ଶିବିର ଆଜି ଲୋକଙ୍କ ଅସନ୍ତୋଷର ମଞ୍ଚରେ ପରିଣତ ହୋଇଛି। ସମସ୍ୟା ସମାଧାନ ପାଇଁ ଆୟୋଜିତ ଜନଶୁଣାଣି ଅବ୍ୟବସ୍ଥା ଆଜି କାର୍ଯ୍ୟାଳୟର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସକାଳ ୧୦.୩୦ରେ ଅତିରିକ୍ତ ଜିଲ୍ଲାପାଳଙ୍କ ଉପସ୍ଥିତି ନିର୍ଦ୍ଧାରିତ ଥିଲେ ମଧ୍ୟ ସେ ୧୨.୪୫ରେ ଶିବିରରେ ପହଞ୍ଚିଥିଲେ। ଦୀର୍ଘ ସମୟ ଅପେକ୍ଷା କରିଥିବା ଅନେକ ଅଭିଯୋଗକାରୀ ହତାଶ ହୋଇ ଶେଷରେ ଫେରିଯିବାକୁ ବାଧ୍ୟ ହୋଇଥିଲେ। ଏହାଛଡ଼ା ତହସିଲଦାର ତୃପ୍ତି ଦାଶ ଛୁଟିରେ ଥିବାରୁ ଅଭିଯୋଗକାରୀଙ୍କ ଅସୁବିଧା ଆହୁରି ବଢ଼ାଇ ଦେଇଥିଲା।

ବିଳମ୍ବରେ ଆରମ୍ଭ ହୋଇଥିବା ଶିବିରରେ ୪୩ଟି ରାଜସ୍ୱ ଅଭିଯୋଗ ପଞ୍ଜିକୃତ ହୋଇଥିଲା। ମାପଚୁପ, ଦଖଲ ଖାରଜ, ମ୍ୟୁଟେସନ, ଜବରଦଖଲ ସହିତ ଅନ୍ୟାନ୍ୟ ମାମଲା ଅଧିକ ଦେଖିବାକୁ ମିଳିଥିଲା। କିନ୍ତୁ ନିର୍ଦ୍ଧାରିତ ସମୟରେ ଅଧିକାରୀ ଉପସ୍ଥିତ ନ ହେବାରୁ ଅଭିଯୋଗକାରୀ ଅସନ୍ତୋଷ ପ୍ରକାଶ କରିଥିଲେ। କେହି କେହି ତହସିଲ କାର୍ଯ୍ୟାଳୟରେ ତାଲା ପକାଇବାକୁ ଧମକ ଦେଇଥିଲେ। ତହସିଲ କାର୍ଯ୍ୟାଳୟରେ ବିନା ଲାଞ୍ଚରେ କାମ ହେଉନାହିଁ ବୋଲି ସ୍ଥାନୀୟ ଲୋକେ ଅଭିଯୋଗ କରିଥିଲେ। ସାଧାରଣ ମାପଚୁପ ପାଇଁ ଅଭିଯୋଗକାରୀଙ୍କୁ ବର୍ଷ ବର୍ଷ ଦୌଡ଼ିବାକୁ ପଡୁଛି। ୧୦ ଦଶ ବର୍ଷ ଧରି ଲଟକିଥିବା ଫାଇଲ ଆଜି ପର୍ଯ୍ୟନ୍ତ ନିଷ୍ପତ୍ତି ହୋଇପାରୁନି। ତହସିଲ ନକ୍ସା ସଂଶୋଧନ ପାଇଁ ଅର୍ଡର ହଜାଇ ଦେଇଥିବା ଭଳି ସଙ୍ଗୀନ ଅଭିଯୋଗ ମଧ୍ୟ ଆସିଛି। ଏ ନେଇ ବଡବେତରାର ସୁରେନ୍ଦ୍ର ବାରିକ, ପନ୍ଦିଆର ବୈଷ୍ଣବ ବେହେରା, କୋଡପଲାର ପ୍ରତାପ ପ୍ରଧାନ, କୋରୁଆର ଶିକ୍ଷାବିତ୍ ଲିଙ୍ଗରାଜ ଶତପଥୀ, ନଇଦିପୁରର ପ୍ରଶାନ୍ତ ଦାଶ ପ୍ରମୁଖ ଗଣମାଧ୍ୟମ ସମ୍ମୁଖରେ ତହସିଲ କାର୍ଯ୍ୟାଳୟର ଅନିୟମିତତା ବିରୋଧରେ ଖୋଲାଖୋଲି ମତ ପ୍ରକାଶ କରିଛନ୍ତି। ଛୋଟ କାମ ପାଇଁ ବର୍ଷ ବର୍ଷ ଦୌଡ଼ିବାକୁ ପଡୁଛି। ଅଧିକାରୀ ସମୟରେ ଆସନ୍ତି ନାହିଁ। ଲୋକଙ୍କ ସମସ୍ୟା ସିଧାସଳଖ ଶୁଣିବା, ଦ୍ରୁତ ନିରାକରଣ, ପ୍ରଶାସନ-ଜନତା ସମ୍ପର୍କ ସୁଦୃଢ଼ କରିବା ଭଳି ଦିଗରେ ଗରଦପୁର ତହସିଲ ବହୁ ଦୂରରେ ଥିବା ମତ ପ୍ରକାଶ ପାଇଛି। ତହସିଲ କାର୍ଯ୍ୟାଳୟର ଅନିୟମିତତା ଓ ଦୁର୍ନୀତିର ଭୟାବହ ଚିତ୍ର ଦେଖି ସାଧାରଣ ଲୋକ ଏବେ ଜିଲ୍ଲାପାଳଙ୍କ ପ୍ରତ୍ୟକ୍ଷ ହସ୍ତକ୍ଷେପ ଆଶା କରିଛନ୍ତି। ଏହି ତହସିଲକୁ ଏକ ଲୋକମୁଖୀ, ଦ୍ରୁତ ସେବାମୁଖୀ ଓ ଦୁର୍ନୀତିମୁକ୍ତ କାର୍ଯ୍ୟାଳୟ ଭାବେ ପୁନଃସ୍ଥାପିତ କରାଯିବାକୁ ସରକାରଙ୍କ ନିକଟରେ ସ୍ଥାନୀୟ ଅଞ୍ଚଳବାସୀ ଦାବି କରିଛନ୍ତି।

# ଅର୍ବାନ ବ୍ୟାଙ୍କ ପୂର୍ବତନ ସମ୍ପାଦକ ଯୁଧିଷ୍ଠିର ଜେନାଙ୍କ ବିୟୋଗରେ ଶୋକ

**କେନ୍ଦ୍ରାପଡ଼ା, ୧୪।୧୧(ସମିସ):** କେନ୍ଦ୍ରାପଡ଼ା ଅର୍ବାନ କୋ-ଅପରେଟିଭ ବ୍ୟାଙ୍କର ପୂର୍ବତନ ସମ୍ପାଦକ ଯୁଧିଷ୍ଠିର ଜେନାଙ୍କ ହୃଦ୍‌ଘାତରେ ଇଚ୍ଛାପୁରସ୍ଥିତ ବାସଭବନରେ ପରଲୋକ ଘଟିଛି। ତାଙ୍କ ବିୟୋଗରେ ବ୍ୟାଙ୍କ କର୍ମଚାରୀ ଓ ଅଧିକାରୀଙ୍କ ମଧ୍ୟରେ ଶୋକର ଛାୟା ଖେଳିଯାଇଛି। ସ୍ୱର୍ଗତ ଜେନା ୧୯୮୯ ଜୁଲାଇ ୧ରୁ ୧୯୯୦ ଅକ୍ଟୋବର ୧୬ ତାରିଖ ପର୍ଯ୍ୟନ୍ତ କେନ୍ଦ୍ରାପଡ଼ା ଅର୍ବାନ ବ୍ୟାଙ୍କର ସମ୍ପାଦକ ଭାବେ ଦାୟିତ୍ୱ ନିର୍ବାହ କରିଥିଲେ। ତାଙ୍କ କାର୍ଯ୍ୟକାଳ ସମୟରେ ବ୍ୟାଙ୍କର ବହୁ ଉନ୍ନତି ହୋଇଥିଲା। ବ୍ୟାଙ୍କ ସଭାପତି ଗୁରୁପ୍ରସାଦ ମହାନ୍ତି ଦିଲ୍ଲୀରେ ଥିବାବେଳେ ଏହି ଦୁଃଖଦ ଖବର ପାଇ ସ୍ୱର୍ଗତ ଜେନାଙ୍କ ପରିବାରକୁ ସମବେଦନା ଜଣାଇଛନ୍ତି। ତାଙ୍କ ଆତ୍ମାର ସଦଗତି ନିମନ୍ତେ ବଳଦେବଜୀଉଙ୍କ ନିକଟରେ ପ୍ରାର୍ଥନା କରିଛନ୍ତି। ଅର୍ବାନ ବ୍ୟାଙ୍କ ମୁଖ୍ୟ ଶାଖା ପରିସରରେ ମୁଖ୍ୟ କାର୍ଯ୍ୟନିର୍ବାହୀ ଭାଗ୍ୟଲକ୍ଷ୍ମୀ ପଣ୍ଡାଙ୍କ ପରିଚାଳନାରେ ଏକ ଶୋକସଭା ଆୟୋଜିତ ହୋଇଥିଲା। ଏହି ସଭାରେ ରାଜୀବଲୋଚନ ପଣ୍ଡା, ସୁରେଶ ପରିଡ଼ା, ହିମାଂଶୁ ଲେଙ୍କା, ଲଲାଟେନ୍ଦୁ ଦାସ, ଭଞ୍ଜକିଶୋର ଜେନା, ସୁକାନ୍ତ କର, ଆଦିତ୍ୟ ଶତପଥୀ, ସଙ୍ଗୀତା ନାୟକ, ଅରବିନ୍ଦ ସ୍ୱାଇଁ, ସନ୍ତୋଷ ରାଉତ ଯୋଗଦେଇ ସ୍ୱର୍ଗତ ଜେନାଙ୍କ ଆତ୍ମାର ସଦଗତି କାମନା କରିଥିଲେ।

# ସମ୍ପାଦକୀୟ



ଅନ୍ୟକୁ ମାତ୍ରାଧିକ ଭଲପାଇବା ଭିତରେ ନିଜକୁ ହଜାଇ ଦେବା ଓ ନିଜର ସ୍ୱତନ୍ତ୍ରତାକୁ ଭୁଲି ଯିବା ସବୁଠାରୁ କଷ୍ଟଦାୟକ ।
-ଅର୍ନେଷ୍ଟ ହେମିଙ୍ଗୱେ

ସକାଳ
THE SAKALA

## ମୁଦ୍ରାସ୍ଫୀତି ହ୍ରାସ

ରିଜର୍ଭ ବ୍ୟାଙ୍କ ପକ୍ଷରୁ ସୁଧହାର ବା ରିପୋ ରେଟ ହ୍ରାସ ଅନେକଟା ନିର୍ଭରଶୀଳ ମୁଦ୍ରାସ୍ଫୀତି ସ୍ଥିତିକୁ ନେଇ । ଗତ ଅକ୍ଟୋବରରେ ଖୁଚୁରା ମୁଦ୍ରାସ୍ଫୀତି ହାର ୦.୨୫ ପ୍ରତିଶତକୁ ହ୍ରାସ ପାଇଛି । ତେଣୁ ଆସନ୍ତା ଡିସେମ୍ବରରେ ଅନୁଷ୍ଠିତ ହେବାକୁ ଥିବା ରିଜର୍ଭବ୍ୟାଙ୍କ ମୁଦ୍ରାନୀତି କମିଟିର ନିଷ୍ପତ୍ତିକୁ ଏହା ନିଶ୍ଚୟ ପ୍ରଭାବିତ କରିବ । କାରଣ ଗତ ୧୦ ବର୍ଷ ମଧ୍ୟରେ ମୁଦ୍ରାସ୍ଫୀତି ଏବେ ସର୍ବନିମ୍ନ ସ୍ତରରେ ପହଞ୍ଚିଛି । ରିଜର୍ଭବ୍ୟାଙ୍କ ପକ୍ଷରୁ ପ୍ରୟୋଗ କରାଯାଇଥିବା କଟକଣା ଅନୁଯାୟୀ ୬ ପ୍ରତିଶତ ମୁଦ୍ରାସ୍ଫୀତି ସହନୀୟ ସ୍ଥିତି ଏବଂ ୪ ପ୍ରତିଶତକୁ ହ୍ରାସ ରହିଛି ଲକ୍ଷ୍ୟ । ଏବେ ପରିସ୍ଥିତି ସଂପୂର୍ଣ୍ଣ ରୂପେ ବଦଳି ଯାଇଛି । ତେଣୁ ରେପୋରେଟ ହ୍ରାସ ପାଇଁ ମୁଦ୍ରାନୀତି କମିଟି ଆଉ କୁଣ୍ଠିତ ହେବେ ନାହିଁ ।

ଜାତୀୟ ପରିସଂଖ୍ୟାନ କାର୍ଯ୍ୟାଳୟ ପକ୍ଷରୁ ପ୍ରକାଶିତ ରିପୋର୍ଟରେ ଦର୍ଶାଯାଇଛି ଯେ ଖାଦ୍ୟ ସାମଗ୍ରୀର ଦରଦାମ ହ୍ରାସ ସହିତ ସାମଗ୍ରୀ ଓ ସେବା ଟିକସ (ଜିଏସଟି) ରେ ସଂସ୍କାର ଅଣାଯାଇଥିବାରୁ ତାହାର ଅନୁକୂଳ ପ୍ରଭାବ ମୁଦ୍ରାସ୍ଫୀତି ଉପରେ ପଡ଼ିଛି । ପନିପରିବା, ଫଳ, ଅଣ୍ଡା ଭଳି ସାମଗ୍ରୀ ମୂଲ୍ୟ କମିଥିବା ବେଳେ ପରିବହନ ଓ ଯୋଗାଯୋଗ ଅପେକ୍ଷାକୃତ ଶସ୍ତା ହୋଇଥିବାରୁ ଖୁଚୁରା ସାମଗ୍ରୀର ମୂଲ୍ୟକୁ ତାହା ପ୍ରଭାବିତ କରିଛି । ଏହି ପରିସଂଖ୍ୟାନର ସବୁଠାରୁ ଉଲ୍ଲେଖଯୋଗ୍ୟ ଦିଗ ହେଲା, ସହରାଞ୍ଚଳ ଅପେକ୍ଷା ଗ୍ରାମାଞ୍ଚଳରେ ଖାଉଟି ମୁଦ୍ରାସ୍ଫୀତି ଅପେକ୍ଷାକୃତ ଅଧିକ ହ୍ରାସ ଘଟିଛି । ତେଣୁ ଗ୍ରାମୀଣ ଜୀବନ ଦରଦାମ ବୃଦ୍ଧି ଜନିତ କଷ୍ଟରୁ ମୁକ୍ତ ହେଉଛି । ଏହି ପରିବେଶରେ ଗ୍ରାମାଞ୍ଚଳରେ ଉପାର୍ଜନ ବୃଦ୍ଧି ସକାଶେ ସୁବିଧା ଓ ସୁଯୋଗ ସୃଷ୍ଟି ହେଲେ ସେମାନଙ୍କ କ୍ରୟ ଶକ୍ତି ବଢ଼ିବ । ସାମଗ୍ରିକ ଭାବେ ତାହା ବଜାର ବ୍ୟବସ୍ଥାକୁ ସୁଧାରିବାରେ ସହାୟକ ହେବ । ଓଡ଼ିଶା ସମେତ ଯେଉଁସବୁ ପ୍ରମୁଖ ରାଜ୍ୟରେ ଖୁଚୁରା ମୁଦ୍ରାସ୍ଫୀତି ହାର ବିଯୁକ୍ତସ୍ଥିତିରେ ରହିଛି ସେମାନଙ୍କ ମଧ୍ୟରେ ଆସାମ, ବିହାର, ଛତିଶଗଡ଼, ଦିଲ୍ଲୀ, ଗୁଜୁରାଟ, ହରିୟାଣା, ଝାଡ଼ଖଣ୍ଡ, ତେଲେଙ୍ଗାନା, ମଧ୍ୟପ୍ରଦେଶ, ରାଜସ୍ଥାନ ଓ ଉତ୍ତର ପ୍ରଦେଶ ଅନ୍ୟତମ ।

ଦେଶର ଏଭଳି କିଛି ରାଜ୍ୟ ଅଛି, ଯେଉଁଠାରେ ଖୁଚୁରା ମୁଦ୍ରାସ୍ଫୀତି ହାର ଏବେ ମଧ୍ୟ ଉଦ୍‌ବେଗଜନକ ସ୍ଥିତିରେ ରହିଛି । କେରଳରେ ଏହି ହାର ସର୍ବାଧିକ ୮.୫୬ ପ୍ରତିଶତ ହୋଇଛି । ଏହା ପଛକୁ ଜାମ୍ମୁ-କାଶ୍ମୀରରେ ୨.୯୫ ପ୍ରତିଶତ ଓ କର୍ଣ୍ଣାଟକରେ ୨.୩୪ ପ୍ରତିଶତ ରହିଛି । କେରଳର ଏହି ସ୍ଥିତି କ୍ରମାଗତ ୧୦ ମାସ ଧରି ବଳବତ୍ତର ରହିଛି । ତେବେ ଏହି ପାର୍ଥକ୍ୟ କାହିଁକି? ହୋଇପାରେ ସେଠାରେ ସାଧାରଣ ଗ୍ରାହକଙ୍କ କ୍ରୟଶକ୍ତି ଅଧିକ । ସେମାନଙ୍କ ବର୍ଦ୍ଧିତ ଚାହିଦା ଯୋଗୁଁ ବଜାରରେ ଉପଲବ୍ଧ ସାମଗ୍ରୀର ମୂଲ୍ୟ ବୃଦ୍ଧି ପାଇଛି । ଆମ ଦେଶର ୧୪୫ କୋଟି ଜନସମୁଦାୟର ବର୍ଦ୍ଧିତ କ୍ରୟଶକ୍ତି ହିଁ ବଜାର ଅର୍ଥନୀତିକୁ ସମୃଦ୍ଧ କରିପାରିବ । ମୁଦ୍ରାସ୍ଫୀତିରେ ପରିଲକ୍ଷିତ ଅବନତିରୁ ସ୍ପଷ୍ଟ ଯେ ଖାଉଟିଙ୍କ ଚାହିଦା ଆଶାନୁରୂପ ଭାବେ ବୃଦ୍ଧି ପାଉନାହିଁ । ତେଣୁ ରିଜର୍ଭବ୍ୟାଙ୍କ ସୁଧହାର ହ୍ରାସ ମାଧ୍ୟମରେ ମୁଦ୍ରାପ୍ରଚଳନ ବୃଦ୍ଧି କରିବାକୁ ଚାହାନ୍ତି । ଋଣପ୍ରାପ୍ତି ଯେତେ ସହଜ ଓ ସରଳ ହେଲେ ମଧ୍ୟ ଗ୍ରହୀତାଙ୍କ ଆର୍ଥିକ ସାମର୍ଥ୍ୟ ବୃଦ୍ଧି ନ ପାଇଲେ ପରିଶୋଧ ଜନିତ ସମସ୍ୟା ସ୍ଥିତିକୁ ଆହୁରି ବିଗାଡ଼ି ଦେବ । ସରକାର ସାଧାରଣ ଲୋକଙ୍କ ଉପାର୍ଜନ ବୃଦ୍ଧି ପ୍ରତି ସ୍ୱତନ୍ତ୍ର ଧ୍ୟାନ ନଦେଲେ ଆର୍ଥିକ ସ୍ଥିତିରେ ଆଶାଜନକ ପରିବର୍ତ୍ତନ ସମ୍ଭବ ନୁହେଁ ।

## ସାମାଜିକ କଳଙ୍କ

ଆମ ରାଜ୍ୟର ଗ୍ରାମୀଣ ଜୀବନରେ ଗୁଣିଗାରେଡ଼ି ଓ ତନ୍ତ୍ର ପ୍ରୟୋଗ ଭଳି ଅନ୍ଧବିଶ୍ୱାସ ଏବେ ମଧ୍ୟ ତିଷ୍ଠି ରହିଛି । ବହୁ ଘଟଣାରେ ଏହା ପାରିବାରିକ ଓ ସାମାଜିକ ଜୀବନକୁ ପ୍ରଭାବିତ କରୁଛି । ଏହାକୁ କେନ୍ଦ୍ର କରି ଆପରାଧିକ କାର୍ଯ୍ୟକଳାପ ଏବଂ ଏକାଧିକ କ୍ଷେତ୍ରରେ ହତ୍ୟାକାଣ୍ଡ ଭଳି ନୃଶଂସତା ପରିଲକ୍ଷିତ ହେଉଛି । ବିଜ୍ଞାନ ଓ ବୈଷୟିକ ଜ୍ଞାନକୌଶଳର ବିକାଶ ଓ ପ୍ରୟୋଗ କ୍ରମେ ଲୋକଙ୍କ ମନରୁ ଏହି ବିଭ୍ରାନ୍ତି ଦୂର କରିବାରେ ଅନେକାଂଶରେ ସହାୟକ ହୋଇଛି । ଏହାସତ୍ତ୍ୱେ ରାଜ୍ୟର ଦଶଟି ଜିଲ୍ଲାରେ ଏଭଳି ଅନ୍ଧବିଶ୍ୱାସ ସହ ସଂଶ୍ଳିଷ୍ଟ କିଛି ଲୋକ ତନ୍ତ୍ର ପ୍ରୟୋଗ ଓ ତାନ୍ତ୍ରିକ ସନ୍ଦେହରେ ସେମାନଙ୍କୁ ଶାରୀରିକ ନିର୍ଯାତନା ଦେବା ସହ ନୃଶଂସ ଭାବେ ହତ୍ୟା ମଧ୍ୟ କରୁଛନ୍ତି । ଏହାର ପ୍ରୟୋଗ ଓ ପ୍ରୋତ୍ସାହନର ପୃଷ୍ଠଭାଗରେ ଥିବା ବ୍ୟକ୍ତିବିଶେଷଙ୍କ ବିରୋଧରେ ଦଣ୍ଡବିଧାନ ହେଉନଥିବାରୁ ଆମ ସାମାଜିକ ବ୍ୟବସ୍ଥାରେ ଏବେ ମଧ୍ୟ ଏହି ଅନ୍ଧବିଶ୍ୱାସ ତିଷ୍ଠି ରହିଛି । ତେଣୁ ୨୦୧୩ ମସିହାର ଓପିଡବ୍ଲ୍ୟୁ ଆଇନର ପରିସରକୁ ଆହୁରି ବ୍ୟାପକ କରିବା ସକାଶେ ସରକାର ଚିଠା ସଂଶୋଧନ ପ୍ରସ୍ତୁତ କରିଛନ୍ତି ।

ରାଜ୍ୟର ଆଦିବାସୀ ବହୁଳ ଅଞ୍ଚଳରେ କ୍ରମାଗତ ଭାବେ ଗୁଣିଗାରେଡ଼ିକୁ କେନ୍ଦ୍ର କରି ଶାରୀରିକ ଅତ୍ୟାଚାର ଓ ହିସାକାଣ୍ଡ ଏବେ ମଧ୍ୟ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇଛି । ଲୋକଙ୍କ ମନରୁ ଏପ୍ରକାର ଅନ୍ଧବିଶ୍ୱାସ ଦୂର କରିବା ଦିଗରେ ସାମାଜିକ ସ୍ତରରେ ସେଭଳି ସଚେତନତା ସୃଷ୍ଟି ଉଦ୍ୟମ ହୋଇନାହିଁ । ମୟୂରଭଞ୍ଜ, ସୁନ୍ଦରଗଡ଼, କେଉଁଝର, ରାୟଗଡ଼ା, ଗଞ୍ଜାମ, ଗଜପତି, ନବରଙ୍ଗପୁର ଓ କନ୍ଧମାଳ ଜିଲ୍ଲାରେ ତନ୍ତ୍ର ଓ ମନ୍ତ୍ର ପ୍ରୟୋଗ ଭଳି ଅନ୍ଧବିଶ୍ୱାସରୁ ସୃଷ୍ଟି ହିଂସାକାଣ୍ଡରେ ୬୦୬ ଲୋକଙ୍କ ଗତ ୧୧ ବର୍ଷରେ ମୃତ୍ୟୁ ଘଟିଛି । ଏକଥା ସତ ଯେ ୨୦୧୩ ର ଆଇନ ଏପ୍ରକାର ଅମାନୁଷିକ କାର୍ଯ୍ୟକଳାପକୁ ରୋକିବାରେ କେତେକାଂଶରେ ସଫଳ ହୋଇଛି । ତେବେ ଆଇନ ପରିସରରୁ ଅସଲ ପ୍ରାୟୋଜକ ଓ ସହାୟକ ଖସି ଯାଉଥିବାରୁ ନିୟନ୍ତ୍ରଣ ପ୍ରକ୍ରିୟା ସେଭଳି ପ୍ରଭାବୀ ହୋଇପାରୁନାହିଁ । ଏବେ ମଧ୍ୟ ବର୍ଷକୁ ଅନ୍ୟୂନ ୫୦ ଜଣ ଏହି ଅନ୍ଧବିଶ୍ୱାସର ଶିକାର ହେଉଛନ୍ତି । ଗତ ୫ ବର୍ଷ ମଧ୍ୟରେ ଏପ୍ରକାର କାର୍ଯ୍ୟକଳାପ ବିରୋଧରେ ୪୦୮ ମାମଲା ରୁଜୁ ହେବା ସହ ୩୮୮ ଜଣଙ୍କୁ ଗିରଫ କରାଯାଇଛି । ପ୍ରଣୀତ ଆଇନ କେତେଦୂର ସଫଳ ଓ ବିଫଳ ହେଉଛି ସେ ନେଇ ନିର୍ଦ୍ଦିଷ୍ଟ ବ୍ୟବଧାନରେ ତର୍ଜମା କରାଯିବା ଜରୁରୀ । କାର୍ଯ୍ୟକାରୀ ହେଉଥିବା ଆଇନର ପରିସର ବୃଦ୍ଧି ଓ କଠୋର ଦଣ୍ଡବିଧାନର ଆବଶ୍ୟକତା ଅନୁଭବ କରି ରାଜ୍ୟ ବିଧି ଆୟୋଗ ଦେଇଥିବା ସୁପାରିସ କ୍ରମେ ସରକାର ଓ ବିଭାଗୀୟ ଅଧିକାରୀଙ୍କ ପକ୍ଷରୁ ଚିଠା ସଂଶୋଧନ ପ୍ରସ୍ତାବ ପ୍ରସ୍ତୁତ ହୋଇଛି ।

ଗୁଣିଗାରେଡ଼ି ସନ୍ଦେହରେ କାହାକୁ ହତ୍ୟାକରିବା, ସାମାଜିକ ନିର୍ଯାତନା ଦେବା ଭଳି ଜଘନ୍ୟ ଅପରାଧ ଏକ ସାମାଜିକ କଳଙ୍କ । ମାନବ ସଭ୍ୟତା ବିକାଶର ପ୍ରଭାବ ଅନୁଭୂତ ହୋଇ ନଥିବା ଆମ ରାଜ୍ୟର ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ଶିକ୍ଷା ଓ ସ୍ୱାସ୍ଥ୍ୟର ଯେ ଆଶାନୁରୂପ ଅଗ୍ରଗତି ହୋଇପାରିନାହିଁ ତାହାକୁ ସ୍ୱୀକାର କରିବାକୁ ପଡ଼ିବ । ଏହି କଳଙ୍କିତ ଅଧ୍ୟାୟର ପରିସମାପ୍ତି ସକାଶେ ଆଇନର ପରିସର ବୃଦ୍ଧି ଓ କଠୋର ଦଣ୍ଡବିଧାନ ଯେତେ ଜରୁରୀ ନୁହେଁ, ତା'ଠାରୁ ଅଧିକ ଜରୁରୀ ସେମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି ଏବଂ ସାମାଜିକ ବ୍ୟବସ୍ଥାକୁ ଯୁଗୋପଯୋଗୀ କରିବା ସକାଶେ ପରିବର୍ତ୍ତିତ ଦେଶଦୁନିଆର ବାର୍ତ୍ତା ପହଞ୍ଚାଇବା । ଏଥିଲାଗି ତୃଣମୂଳ ସ୍ତରରେ ସମର୍ପିତ ସାମାଜିକ କର୍ମୀ ନିୟୋଜିତ ହେବା ଆବଶ୍ୟକ ।

# ବିହାର ନିର୍ବାଚନ: ଏକ ଦୃଷ୍ଟିପାତ

ଦୁଇପର୍ଯ୍ୟାୟରେ ଅନୁଷ୍ଠିତ ବିହାର ବିଧାନସଭା ନିର୍ବାଚନର ଫଳାଫଳ ଓ ନିଷ୍କର୍ଷ ପ୍ରାୟତଃ ସ୍ପଷ୍ଟ ହୋଇସାରିଛି । ଯଦି ଏନ୍‌ଡିଏରେ ସେଭଳି ନେତୃତ୍ୱ କନ୍ଦଳ ସୃଷ୍ଟି ନ ହୁଏ ତେବେ ନୀତୀଶ କୁମାର ୧୦ମ ଥର ପାଇଁ ବିହାରର ମୁଖ୍ୟମନ୍ତ୍ରୀ ଦାୟିତ୍ୱ ନେବାକୁ ଯାଉଛନ୍ତି । ଅପରପକ୍ଷରେ ପ୍ରମୁଖ ଆଶାୟୀ ଲାଲୁ ପ୍ରସାଦ ଯାଦବଙ୍କ ଆରଜେଡିକୁ ୨୯ ଆସନରେ ସନ୍ତୁଷ୍ଟ ହେବାକୁ ପଡ଼ିଥିବା ବେଳେ ଦେଶର ସର୍ବପୁରାତନ ଜାତୀୟ ଦଳ କଂଗ୍ରେସ ଦୁଇ ଅଙ୍କ ମଧ୍ୟ ଟପିପାରିନାହିଁ । ଏହି ଦଳ ମାତ୍ର ୬ଟି ଆସନ ଜିତିପାରିଛି ।

ଆଞ୍ଚଳିକ ଓ ଜାତୀୟ ରାଜନୀତିରେ ସବୁବେଳେ ଚର୍ଚ୍ଚାରେ ରହୁଥିବା ଏବଂ ଉଦାହରଣ ସୃଷ୍ଟି କରିଆସିଥିବା ବିହାର ଏଥର ରେକର୍ଡ ସଂଖ୍ୟକ ଭୋଟଦାନ ହାର ସହିତ ଜାତୀୟ ସ୍ତରରେ ଦୃଷ୍ଟି ଆକର୍ଷଣ କରିଥିଲା । ଅନଗ୍ରସର ଓ ଅଳ୍ପପାଠୁଆ ରାଜ୍ୟ ଭାବେ ଅପଖ୍ୟାତି ଅର୍ଜନ କରିଥିବା ଏହି ରାଜ୍ୟର ମହିଳା ଭୋଟରମାନେ ଏଥର ବିପୁଳ ଉତ୍ସାହର ସହିତ ରେକର୍ଡ ସଂଖ୍ୟାରେ ମତଦାନ କରିଥିବାରୁ ଭୋଟଦାନ ହାର ପୂର୍ବର ସମସ୍ତ ରେକର୍ଡ ଭାଙ୍ଗିଥିଲା । ସାଧାରଣତଃ ଭାରତୀୟ ନିର୍ବାଚନୀ ରାଜନୀତିରେ ଭୋଟଦାନ ହାର ଅଧିକ ହେଲେ ସରକାର ବଦଳିବାର ଏକ ଅଲିଖିତ ଧାରଣା ରହି ଆସିଛି । ତେଣୁ ଏଥର ବିହାରରେ ସରକାର ବଳଦିବ ବୋଲି ଆରଜେଡି ଓ କଂଗ୍ରେସ ନେତୃତ୍ୱାଧୀନ ମହାଗଟବନ୍ଧନ ମେଣ୍ଟ ପ୍ରବଳ ଆଶାୟୀ ଥିଲେ । କିନ୍ତୁ ସବୁ ଧାରଣା ଓ ଅଙ୍କକଷାକୁ ଓଲଟପାଲଟ କରି ବିହାର ପୁଣି ଥରେ ଜାତୀୟ ରାଜନୀତିରେ ଆଚମ୍ବିତ ପରିବେଶ ସୃଷ୍ଟି କରିଛି । ସେହିପରି ବିହାର ବିଧାନସଭା ନିର୍ବାଚନରେ ପରେ ଏକ୍‌ଜିଟ୍ ପୋଲ୍ ବା ବୁଥ ବାହୁଡ଼ା ମତ ଆକଳନ ପ୍ରାୟତଃ ଭୁଲ୍ ସାବ୍ୟସ୍ତ ହୋଇଥିବା ବେଳେ ଏଥର ଠିକ୍ ପ୍ରମାଣିତ ହୋଇଛି ।

ନିର୍ବାଚନ ଫଳାଫଳକୁ ନେଇ ରାଜନୈତିକ ବିଶାରଦମାନେ ଆଲୋଚନା ଆରମ୍ଭ କରିସାରିଛନ୍ତି । ଜାତୀୟ ରାଜନୀତିରେ ଏହାର ପ୍ରଭାବ ରହୁଥିବାରୁ ଆହୁରି କିଛିଦିନ ଧରି ତର୍ଜମା ଓ ଆଲୋଚନା ଜାରି ରହିବ । ତେବେ ଏନ୍‌ଡିଏର ବିପୁଳ ବିଜୟ ଓ ମହାଗଟ୍‌ବନ୍ଧନ, ବିଶେଷକରି କଂଗ୍ରେସର ଶୋଚନୀୟ ପରାଜୟକୁ ନେଇ ରାଜନୈତିକ ପଣ୍ଡିତମାନେ ଏବେ ମୁଖର ହୋଇଛନ୍ତି । ବିରୋଧୀଦଳର ପରାଜୟ ପାଇଁ ଦୁର୍ବଳ ନେତୃତ୍ୱ ଓ ଅନାକର୍ଷଣୀୟ ପ୍ରସଙ୍ଗକୁ ଦାୟୀ କରାଯାଇଥିବା ବେଳେ ଶାସକ ଦଳର ବିଜୟ ପାଇଁ ମହିଳା ଭୋଟର, ପ୍ରବାସୀ ଶ୍ରମିକଙ୍କ ଭୋଟ, ଫ୍ରିବିଜ୍ ବା୧୦ ହଜାର ଟଙ୍କା ବଣ୍ଟନ ସହିତ ନୀତୀଶଙ୍କ କେତେକ ସାମାଜିକ କାର୍ଯ୍ୟକ୍ରମକୁ ଶ୍ରେୟ ଦିଆଯାଇଛି । ଏଥିସହିତ ବିଜେପି ବିରୋଧରେ ପ୍ରମୁଖ ନିର୍ବାଚନୀ ଅସ୍ତ୍ର 'ଭୋଟ ଚୋରି' ଅଭିଯାନର ପ୍ରଥମ ପ୍ରୟୋଗ କଂଗ୍ରେସ ନେତା ରାହୁଲ୍ ଗାନ୍ଧୀ ବିହାରରେ କରିଥିବାରୁ ତା'ର ପ୍ରଭାବ ଉପରେ ଦେଶର ସମସ୍ତଙ୍କ ଦୃଷ୍ଟି ନିବଦ୍ଧ ଥିଲା । ଆଗାମୀ କେତେକ ରାଜ୍ୟର ବିଧାନସଭା ନିର୍ବାଚନ ସହିତ ଜାତୀୟ ନିର୍ବାଚନ ଉପରେ ଏହାର ପ୍ରଭାବ ପଡ଼ିବ କି ନାହିଁ ତା'ର ପ୍ରୟୋଗଶାଳା ମଧ୍ୟ ବିହାର ଥିଲା । କିନ୍ତୁ ରାହୁଲ୍ ଗାନ୍ଧୀଙ୍କ ଏହି ଅସ୍ତ୍ର ପ୍ରଭାବହୀନ ସାବ୍ୟସ୍ତ ହୋଇଛି ।

କଂଗ୍ରେସ ନେତୃତ୍ୱାଧୀନ ମହାଗଟବନ୍ଧନ ବିଫଳ ହେବାର ପ୍ରମୁଖ କାରଣ ମଧ୍ୟରୁ ପ୍ରଥମତଃ, ପ୍ରାର୍ଥିପତ୍ର ଦାଖଲ ପର୍ଯ୍ୟନ୍ତ ମେଣ୍ଟ ଭିତରେ ଆସନ ବୁଝାମଣା ଅଙ୍କ ଛିଣ୍ଡି ନଥିଲା । ଶେଷ ମୁହୂର୍ତ୍ତରେ ତରବରିଆ ଭାବରେ ଏହି କାର୍ଯ୍ୟଟି ହେଲା । ନିର୍ବାଚନ ଲଢ଼ିବା ପାଇଁ ଟିକେଟ୍ ପାଇଥିବା କିଛି କଂଗ୍ରେସ ପ୍ରାର୍ଥୀଙ୍କ ନିକଟରୁ ତାହା ପୁଣି ପ୍ରତ୍ୟାହାର କରି ନିଆଯାଇଥିଲା । ଅଳ୍ପଶିକ୍ଷିତ ହେଲେ ମଧ୍ୟ ବିହାର ଭୋଟର ଯେ ଏହାକୁ ଅତି ଗୁରୁତ୍ୱର ସହ ନିରୀକ୍ଷଣ କରୁଥିଲେ, ତାହା ଆରଜେଡି କିମ୍ବା କଂଗ୍ରେସର ନେତୃମଣ୍ଡଳୀ ଦୃଷ୍ଟି ଦେଇ ନଥିଲେ । ବୋଧହୁଏ ଭୋଟରଙ୍କ ମନରେ ଧାରଣା ସୃଷ୍ଟି ହେଲା ଯେଉଁମାନେ ନିଜ ସ୍ୱାର୍ଥ ପାଇଁ ବିହାରକୁ ଭାଗବଣ୍ଟା କରୁଛନ୍ତି ସେମାନେ ଶାସନ କ୍ଷମତାକୁ ଆସିଲେ ଲୋକହିତ ଅପେକ୍ଷା ନିଜ ସ୍ୱାର୍ଥ ଉପରେ ଅଧିକ ଧ୍ୟାନ ଦେଇ କଳହ କରିବେ, ଯାହା ସରକାରକୁ ଅଧିକ ଦିନ ଧରି ରଖିପାରିବ ନାହିଁ । ବିହାରରୁ ଏନ୍‌ଡିଏକୁ ହଟାଇବାକୁ ଦୃଢ଼ ପରିକର ଥିଲେ କଂଗ୍ରେସ ନିଜେ ନିର୍ବାଚନରୁ ଓହରି ଯାଇ ଆରଜେଡିକୁ ପୂର୍ଣ୍ଣ ସମର୍ଥନ କରିବାର ଆବଶ୍ୟକ ଥିଲା । ଏହାପରେ ହୁଏତ ବିହାରରେ କ୍ଷମତା ଦଖଲ ପାଇଁ କଂଗ୍ରେସ ପାଖରେ ସୁଯୋଗ ରହିଥା'ନ୍ତା । ଟିକେଟ୍ ପ୍ରତ୍ୟାହାର ପରେ କଂଗ୍ରେସରେ ଆନ୍ତଃକନ୍ଦଳ ଏକ ସଙ୍କଟର ରୂପ ନେଲା, ଯାହା ଫଳରେ ଦଳ ଦୁଇ ଅଙ୍କ ମଧ୍ୟ ଟପି ପାରିଲା ନାହିଁ ।

ଦ୍ୱିତୀୟତଃ, କଂଗ୍ରେସ ଅଣଯାଦବ ଭୋଟ ହାତେଇବା ପାଇଁ ତେଜସ୍ୱୀ ଯାଦବଙ୍କ ମୁଖ୍ୟମନ୍ତ୍ରୀ ପ୍ରାର୍ଥିତ୍ୱକୁ ପ୍ରତ୍ୟକ୍ଷ ସମର୍ଥନ କଲା ନାହିଁ । ତେଣୁ ମାତ୍ର ଦୁଇ/ତିନୋଟି ସଭାକୁ ଛାଡ଼ିଦେଲେ ରାହୁଲ୍ ଗାନ୍ଧୀ ଓ ତେଜସ୍ୱୀ ଯାଦବଙ୍କୁ ଗୋଟିଏ ମଞ୍ଚରେ ଦେଖିବାକୁ ମିଳିଲା ନାହିଁ । ଏହା ଭୋଟରଙ୍କୁ ଭୁଲ୍ ବାର୍ତ୍ତା ଦେଲା । ତୃତୀୟତଃ, ଦଳିତ ବର୍ଗର ଭୋଟ ହାତେଇବା ପାଇଁ କଂଗ୍ରେସ ଉଚ୍ଚବର୍ଗକୁ ସମ୍ପୂର୍ଣ୍ଣ ଅଣଦେଖା କଲା, ଯାହାର ଧ୍ରୁବୀକରଣ ଭୋଟ ଫଳାଫଳରେ ପ୍ରତିଫଳିତ ହେଲା । ଚତୁର୍ଥତଃ, ବିହାରବାସୀ ଲାଲୁ ପ୍ରସାଦ ଯାଦବଙ୍କ 'ଜଙ୍ଗଲ ରାଜ' ଶାସନରେ ଏତେ ଅତିଷ୍ଠ ହୋଇସାରିଥିଲେ ଯେ ସେମାନେ ପୁଣି ଥରେ ବିପଦ ବରଣ କରିବାକୁ ଚାହିଁଲେ ନାହିଁ । ଏହି କଥାଟି ଏନ୍‌ଡିଏ ଉଚିତ ସମୟରେ ବିହାର ଭୋଟରଙ୍କୁ ମନେ ପକାଇ ଦେଲା । ବିହାରରେ ଶିକ୍ଷା, ସ୍ୱାସ୍ଥ୍ୟ, ନିଯୁକ୍ତି ପରି ଏକାଧିକ ସାମାଜିକ-ଅର୍ଥନୈତିକ ସମସ୍ୟା ରହିଥିବା ବେଳେ କଂଗ୍ରେସ 'ଭୋଟ ଚୋରି'କୁ ପ୍ରସଙ୍ଗ କଲା, ଯାହା ଲୋକେ ପ୍ରତ୍ୟାଖ୍ୟାନ କଲେ । ଗତ ସାଧାରଣ ନିର୍ବାଚନରେ ମଧ୍ୟ ଦରଦାମ ବୃଦ୍ଧି ବଦଳରେ କଂଗ୍ରେସ ସମ୍ବିଧାନର ସୁରକ୍ଷାକୁ ପ୍ରସଙ୍ଗ କରି ବିଫଳ ହୋଇଥିଲା ।

ଅପରପକ୍ଷରେ ବିହାରର ଜାତିଭିତ୍ତିକ ଭୋଟ ରାଜନୀତିକୁ ଏନ୍‌ଡିଏ ବହୁପୂର୍ବରୁ ଗୁରୁତ୍ୱ ଦେଇ ଆସିଥିଲା ଏବଂ ଯେକୌଣସି ଛୋଟ ଛୋଟ ସମ୍ପ୍ରଦାୟକୁ ବାଦ୍ ଦେଇ ନଥିଲା । ଗତ ଫେବୃଆରୀରେ ସାଧାରଣ ବଜେଟ୍ ଉପସ୍ଥାପନ ବେଳେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ୍ ମଧୁବନୀ ଶାଢ଼ି ପିନ୍ଧିବା, ବଜେଟ୍‌ରେ ମାଖନା କ୍ଷେତ୍ରର ବିକାଶ ପାଇଁ ୧୦୦ କୋଟି ଟଙ୍କାର ବ୍ୟୟବରାଦ କରିବା ପରେ ଜଣାପଡ଼ିଯାଇଥିଲା ଏନ୍‌ଡିଏର ମୂଳ ଲକ୍ଷ୍ୟ କ'ଣ । ତେଣୁ ନିର୍ବାଚନ ରଣନୀତିରେ ଏନ୍‌ଡିଏ ଦଳିତ ସହିତ ଅର୍ଥନୈତିକ ପଛୁଆ ବର୍ଗକୁ କେନ୍ଦ୍ରରେ ରଖିଲା । ଏଥର ନିର୍ବାଚନ ରଣନୀତିରେ ମହାଗଟ୍‌ବନ୍ଧନ ମୁସ୍‌ଲିମ୍ ଓ ଦଳିତ ଭୋଟରଙ୍କୁ ପ୍ରାଧାନ୍ୟ ଦେଇଥିବା ବେଳେ ନୀତୀଶ କୁମାର ମହିଳା ଓ ଯୁବବର୍ଗଙ୍କୁ ପ୍ରାଧାନ୍ୟ ଦେଲେ । ନିର୍ବାଚନ ଆଚରଣ ବିଧି ଲାଗୁ ହେବା ପୂର୍ବରୁ ଏନ୍‌ଡିଏ ଚତୁରତାର ସହିତ 'ମୁଖ୍ୟମନ୍ତ୍ରୀ ମହିଳା ରୋଜଗାର ଯୋଜନା' ଅଧୀନରେ ମହିଳା ଉଦ୍ୟୋଗୀଙ୍କୁ ୨.୧ ଲକ୍ଷ ଟଙ୍କା ଲେଖାଏଁ ଦେବାର ଘୋଷଣା କଲେ ଏବଂ ଅଗ୍ରୀମ ୧୦ ହଜାର ଟଙ୍କା ଲେଖାଏଁ ୧.୨୧ କୋଟି ମହିଳାଙ୍କ ବ୍ୟାଙ୍କ ଆକାଉଣ୍ଟକୁ ହସ୍ତାନ୍ତର କଲେ ।

ଏହାଛଡ଼ା ନୀତୀଶକୁମାରଙ୍କ ଅଭିଯୋଗ ସମାଧାନ ସହିତ ଶିକ୍ଷକ, ପୁଲିସ, ପ୍ରଶାସନିକ କର୍ମଚାରୀ ନିଯୁକ୍ତିକୁ ତ୍ୱରାନ୍ୱିତ କରି ସେବାରେ ସ୍ୱଚ୍ଛତା ଆଣିବା, ପଞ୍ଚାୟତିରାଜ କର୍ମୀଙ୍କୁ ଭତ୍ତା, ବରିଷ୍ଠ ନାଗରିକଙ୍କୁ ଅଧିକ ଭତ୍ତା, ଆଶା ଓ ଅଙ୍ଗନବାଡ଼ି କର୍ମୀଙ୍କ ପାରିଶ୍ରମିକ ବୃଦ୍ଧି, ଜୀବିକା ଦିଦିଙ୍କୁ ୧୦ ହଜାର ଟଙ୍କା, ଘରୋଇ ବିଦ୍ୟୁତ ଉପଭୋକ୍ତାଙ୍କୁ ରିହାତି ଆଦି କାର୍ଯ୍ୟକ୍ରମ ଭୋଟରଙ୍କୁ ଛୁଇଁଲା ଏବଂ ତାହା ଭୋଟରେ ରୂପାନ୍ତରିତ ହେଲା । ଏନ୍‌ଡିଏ ସପକ୍ଷରେ ଆଉ ଏକ ନିର୍ଣ୍ଣାୟକ ସାବ୍ୟସ୍ତ ହେଲା ଛଟ୍ ପୂଜା ପାଇଁ ପ୍ରବାସୀ ଶ୍ରମିକମାନଙ୍କର ଘରବାହୁଡ଼ା । ଏହାକୁ ମୌକାରେ ପରିଣତ କରିବା ପାଇଁ ଏନ୍‌ଡିଏ କୌଣସି ସୁଯୋଗ ହାତଛଡ଼ା କରି ନଥିବା ବେଳେ କଂଗ୍ରେସ ତାହାକୁ ଅଣଦେଖା କରିଥିଲା । ଏପରିକି ନିର୍ବାଚନ ସହିତ ଧର୍ମକୁ ଯୋଡ଼ିବା ପାଇଁ ଏନ୍‌ଡିଏ ଭରପୂର ପ୍ରୟାସ କରି ପ୍ରୀତିଭାଜନ ହୋଇଥିବା ବେଳେ କଂଗ୍ରେସ ଏହାକୁ ନାଟକ କହି ଭୋଟରଙ୍କ ରୋଷଭାଜନ ହେଲା ।

ଏହି ନିର୍ବାଚନରେ ସବୁଠାରୁ ଉଲ୍ଲେଖନୀୟ ହେଲା ପ୍ରତ୍ୟକ୍ଷ ଭାବେ ନିର୍ବାଚନକୁ ଓହ୍ଲାଇଥିବା ନିର୍ବାଚନୀ ରଣନୀତିକାର ବା ଚାଣକ୍ୟ ରୂପେ ସ୍ୱୀକୃତ ଓ ବିଦିତ ପ୍ରଶାନ୍ତ କିଶୋରଙ୍କ ନିର୍ବାଚନୀ ଫଳାଫଳ ପୁଣି ଥରେ ପ୍ରମାଣିତ କରିଦେଲା ଯେ ରଣନୀତିକାର ଓ ରାଜନୈତା ଭିତରେ ବହୁ ତଫାତ ଅଛି ।

(ସକାଳ ମିଡିଆ ସର୍ଭିସ୍)

# ସାମ୍ବାଦିକତା ଓ ସାମାଜିକ ଅଙ୍ଗୀକାରବଦ୍ଧତା

ପଞ୍ଚାନନ ଅଗ୍ରୱାଲ

କର୍ତ୍ତବ୍ୟନିଷ୍ଠ ସାମ୍ବାଦିକ ଦେଶର ଜାଗ୍ରତ ପ୍ରହରୀ ରୂପେ କାମ କରିଥାଏ । ତତ୍‌ସଙ୍ଗେ ସଙ୍ଗେ ସାମାଜିକ ଅଙ୍ଗୀକାରବଦ୍ଧତା ସହିତ ଦାୟିତ୍ୱ ତୁଲାଇଥାଏ । ବର୍ତ୍ତମାନ ସ୍ଥିତିରେ ଗଣମାଧ୍ୟମର ସ୍ୱତନ୍ତ୍ରତା ଚର୍ଚ୍ଚାର ପରିଧିକୁ ଆସିଛି । ପ୍ରେସ୍ ସ୍ୱାଧୀନତା ମୂଳରେ ତିନି ଜଣ ମୁଖ୍ୟତଃ ଆସୁଛନ୍ତି । ସେମାନେ ହେଲେ ମାଲିକ, ସମ୍ପାଦକ ଆଉ ପାଠକ । ପ୍ରେସ ସ୍ୱାଧୀନତାର ଅର୍ଥ ସାମ୍ବାଦିକର ସ୍ୱାଧୀନତା ହେଉ ନାହିଁ । ସାମାଜିକ ଅଙ୍ଗୀକାରବଦ୍ଧତା ସହିତ ରାଷ୍ଟ୍ରର ହିତ ସାଧନା ହିଁ ସାମ୍ବାଦିକର ଲକ୍ଷ୍ୟ ହେବା ଉଚିତ, ମାତ୍ର ଏଥିରେ ବ୍ୟତିକ୍ରମ ଦେଖାଯାଉଛି । ବର୍ତ୍ତମାନ ମାଲିକର ଉଦ୍ଦେଶ୍ୟକୁ ଚରିତାର୍ଥ କରିବା ସାମ୍ବାଦିକର ଧର୍ମ ହୋଇଯାଇଛି । ବିଶିଷ୍ଟ ସମାଲୋଚକ, ହିନ୍ଦୀ ସାମ୍ବାଦିକ ରାକିଶୋର କହନ୍ତି ଯେ ଖବରକାଗଜ ଅଥବା ସାମ୍ବାଦିକମାନଙ୍କ ନିଜର କୌଣସି ଅଭିବ୍ୟକ୍ତି ନଥିବା କାରଣରୁ ସାମ୍ବାଦିକମାନେ ସ୍ପେୟାର ପାର୍ଟସ ଭଳି ହୋଇଯାଉଛନ୍ତି । ଯେ କେହି ଏହାକୁ ନେଇ ବ୍ୟବହାର କରିପାରିବ । ତେବେ ଏହାକୁ ଅଭିବ୍ୟକ୍ତିର ସ୍ୱାଧୀନତା କହିବା ନା ପେଶାର ସ୍ୱାଧୀନତା? ସାମ୍ବାଦିକଙ୍କ ସ୍ୱାଧୀନତା ଅର୍ଥ ଆଜି ପେଣ୍ଡୁଲମ ଭଳି ଦୋଳାୟମାନ ସ୍ଥିତିରେ ଅଛି ।

ଏ କଥା ନିଶ୍ଚୟ ଚିନ୍ତାଜନକ । ଅଧିକ ପ୍ରସାରିତ ଖବରଗକାଗଜ ମାଲକାନା ଧନିକ ଶ୍ରେଣୀର । ପ୍ରେସ ସ୍ୱାଧୀନତାର ବଡ଼ ଅଂଶ ମାଲିକମାନେ ପାଉଛନ୍ତି । ସମସ୍ତେ ପୁଞ୍ଜିପତି ବର୍ଗ । ଏଣୁ ରାଜନୀତିର ପରିସରଭୁକ୍ତ ହୋଇଯାଉଛନ୍ତି । ସାମ୍ବାଦିକମାନେ ଏଥିନେଇ ଅଧିକ ମୁଣ୍ଡ ଖେଳାଇବାକୁ ପସନ୍ଦ କରୁନାହାନ୍ତି । ସାମ୍ବାଦିକତାକୁ ଅନ୍ୟ ବ୍ୟବସାୟିକ ଶିଳ୍ପ ସଂସ୍ଥା ବୁଝିବା ଦ୍ୱାରା ଏହାର ମୂଳ ଉଦ୍ଦେଶ୍ୟ ଆର୍ଥିକ ଫାଇଦା ଉଠାଇବା ହୋଇଯାଉଛି । ଆଜି ସାମ୍ବାଦିକତାକୁ ରାଜନୀତିରୁ ଅଲଗା କରି ରଖି ହେବ ନାହିଁ । ପ୍ରକାଶନ ମାଲିକମାନଙ୍କୁ କେବଳ ଅର୍ଥଲୋଭ ନୁହେଁ, ତା' ସହିତ କ୍ଷମତା ଲୋଭ ମଧ୍ୟ ଘାରିଛି । ଏଣୁ ଏମାନେ ସବୁବେଳେ କ୍ଷମତାର ମୁଖ୍ୟଧାରାରେ ଜଡ଼ିତ ହେବାକୁ ପସନ୍ଦ କରନ୍ତି ।

'ହଂସ' ପତ୍ରିକାର ବାର୍ଷିକ ଉତ୍ସବରେ ହିନ୍ଦୀ କଥା ସମ୍ରାଟ ପ୍ରେମଚାନ୍ଦ ଲେଖିଥିଲେ ଆମର ଆର୍ଥିକ ହାନି ଘଟିଛି, ରାଜନୈତିକ ଦଣ୍ଡ ମଧ୍ୟ ସହିବାକୁ ପଡ଼ିଛି । ତଥାପି ଆମେ ସାହସ ବାନ୍ଧି ରଖିଛୁ, ହାରି ଯାଇନାହୁଁ । ଆମ ସମ୍ମୁଖରେ ଯେଉଁ ଆଦର୍ଶ ଅଛି ତାହା ଆମକୁ ଅଧିକ ଉତ୍ସାହିତ କରୁଛି । ଆମକୁ ଲାଭ-କ୍ଷତି ପାଇଁ କୌଣସି ବ୍ୟସ୍ତ ହେବାର ନାହିଁ । ବର୍ତ୍ତମାନ ଯୁଗରେ ସଫଳତାର ମାନଦଣ୍ଡକୁ ପ୍ରେମଚାନ୍ଦଙ୍କ ଆଧାରରେ ନେବା ସମୀଚୀନ ହେବନାହିଁ । ୧୯୩୨ ଅଗଷ୍ଟ ୨୨ରେ 'ଜାଗରଣ'କୁ ନୂଆ ରୂପରେ ପ୍ରକାଶିତ କରାଇବା ଅବସରରେ ସେ ଲେଖିଥିଲେ 'ସତ୍ୟକୁ ଖୋଜିବା ଦରକାର, ସତ୍ୟର ପୂଜାରୀ ହେବାକୁ ପଡ଼ିବ, ସତ୍ୟକୁ ସହିବା ପାଇଁ ଯେତେ ଅପମାନ ସହୁ ନା କାହିଁକି, ଅପ୍ରିୟ ସତ୍ୟ କହିବାକୁ ଭୁଲିବ ନାହିଁ । ସେକେବେ ଅନ୍ୟର ଦୋଷକୁ ଦେଖିବ ନାହିଁ, ବରଂ ନିଜର ଦୋଷକୁ ମଧ୍ୟ ସ୍ୱୀକାର କରିବାକୁ ପଡ଼ିବ ।

ଆଜି ସାମ୍ବାଦିକତା କ୍ଷେତ୍ରରେ 'ସତ୍ୟ' ଖୋଜିବା ସ୍ଥାନ ନେଇଛି 'ଷ୍ଟୋରୀ' ଖୋଜିବା । ଆଜିକାଲି ଖବରକାଗଜ ପୃଷ୍ଠାଗୁଡ଼ିକରେ ନିଜ ପ୍ରତିନିଧିଙ୍କ ଖବର ବଦଳରେ ବାସ୍ତୁବାଦୀ, ଆତ୍ମପୂରକ, ଉତ୍ତେଜକ କଥା କାହାଣୀ ରୂପରେ ପ୍ରକାଶ ପାଉଛି । ଅନେକ ସମୟରେ ପାଠକ ସତ୍ୟ ଖୋଜିବାରେ ଝୁଣ୍ଟିପଡୁଛି, ନିରାଶ ମଧ୍ୟ ହେଉଛି । ସାମ୍ବାଦିକ ଶିଳ୍ପ ସଂସ୍ଥା ଭଳି ଅର୍ଥକେନ୍ଦ୍ରିକ, ଜନଚେତନା, ସତ୍ୟର ଉଦ୍‌ଘାଟନ ଓ ବିକାଶ ସହିତ ସଂଶ୍ଳିଷ୍ଟ ହେବା ଉଚିତ୍ । ମାଖନଲାଲ ଚତୁର୍ବେଦୀ ମୁଖ୍ୟତଃ କବି ଥିଲେ । ରାଜନୈତିକ କର୍ମକର୍ତ୍ତା ମଧ୍ୟ ଥିଲେ । ୧୯୨୫ ମସିହାରେ ସେ ପତ୍ରକାର ପରିଷଦରେ ଭାଷଣ ଦେଇ କହିଥିଲେ, 'ଯଦି ସମାଚାର ପତ୍ର ଦୁନିଆରେ ସବୁଠାରୁ ବଳୀୟାନ ଓ ଶକ୍ତିଶାଳୀ, ତେବେ ତା' ମୁଣ୍ଡରେ ଆପଦ ବିପଦ ଘେରି ହୋଇରହିଛି । ସେ ରାଷ୍ଟ୍ରୀୟ ସୁରକ୍ଷାର ବଡ଼ ପ୍ରାଚୀର ହୋଇ ରହିଛି । ସେ ହିମାଳୟର ଶିଖର ଭଳି ଝଟକି ଉଠୁଛି । ତା' ଉପରେ ଦେଶର ବହୁ ଗୁରୁଦାୟିତ୍ୱ ରହିଛି ।

ଅଙ୍ଗୀକାରବଦ୍ଧତା ସହିତ ସାମ୍ବାଦିକତା କ୍ଷେତ୍ରରେ ବହୁ କ୍ରାନ୍ତିକାରୀ ନେତା ଗୋଟିଏ ଝୁମ୍‌ରେ କଲମ ମୁନ ଧରି ଆଗେଇ ଆସି ସାମ୍ବାଦିକତାର ସାରସ୍ୱତ ଭଣ୍ଡାରକୁ ରୁଦ୍ଧିମନ୍ତ କରିଯାଇଛନ୍ତି । ସେତେବେଳେ ପତ୍ରପତ୍ରିକା ମଧ୍ୟରେ ଥିଲେ ମର୍ଯ୍ୟାଦା, ଅଭ୍ୟୁଦୟ, ବିକ୍ରମ, ପ୍ରତାପ, କର୍ମବୀର, ସରସ୍ୱତୀ, ପ୍ରଭା, ମତ୍ୱାଲ, ଚାନ୍ଦ, ମାଧୁରୀ, ହଂସ, ଜାଗରଣ, ନବଜୀବନ, ସୁଧା ଆଦି । ସେମାନଙ୍କ ଦେଶ ଓ ଜାତି ପ୍ରତି କର୍ତ୍ତବ୍ୟବୋଧ, ସାମାଜିକ ଅଙ୍ଗୀକାରବଦ୍ଧତା ଅକ୍ଷୁଣ୍ଣ ଥିଲା । ସେମାନେ କେବଳ ଦୃଷ୍ଟିକୋଣକୁ ଆଧାର ରଖି ନଥିଲେ ବରଂ ଜନତାଙ୍କ ହିତ ଦୃଷ୍ଟିକୁ ଅଗ୍ରାଧିକାର ଦେଉଥିଲେ । ୧୯୬୫ ମସିହାରେ ପଣ୍ଡିତ ଗୋଦାବରୀଶ ମିଶ୍ର 'ସମାଜ' ସମ୍ପାଦକୀୟରେ ଲେଖିଥିଲେ, ଆଜିକାଲି ସମ୍ବାଦପତ୍ର ସବୁ କୌଣସି ଦଳର ମୁଖପତ୍ର, କିନ୍ତୁ 'ସମାଜ' ଜନ୍ମ ସମୟରେ ଦେଶର ଏ ଅବସ୍ଥା ନଥିଲା । ଗୋପବନ୍ଧୁ ରାଜନୀତି, ଦଳଗତକୁ ଉର୍ଦ୍ଧ୍ୱରେ ରହି ଦେଶ ସେବା ପାଇଁ କେବଳ ଲେଖନୀ ଚାଳନା କରିଥିଲେ ।

ବେଳେବେଳେ କିଛି ନିର୍ଦ୍ଦିଷ୍ଟ ଖବରକାଗଜ ଧାରା ପ୍ରବାଦ ନେତାଙ୍କ ନିନ୍ଦାଗାନରେ ମଜ୍ଜିଥା'ନ୍ତି । ପ୍ରଧାନମନ୍ତ୍ରୀ ହେବା ପୂର୍ବରୁ ମୋରାଜୀ ଦେଶାଇ ମହାରାଷ୍ଟ୍ରର ମୁଖ୍ୟମନ୍ତ୍ରୀ ଥିଲେ । ବ୍ଲିଜ୍ ସାପ୍ତାହିକ ଲଗାତାର ତାଙ୍କ ବିରୁଦ୍ଧରେ ସମ୍ବାଦ ପରିବେଷଣ କରୁଥିଲା । ସେତେବଳେ ପତ୍ରିକାର ମାଲିକ ଓ ସଂପାଦକ ଥାଆନ୍ତି ଆର୍.କେ.କରିଆ । କେହି ହିତାକାଂକ୍ଷୀ ଦେଶାଇଙ୍କୁ ବ୍ଲିଜ ବିଷୟରେ କହିବାକୁ ସେ ଉତ୍ତର ଦେଲେ, 'ମୁଁ ବ୍ଲିଜ କେବେ ପଢ଼େନାହିଁ ।' ଯେତେବେଳେ ସେ ପ୍ରଧାନମନ୍ତ୍ରୀ ହେଲେ ସେ ଯଦି ଚାହିଁଥା'ନ୍ତେ ସାମ୍ବାଦିକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ କରିପାରିଥା'ନ୍ତେ, କିମ୍ବା ସରକାରୀ ବିଜ୍ଞାପନ ବନ୍ଦ କରିଦେଇ ପାରିଥା'ନ୍ତେ । ମାତ୍ର ସେ ସେପରି କଲେ ନାହିଁ । ସମାଜରେ ଅଙ୍ଗୀକାରବଦ୍ଧତା ସହିତ ସାମ୍ବାଦିକକୁ ରାଷ୍ଟ୍ର ହିତ ଉଦ୍ଦେଶ୍ୟରେ କଲମ ଚାଳନା କରିବାକୁ ପଡ଼ିବ । ତେବେ ଯାଇ ସେ ଶୀର୍ଷ ସ୍ଥାନକୁ ଯାଇପାରିବ ।

ଭୁବନେଶ୍ୱର, ମୋ: ୯୭୭୭୭୪୦୭୧


# ପଦ୍ମପୁର: ପଦ୍ମସମ୍ଭବଙ୍କ ଜନ୍ମସ୍ଥଳ

ପ୍ରବୀର କୁମାର ପଟ୍ଟନାୟକ

*ପୂର୍ବପ୍ରକାଶିତ ଉତ୍ତାରୁ...*

ନିକଟସ୍ଥ ଭିକମପାଲି ଗ୍ରାମରେ ଏକ ନୂତନ ପଦ୍ମାସିନୀ ମନ୍ଦିର ନିର୍ମାଣ କରାଯାଇଛି । ସେହିଭଳି ବୁଡ଼ି ଯାଇଥିବା ପଦ୍ମପୁରର ମୂଳ ପଦ୍ମାସିନୀ ଦେବୀ ନିକଟସ୍ଥ ପୂଜାରିପାଲି ଗ୍ରାମରେ ପୂଜା ପାଉଛନ୍ତି ନୂତନ ଭାବେ ନିର୍ମିତ ପୂଜା ସ୍ଥଳରେ । ଦକ୍ଷିଣ କୋଶଳରୁ ବଙ୍ଗୋପସାଗର ପର୍ଯ୍ୟନ୍ତ ସମସ୍ତ ମହାନଦୀ ଅବବାହିକା ଅଞ୍ଚଳରେ ପ୍ରାଚୀନ ବୌଦ୍ଧ କୀର୍ତ୍ତି ଓ ବୌଦ୍ଧ ସ୍ଥଳମାନ ବିଛାଇ ହୋଇ ରହିଛନ୍ତି । ଏହା ମଧ୍ୟରେ ପ୍ରାଚୀନ ଧ୍ୱଂସପ୍ରାପ୍ତ ବୌଦ୍ଧ ବିହାର, ମନ୍ଦିର, ଗୁମ୍ଫା, ବୌଦ୍ଧ ଅନୁଷ୍ଠାନ ସବୁ ବୌଦ୍ଧ ମୂର୍ତ୍ତିମାନ, ବୌଦ୍ଧ ଦେବଦେବୀ ମୂର୍ତ୍ତି ସବୁ ବହୁସଂଖ୍ୟାରେ ଦେଖାଯାଏ । କିଛିସ୍ଥଳରେ ଖନନ ହୋଇ ଉଦ୍ଧାର କରାଯାଇଛି; ମାତ୍ର ବହୁସ୍ଥଳରେ କୌଣସି ଖନନ ଅଥବା ସଠିକ ଅନୁସନ୍ଧାନ ଅଥବା ଅନ୍ୱେଷଣ ମଧ୍ୟ କରାଯାଇନାହିଁ ।

ପଦ୍ମପୁର ଏବଂ ଏହାର ଚାରିପାଖର ଅନେକ ଗ୍ରାମର ନାମ ଏବେ ମଧ୍ୟ ଏ ଅଞ୍ଚଳର ପ୍ରାଚୀନ ବୌଦ୍ଧ ପରିମ୍ପରାକୁ ସୂଚାଇ ଥାଏ । ବହୁ ଗ୍ରାମ ଓ ସ୍ଥଳମାନ ବୌଦ୍ଧ ନାମ ଧାରଣ କରିଥିବା ଜଣାଯାଏ । ବୌଦ୍ଧ ଭିକ୍ଷୁ ତଥା ବୌଦ୍ଧ ଦେବଦେବୀଙ୍କ ନାମ ମଧ୍ୟ । ଏ ଅଞ୍ଚଳ ବଜ୍ରଯାନର ଦୁର୍ଗଭଳି ପରିଣତ ହୋଇଥିଲା । ଗ୍ରାମଗୁଡ଼ିକ ଏହିଭଳି - ଭିକମପାଲି (ଭିକ୍ଷୁପାଲି), ଆମ୍ବପାଲି (ଆମ୍ରପାଲି), ଯୋଗୀଢିପ, ଯୋଗିନୀ, ମଚ୍ଛିଦା(ମତ୍ସ୍ୟେନ୍ଦ୍ରନାଥ), ମହାସିଂଘା, ପାଲସଦା, କନକତାରା, ଗୌତମଖୋଟ୍ଟ ଓ ବିକ୍ରମ ଖେଶଲ (ଏ ଦୁଇଟି ପାହାଡ଼), ବାସମପାଲି, କଣ୍ଟାପାଲି, କଦମଘାଟ, ଦେବଧାର, କୋଟଗଡ଼, ରୋହିଣୀ, କେସରଜିମା, ବସ୍ତି, ଅଟ୍ଟାବିରା, ରେମଣ୍ଡା, ସିଙ୍ଗାରପୁର(ସିଙ୍ଗଳ), ବିନ୍ଦୁପାଲି, ବୁଧେଲକାଣି, ସୁଖ ଡିହ ।



ଦ୍ୱିତୀୟ-ବୁଦ୍ଧ କଥା

ପଦ୍ମପୁର ପାଖାପାଖି ଅଞ୍ଚଳରେ ଅନେକ ବୌଦ୍ଧ ଭିକ୍ଷୁମାନଙ୍କର ଗୁମ୍ଫା ରହିଛି । ସେଥିରୁ ଏ ଅଞ୍ଚଳରେ ଅନେକ ବୌଦ୍ଧ ଭିକ୍ଷୁ ବସବାସ କରୁଥିବା ଜଣା । ।ଯାଉଛି । ଗୁଜା ପାହାଡ଼ରେ ଅନେକଗୁଡ଼ିଏ ଗୁମ୍ଫା ରହିଛି ଏବଂ ଏହା ମଧ୍ୟ ହୀରାକୁଦ ଜଳଭଣ୍ଡାର ବୁଡ଼ି ଅଞ୍ଚଳ ମଧ୍ୟରେ । ମାତ୍ର ଏହାକୁ ପୋତାଯାଇ ରାସ୍ତା କରାଯାଇଛି ଏବଂ ସେହି ପାହାଡ଼ ପାଦଦେଶରେ ଏକ ଭ୍ରମଣସ୍ଥଳ ସୃଷ୍ଟି ରାଯାଇଛି । ସେହି ରମ୍ପାଲୁଗାଠାରେ ମଧ୍ୟ ଏକ ଭ୍ରମଣକେନ୍ଦ୍ର ସୃଷ୍ଟି କରାଯାଇଛି ଏବଂ ସେଠାରେ ପଦ୍ମସମ୍ଭବଙ୍କର ଏକ ବୃହତ୍ତ ବ୍ରୋଞ୍ଜ ମୂର୍ତ୍ତି ସ୍ଥାପନ କରାଯିବାର ଯୋଜନା ରହିଛି । ସେହିଭଳି ଭିକମପାଲିଠାରେ ନିକଟରେ ଗୁରୁପଦ୍ମସମ୍ଭବଙ୍କ ଆବିର୍ଭାବ ଦିବସରେ ଉତ୍ସବ ପାଳନ ଅବସରରେ ସେଠାରେ ମାର୍ବଲ ନିର୍ମିତ ମୂର୍ତ୍ତି, ଭଗବାନ ବୁଦ୍ଧ ଓ ଶ୍ରୀଜଗନ୍ନାଥଙ୍କ ପ୍ରସ୍ତର ମୂର୍ତ୍ତିମାନ ବୌଦ୍ଧ ନୀତିନିୟମ ମୁତାବକ ସ୍ଥାପନ କରାଯାଇଛି ଏବଂ ପ୍ରତିଷ୍ଠା ଉତ୍ସବ ମଧ୍ୟ କରାଯାଇଛି ।ନିକଟସ୍ଥ ପଲସଦା ଗ୍ରାମରେ ଏକ ବୌଦ୍ଧସ୍ତୂପ ଥିବାର ଜଣାଯାଇଛି ।

ପଦ୍ମପୁର ପଦ୍ମସମ୍ଭବଙ୍କର ଜନ୍ମସ୍ଥାନ । ସ୍ଥାନୀୟ ପରମ୍ପରା ମୁତାବକ ଆଠବର୍ଷ ବୟସରେ ସେ କୌଣସିପରିସ୍ଥିତିରେ ଘର ଛାଡ଼ି ମହାନଦୀ କୂଳେ ତଳକୁ ସମ୍ବଲ ରାଜପ୍ରସାଦ ଆଡ଼କୁ ଯାହାକି ତାଙ୍କ ଗ୍ରାମଠାରୁ ବହୁ ଦୂରବର୍ତ୍ତୀ ଅଞ୍ଚଳ ନୁହେଁ, ଚାଲିଯାଇଥିଲେ । ସେଠାରେ ଧନକୋଷ ପୁଷ୍କରିଣୀ (ହ୍ରଦ କୁହାଯାଇଛି) ନିକଟରେ ଇନ୍ଦ୍ରଭୂତିଙ୍କ ମନ୍ତ୍ରୀ ତାଙ୍କୁ ଉଦ୍ଧାର କରିଥିଲେ । ପରେ ରାଜା ଆସି ତାଙ୍କୁ ରାଜପ୍ରସାଦକୁ ନେଇ ପରେ ପୋଷ୍ୟପୁତ୍ରଭାବେ ଗ୍ରହଣ କରିଥିଲେ । କୁହାଯାଏ ଧନକୋଷ ହ୍ରଦରେ ଅନେକ ପଦ୍ମଫୁଲ ସବୁବେଳେ ଫୁଟିଥାଏ, ଏବେ ମଧ୍ୟ ଫୁଟୁଛି । ପଦ୍ମଫୁଲ ହ୍ରଦ ପାଖରୁ ପାଇ ରାଜା ତାଙ୍କୁ ପଦ୍ମସମ୍ଭବ ନାମରେ ନାମିତ କରିଥିଲେ । ତାଙ୍କ ଜନ୍ମସ୍ଥଳ ଗ୍ରାମ ବା ନଗର / ସହରକୁ ମଧ୍ୟ ତାଙ୍କ ନାମରେ ରାଜା ହିଁ ପଦ୍ମପୁର ନାମରେ ନାମିତ କରି ତାଙ୍କ ସ୍ମୃତିରେ ସେଠାରେ ପଦ୍ମାସିନୀ ମନ୍ଦିର ନିର୍ମାଣ କରିଥିଲେ । ଏହି ପଦ୍ମପୁର ନଗର ସମକାଳରେ ଜନ୍ମ ମହାକବି ଭବଭୂତିଙ୍କର ମଧ୍ୟ ଜନ୍ମସ୍ଥାନ । ସେ ମଧ୍ୟ ପଦ୍ମସମ୍ଭବଙ୍କ ଭଳି ସେହିସ୍ଥାନରେ ଅଷ୍ଟମ ଶତାବ୍ଦୀରେ ଜନ୍ମଗ୍ରହଣ କରିଥିଲେ ।(ସମାପ୍ତ)

ଭୁବନେଶ୍ୱର, ମୋ: ୭୨୦୫୦୨୨୭ ୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

■ ପୀତବାସ ପଣ୍ଡା ହତ୍ୟା ମାମଲା

## ବିକ୍ରମଙ୍କ ରିମାଣ୍ଡ ରିକଲ୍ ପିଟିସନ ଖାରଜ

**ବ୍ରହ୍ମପୁର, ୧୪ ।୧୧ (ସମିସ):** ପୀତବାସ ପଣ୍ଡା ହତ୍ୟା ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ଗିରଫକୁ ବେନିୟମ ଓ ଆଇନଗତ ଅସଙ୍ଗତି ଥିବା ଦର୍ଶାଇ ଦାଖଲ ହୋଇଥିବା ରିମାଣ୍ଡ ରିକଲ ପିଟିସନକୁ କୋର୍ଟ ଶୁକ୍ରବାର ଖାରଜ କରିଛନ୍ତି । ବିକ୍ରମଙ୍କୁ ତାଙ୍କ ବାସଭବନରୁ ପୁଲିସ ରାତିଅଧିଆ ଉଠାଇନେଇ ଗିରଫ କରିଥିଲା । ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ ପ୍ରକାରେ ଯେକୌଣସି ବ୍ୟକ୍ତିଙ୍କୁ ଗିରଫ ବେଳେ ପୁଲିସ ପକ୍ଷରୁ ନିଆଯିବାକୁ ଥିବା ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇନାହିଁ । ଏଣୁ ଉକ୍ତ ଗିରଫଦାରୀ ଅସାମ୍ବିଧାନିକ ଓ ସମ୍ବିଧାନର ୨୧ ଓ ୨୨ ଧାରାର ଖିଲାପ କରୁଥିବା ଦର୍ଶାଇ ବିକ୍ରମଙ୍କ ରିମାଣ୍ଡ ରିକଲ ବା ସର୍ତ୍ତମୂଳକ ଭାବେ ଖଲାସ କରିବାକୁ ତାଙ୍କ ଓକିଲ ତଥା ବରିଷ୍ଠ ଆଇନଜୀବୀ କୁମାରକାନ୍ତ ବେହେରା ଓ ଦୀପକ ପଟ୍ଟନାୟକଙ୍କ ପକ୍ଷରୁ ୪ଟି ପୃଥକ୍ ପିଟିସନ୍ ଦାଖଲ ହୋଇଥିଲା । ସେହିଭଳି ପିଟିସନ୍ ଖାରଜ ପାଇଁ ସରକାରଙ୍କ ପକ୍ଷରୁ ମଧ୍ୟ ଅନୁରୂପ ଭାବେ ଯୁକ୍ତି ଦର୍ଶାଯାଇଥିଲା । ସମସ୍ତ ପିଟିସନ୍‌ର ଶୁଣାଣି କରି ଶେଷରେ ଶୁକ୍ରବାର ଅପରାହ୍ଣରେ ଏସ୍‌ଡିଜେଏମ୍ ବିକ୍ରମ ପଣ୍ଡାଙ୍କ ସର୍ତ୍ତମୂଳକ ଖଲାସ ଆବେଦନକୁ ଖାରଜ କରିଥିବା ସୂଚନା ଦେଇଛନ୍ତି ପିପି ବିଶ୍ୱଜିତ ବରାଳ ।

# ଡକାୟତି ଯୋଜନା ପଣ୍ଡ; ୭ ଗିରଫ

### ଖଣ୍ଡା, ଛୁରୀ, ୩ ବାଇକ୍ ସହ ୨ ଲକ୍ଷ ୨୫ ହଜାର ଟଙ୍କା ଜବତ

**ଜଗତସିଂହପୁର, ୧୪।୧୧(ସମିସ):** ଜଗତସିଂହପୁର ଜିଲ୍ଲା ବିରିଡି ଥାନା ସଢ଼େଇକଣର କୋକି ପଡ଼ିଆ ଜଙ୍ଗଲ ନିକଟସ୍ଥ ଶଙ୍କରପୁରରେ ଡକାୟତି ପାଇଁ ଯୋଜନା କରୁଥିବା ଡକାୟତ ଗ୍ୟାଙ୍ଗର ୭ ଜଣଙ୍କୁ ପୁଲିସ ଗିରଫ କରିଛି । ଗିରଫ ଅଭିଯୁକ୍ତମାନେ ହେଲେ, କଟକ ଜିଲ୍ଲା କିଶନନଗର ଥାନାର ମୋହନ ମଲ୍ଲିକ, କୃଷ୍ଣକେଶବ ବେହେରା, ଜଗତସିଂହପୁର ସଦର ଥାନାର ସୁବାଶିଷ ଜେନା, ବିରିଡ଼ି ଥାନା ଅଞ୍ଚଳର ଜେନାମଣି ସୂର୍ଯ୍ୟମାଧବ କେଶରୀ ବଳବନ୍ତରାୟ, କଟକ ଜିଲ୍ଲା କିଶନନଗର ଥାନା ଅଞ୍ଚଳର ହେମନ୍ତ ସେଠୀ, ସୁଜିତ ସାହୁ ଓ ବିଶ୍ୱଜିତ୍ ଦାସ । ଏମାନଙ୍କ ନିକଟରୁ ୩ଟି ବାଇକ୍, ଗୋଟିଏ ଖଣ୍ଡା, ଗୋଟିଏ ଛୁରୀ, ୭ଟି ମୋବାଇଲ, ଗୋଟିଏ ଲଙ୍କାଗୁଣ୍ଡ ପ୍ୟାକେଟ୍ ଓ ନଗଦ ୨ ଲକ୍ଷ ୨୫ ହଜାର ୭୦୦ ଟଙ୍କା ଜବତ କରାଯାଇଥିବା ଜଗତସିଂହପୁର ସଦର ଏସ୍‌ଡିପିଓ ଆଜିଙ୍କ୍ୟା ବାବୁରାଓ ମାନେ ସୂଚନା ଦେଇଛନ୍ତି । ଏହି ଡକାୟତ ଗ୍ୟାଙ୍ଗ୍ ବିରିଡ଼ି ଥାନା ସଢ଼େଇକଣର କୋକିପଡ଼ିଆସ୍ଥିତ



ଜଙ୍ଗଲରେ ଏକତ୍ରିତ ହୋଇଥିବା ପୁଲିସକୁ ସୂଚନା ମିଳିଥିଲା । ଏହାକୁ ଆଧାର କରି ପୁଲିସର ଏକ ସ୍ୱତନ୍ତ୍ର ଟିମ୍ ବିରିଡ଼ି ପୁଲିସର ସହାୟତାରେ ସେଠାରେ ଚଢ଼ଉ କରିଥିଲା । ସମସ୍ତ ୭ଜଣଙ୍କୁ ଆଜି କୋର୍ଟ ଚାଲାଣ କରାଯାଇଥିବା ଏସ୍‌ଡିପିଓ ଶ୍ରୀ ମାନେ ସୂଚନା ଦେଇଛନ୍ତି ।

■ ସାହିତ୍ୟ ଅକାଦେମୀ ବାଲ୍ ସାହିତ୍ୟ ପୁରସ୍କାର

# ଓଡ଼ିଆ ଭାଷା ପାଇଁ ରାଜକିଶୋର ପାଢ଼ୀ ପୁରସ୍କୃତ

**ଭୁବନେଶ୍ୱର,୧୪।୧୧(ସମିସ):** ସାହିତ୍ୟ ଅକାଦେମୀ ପକ୍ଷରୁ 'ବାଲ ସାହିତ୍ୟ ପୁରସ୍କାର-୨୦୨୫' ପ୍ରଦାନ ସମାରୋହ ଅନୁଷ୍ଠିତ ହୋଇଯାଇଛି । ଶୁକ୍ରବାର ନୂଆଦିଲ୍ଲୀର ତ୍ରିବେଣୀ କଳା ସଙ୍ଗମରେ ଆୟୋଜିତ ଏକ ଭବ୍ୟ ସମାରୋହରେ ୨୪ଟି ଭାରତୀୟ ଭାଷାରେ ବାଲ୍ୟ ସାହିତ୍ୟକାରଙ୍କୁ ପୁରସ୍କୃତ କରାଯାଇଛି । ସେଥିମଧ୍ୟରେ ଓଡ଼ିଆ ଭାଷାରେ କବିତା 'କେତେ ଫୁଲ ଫୁଟିଚି' ପାଇଁ ରାଜକିଶୋର ପାଢ଼ୀଙ୍କୁ ବାଲ୍ ସାହିତ୍ୟ ପୁରସ୍କାର-୨୦୨୫ ପ୍ରଦାନ କରାଯାଇଛି । ସମ୍ମାନ ସ୍ୱରୂପ ପୁରସ୍କୃତ ବାଲ ସାହିତ୍ୟକାରମାନଙ୍କୁ ତାମ୍ରଫଳକ ସମେତ ତଥା ୫୦ହଜାର ଟଙ୍କା ଲେଖାଏଁ ଅର୍ଥରାଶି ପ୍ରଦାନ କରାଯାଇଛି । ସମାରୋହରେ ମୁଖ୍ୟ ଅତିଥି ଭାବେ ବିଖ୍ୟାତ ଗୁଜରାଟୀ ଲେଖିକା ବର୍ଷା ଦାସ ଯୋଗଦେଇ କହିଛନ୍ତି ଯେ, ବାଲ୍ ସାହିତ୍ୟ ଆମକୁ ବିବିଧତାରେ ଏକତାର ଅନନ୍ୟ ସନ୍ଦେଶ ଦେଇଥାଏ । ତେଣୁ ଏହାର ଲେଖନ ଆମ ସମାଜ ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଏବଂ ପିଲାଙ୍କୁ ବାଲ୍ ସାହିତ୍ୟ ନିରନ୍ତର ମିଳୁଥିବା ପାଇଁ ସର୍ବଦା



୨୪ ଭାରତୀୟ ଭାଷାର ବାଲ୍ ସାହିତ୍ୟକାର ପୁରସ୍କୃତ

ଚେଷ୍ଟା କରିବା ଉଚିତ୍ । ସେହିପରି ସେ ଗୁଜରାଟୀର ବିଖ୍ୟାତ ବାଲ୍ ସାହିତ୍ୟକାର ଗିଜୁ ଭାଇ ବଧେକାଙ୍କ ଲେଖନୀର ଅନେକ ଉଦାହରଣ ଦେଇ କହିଛନ୍ତି ଯେ ପିଲାମାନେ ବାଲ୍ ସାହିତ୍ୟ ପଢ଼ାରେ ରୁଚି ନେଉଥିବା ସହ ସେମାନଙ୍କ ଆତ୍ମବିଶ୍ୱାସ ମଧ୍ୟ ବଢ଼ିଥାଏ । ସେ ସାହିତ୍ୟ ଆକାଦେମୀ ଦ୍ୱାରା ବିଭିନ୍ନ ଭାରତୀୟ ଭାଷାରେ ବାଲ୍ ସାହିତ୍ୟର ଅନୁବାଦକୁ ଅତି ଆବଶ୍ୟକ ମାନି ଏହାକୁ ନିରନ୍ତର ବଜାୟ ରଖିବାର ପରାମର୍ଶ ଦେଇଛନ୍ତି । ସାହିତ୍ୟ ଆକାଦେମୀର ଅଧ୍ୟକ୍ଷ ମାଧବ କୌଶିକ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରି କହିଛନ୍ତି, ପିଲାଙ୍କୁ ବାଲ୍ୟାବସ୍ଥାରୁ ଯଦି ଭଲ ବାଲ୍ ସାହିତ୍ୟ ପଢ଼ିବାକୁ ମିଳେ ତେବେ ସେମାନେ ବିଭିନ୍ନ ପ୍ରକାରର ଆତଙ୍କବାଦୀ କାର୍ଯ୍ୟକଳାପରୁ ଦୂରରେ ରହିବେ । ଏଥିରେ ଅନ୍ୟଅତିଥିଙ୍କ ମଧ୍ୟରେ ସଂସ୍କୃତି ମନ୍ତ୍ରଣାଳୟର ଉପସଚିବ ଅମିତା ପ୍ରସାଦ ସରଭାଇ, ଅକାଦେମୀର ସଚିବ ପଲ୍ଲବୀ ପ୍ରଶାନ୍ତ ହୋଲକର, ଅକାଦେମୀର ଉପାଧ୍ୟକ୍ଷା କୁମୁଦ ଶର୍ମା ପ୍ରମୁଖ ଉପସ୍ଥିତ ରହି ବାଲ୍ ଲେଖକ କୌତୂହଳ, ଉତ୍କଣ୍ଠା ଓ ଜିଜ୍ଞାସାର ଭୂମିରେ ନିଜ କଲମରେ ଯାହା ସୃଷ୍ଟି କରନ୍ତି, ତାହା ନିଶ୍ଚୟ ପିଲାଙ୍କ ପାଇଁ ପ୍ରଭାବଶାଳୀ ହୋଇଥାଏ ବୋଲି ମତବ୍ୟକ୍ତ କରିଛନ୍ତି । ଆସନ୍ତା କାଲି ଅଧ୍ୟକ୍ଷତା ସାହିତ୍ୟ ଆକାଦେମୀର ଉପାଧ୍ୟକ୍ଷା କୁମୁଦ ଶର୍ମାଙ୍କ ଅଧ୍ୟକ୍ଷତାରେ ସାହିତ୍ୟ ଏକାଡେମୀ ଅଡିଟୋରିୟମ୍, ପ୍ରଥମ ମହଲାରେ ଆୟୋଜିତ ହେବାକୁ ଥିବା 'ଲେଖକ ସମ୍ମିଳନୀ'ରେ ପୁରସ୍କୃତ ବାଲ୍ ସାହିତ୍ୟକାରମାନେ ନିଜ ରଚନାତ୍ମକ ଅନୁଭବ ପ୍ରଦାନ କରିବେ ।

# ଏମ୍ସରେ କଣ୍ଠଶିଳ୍ପୀ ହ୍ୟୁମାନ୍‌ସାଗର

### ଲିଭର ଓ କିଡ୍‌ନୀ ଜନିତ ରୋଗରେ ଆକ୍ରାନ୍ତ

**ଭୁବନେଶ୍ୱର,୧୪।୧୧(ସମିସ):** ଓଡିଆ ସଂଗୀତ ଜଗତର ଲୋକପ୍ରିୟ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କୁ ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମସ୍‌ରେ ଭର୍ତ୍ତି କରାଯାଇଛି । କିଡନୀ ଓ ଲିଭର୍ ଜନିତ ସମସ୍ୟା ଯୋଗୁଁ ସେ ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିବା ବେଳେ ଶୁକ୍ରବାର ତାଙ୍କୁ ଏମ୍ସକୁ ସ୍ଥାନାନ୍ତର କରାଯାଇଛି । ସୂଚନା ଅନୁସାରେ ବର୍ତ୍ତମାନ ହ୍ୟୁମାନସାଗର ଭେଣ୍ଟିଲେଟରରେ ରହି ଚିକିତ୍ସିତ ହେଉଛନ୍ତି । ତାଙ୍କର ମଲ୍‌ଟି ଅରଗାନ୍ ଡିସଫଙ୍କସନାଲ ରହିଛି ବା ଶରୀରର ଅଧିକାଂଶ ଅଙ୍ଗ କାମ କରୁନାହିଁ । ବ୍ରେନରେ ସମସ୍ୟା ରହିବା ସହ ରେସପାରେଟୋରୀ ନିମୋନିଆ, ଲିଭର ଡିଜିଜ୍ ସାଙ୍ଗକୁ ସୋଡିୟମ ପରିମାଣ ମଧ୍ୟ କମିଥିବା ଜଣାପଡ଼ିଛି । ସେହିପରି କିଡ଼ନୀରେ ସମସ୍ୟା ଥିବା ସହ ନିମୋନିଆ ଯୋଗୁଁ ଅବସ୍ଥା ଅଧିକ ଗୁରୁତର ହୋଇପଡ଼ିଛି । ଏପଟେ ରକ୍ତଚାପ ମଧ୍ୟ ସ୍ଥିର ହେଉନଥିବାରୁ ତାଙ୍କୁ ଔଷଧ ଦିଆଯାଉଛି । ବର୍ତ୍ତମାନ ତାଙ୍କ ଅବସ୍ଥା ଗୁରୁତର ଥିବା ଏମସ୍ ପକ୍ଷରୁ କୁହାଯାଇଛି । ତେବେ ୨୦୨୪ରୁ ସେ ଅସୁସ୍ଥ ରହିଥିବା ଜଣାପଡ଼ିଛି ।



ସେହିପରି ଓଲିଉଡର ଆଗଧାଡ଼ିର ସଙ୍ଗୀତ ନିର୍ଦ୍ଦେଶକ ତଥା କଣ୍ଠଶିଳ୍ପୀ ଅଭିଜିତ ମଜୁମଦାର ମଧ୍ୟ ସେପ୍ଟେମ୍ବର ୪ ତାରିଖରୁ ଏମ୍ସରେ ଚିକିତ୍ସିତ ହେଉଛନ୍ତି । ପୂର୍ବରୁ ସେ ଭେଣ୍ଟିଲେଟରରେ ଥିବା ବେଳେ ବର୍ତ୍ତମାନ ସେ ୱାର୍ଡକୁ ସ୍ଥାନାନ୍ତର ହୋଇଛନ୍ତି । ତାଙ୍କ ସ୍ୱାସ୍ଥ୍ୟବସ୍ଥାରେ କୌଣସି ସୁଧାର ଆସିନଥିବା ଜଣାପଡ଼ିଛି ।

■ ପୀତବାସ ହତ୍ୟାକାଣ୍ଡ ମାମଲା

## ଶନିବାର ଟିଆଇ ପରେଡ୍‌ରେ ସାମିଲ ହେବେ ୮ ଗିରଫ ଅଭିଯୁକ୍ତ

**ବ୍ରହ୍ମପୁର, ୧୪ ।୧୧ (ସମିସ):** ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ ୧୬ ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ୮ ଜଣଙ୍କର ଟିଆଇ ପରେଡ ହେବ । ପରେଡରେ ସାମିଲ ହେବାକୁ ଥିବା ଅଭିଯୁକ୍ତମାନେ ହେଲେ, କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ, ଯୋଗେନ୍ଦ୍ର ରାଉତ, ଉମା ବିଷୋୟୀ, ଶିଶୁପାଳ ପାଶ୍ୱାନ, କୁନ୍ଦନ କୁମାର, ସିମାଞ୍ଚଳ ନାୟକ ଓ ବିପିନ ସ୍ୱାଇଁ । ମାମଲାର ତଦନ୍ତ ଅଧିକାରୀ ପ୍ରିୟସ ରଞ୍ଜନ ଛୋଟରାୟ ଏଥିପାଇଁ କରିଥିବା ଆବେଦନକୁ ଏସଡିଜେଏମ୍ କୋ ଅନୁମତି ଦେଇଛନ୍ତି । ତଦନୁଯାୟୀ, ଆସନ୍ତା ଶନିବାର ବ୍ରହ୍ମପୁର ମଣ୍ଡଳ କାରାଗାରରେ ଅଭିଯୁକ୍ତଙ୍କର ଟିଆଇ ପରେଡ ହେବ । ତେବେ ପୁଲିସ ଏହି ମାମଲାରେ କାହାକୁ ପ୍ରତ୍ୟକ୍ଷଦର୍ଶୀ ରଖିଛି, ତାହା ସ୍ପଷ୍ଟ ହୋଇନାହିଁ । ଶନିବାର ଜେଲରେ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ସାକ୍ଷୀମାନେ ଓ ଅନ୍ୟ ଅଧିକାରୀଙ୍କ ଗହଣରେ ଅଭିଯୁକ୍ତଙ୍କୁ ଚିହ୍ନଟ କରିବେ । ସାକ୍ଷୀ ଭାବେ ପୁଲିସ ଆକାଶ ବିଶୋୟୀ, ଏନ୍. କିରଣ କୁମାରଙ୍କ ସମେତ ଏକାଧିକ ବ୍ୟକ୍ତିଙ୍କୁ ସାମିଲ କରିଥିବା ସୂଚନା ମିଳିଛି । ତେବେ ଟିଆଇ ପରେଡ ପୂର୍ବରୁ ବିଭିନ୍ନ ଗଣମାଧ୍ୟମରେ, ଏପରିକି ଅଭିଯୁକ୍ତଙ୍କୁ କୋର୍ଟଚାଲାଣ ବେଳେ ସେମାନଙ୍କ ମୁହଁ ଖୋଲା ଚିତ୍ରକୁ ସାକ୍ଷୀମାନେ ଦେଖିଥିବାରୁ ଟିଆଇ ପରେଡରେ ଅପରାଧୀ ଚିହ୍ନଟ ପ୍ରକ୍ରିୟା ପ୍ରଭାବିତ ହେବା ଆଶଙ୍କା ଥିବା ଆଲୋଚନା ହେଉଛି ।

# ବିରୋଧୀଙ୍କ ଟାର୍ଗେଟରେ ନିର୍ବାଚନ କମିସନ

**ନୂଆଦିଲ୍ଲୀ, ୧୪।୧୧:** ବିହାର ନିର୍ବାଚନର ଅପ୍ରତ୍ୟାଶିତ ଫଳାଫଳ ରାଜନୈତିକ ପଣ୍ଡିତମାନଙ୍କୁ ବି ବିସ୍ମିତ କରିଛି । କ୍ଷମତାସୀନ ଏନ୍‌ଡିଏ ଜିତିବ ବୋଲି ପ୍ରାୟ ସମସ୍ତ ଏକଜିଟ୍ ପୋଲ୍ ସଂସ୍ଥା ଆକଳନ କରିଥିଲେ ମଧ୍ୟ ମେଣ୍ଟର ଏପରି ସୁନାମୀ ଆସିବ ବୋଲି କେହି କଳ୍ପନା କରିନଥିଲେ । ଏପରିକି ଏନଡିଏ ନେତାମାନେ ମଧ୍ୟ ଭାବିନଥିଲେ ଏଭଳି ସଫଳତା ପାଇବେ । ଏନଡିଏ ନେତାମାନେ ନିଜେ ନିର୍ବାଚନ ପୂର୍ବରୁ କହୁଥିଲେ ଯେ ସେମାନଙ୍କୁ ୧୬୦ ପର୍ଯ୍ୟନ୍ତ ଆସନ ମିଳିବ । କିନ୍ତୁ ଏହି ସଂଖ୍ୟା ୨୦୦ ଅତିକ୍ରମ କରିବା ଘଟଣାକୁ ବିରୋଧୀମାନେ ସହଜରେ ଗ୍ରହଣ କରିପାରି ନାହାନ୍ତି । ପୂର୍ବ ନିର୍ବାଚନ ତୁଳନାରେ ମତଦାନ ହାର ଅଧିକ ରହିଲେ କ୍ଷମତା ପରିବର୍ତ୍ତନର ସୂଚନା ଦିଏ । କିନ୍ତୁ ଏଠାରେ ଓଲଟା ହେଲା କେମିତି ବୋଲି ସେମାନେ ପ୍ରଶ୍ନ କରିଛନ୍ତି । ଏଥର ବିହାରରେ ମତଦାନ ହାର ୯ ପ୍ରତିଶତରୁ ଅଧିକ ହେଲା ଏବଂ ଏଥିରେ ମହିଳାମାନେ ଅଧିକ ସଂଖ୍ୟାରେ ଯେଉଁଭଳି ଭୋଟ ଦେଲେ ସେଥିରେ ଉଭୟ ଏନଡିଏ ଏବଂ ମହାମେଣ୍ଟ ନିଜକୁ ବିଜୟୀ ହେବାର ଦାବି କରିଥିଲେ ।

ତେବେ ଏଭଳି ଅପ୍ରତ୍ୟାଶିତ ନିର୍ବାଚନ ଫଳାଫଳ ପାଇଁ ବିରୋଧୀ ଦଳମାନେ ଭାରତର ନିର୍ବାଚନ କମିସନଙ୍କୁ ଦାୟୀ କରିଛନ୍ତି । ସେମାନେ ଅଭିଯୋଗ କରିଛନ୍ତି ଯେ ଶାସକ ଦଳକୁ ସୁହାଇଲା ଭଳି କାମ କରିଥି।ଲେ ନିର୍ବାଚନ କମିସନ । ତେଣୁ ନିର୍ବାଚନରେ ଏନଡିଏ ନୁହେଁ, ନିର୍ବାଚନ କମିସନ ବିଜୟୀ ହୋଇଛନ୍ତି । ତେଣୁ ମୁଖ୍ୟ ନିର୍ବାଚନ କମିସନର ଜ୍ଞାନେଶ କୁମାରଙ୍କୁ ଆମେ ଅଭିନନ୍ଦନ ଜଣାଉଛୁ ବୋଲି କହିଛନ୍ତି କଂଗ୍ରେସ ନେତା ତଥା ଦଳର ବିହାର ପ୍ରଭାରୀ ଭୂପେଶ ବାଘେଲ । ସେ କହିଛନ୍ତି ଯେ ଏନଡିଏକୁ ବିଜୟୀ କରାଇବା ଲାଗି ନିର୍ବାଚନ କମିସନ ପ୍ରମୁଖ ଭୂମିକା ଗ୍ରହଣ କରିଥିଲା । ଏସଆଇଆର ନାମରେ ୬୫ ଲକ୍ଷ ଭୋଟରଙ୍କ ନାମ କାଟିଦିଆଗଲା । ପୁଣି ୧୬ ଲକ୍ଷ ଲୋକ ଆବେଦନ କରିଥିବା ବେଳେ ୨୧ ଲକ୍ଷ ଲୋକଙ୍କୁ ଭୋଟର ତାଲିକାରେ ସାମିଲ କରାଯାଇଥିଲା । ଏହାକରି ନିର୍ବାଚନ କମିସନ ବିଜେପି ପାଇଁ ପଥ ପରିଷ୍କାର କରିଦେଇଥିଲେ ବୋଲି ସେ କହିଛନ୍ତି ।

ସେହିଭଳି ସମାଜବାଦୀ ପାର୍ଟି ନେତା ଅଖିଳେଶ ଯାଦବ ମଧ୍ୟ ନିର୍ବାଚନ କମିସନଙ୍କର ସମାଲୋଚନା କରିଛନ୍ତି । ।ସେ କହିଛନ୍ତି ଯେ ଏନଡିଏକୁ ଜିତାଇବା ଲାଗି ନିର୍ବାଚନ କମିସନ୍ ଏସଆଇଆର୍ ଷଡ଼ଯନ୍ତ୍ର କରିଥିଲେ । ବିହାର।ରେ କମିସନଙ୍କ ଏଭଳି ଖେଳ ଏନଡିଏ ପାଇଁ କାମଦେଲା । କିନ୍ତୁ ଅନ୍ୟ ରାଜ୍ୟରେ କମିସନଙ୍କ ଏସଆଇଆର ଷଡ଼ଯନ୍ତ୍ର କାମ ଦେବନାହିଁ । ଉତ୍ତର ପ୍ରଦେଶ, ପଶ୍ଚିମବଙ୍ଗ ସମେତ ଅନ୍ୟ ଯେଉଁ ରାଜ୍ୟରେ ଏସଆଇଆର୍ ଚାଲିଛି ସେଠାରେ କମିସନଙ୍କ ଖେଳ ଫେଲ୍ ମାରିବ । କାରଣ ବିହାର ଫଳାଫଳ କମିସନଙ୍କ ଅସଲ ଚେହେରାକୁ ପଦାରେ ପକାଇଦେଇଛି । କମିସନଙ୍କ ନିର୍ବାଚନ ଷଡ଼ଯନ୍ତ୍ର ଆଉ ଚାଲିବ ନାହିଁ ବୋଲି ସେ କହିଛନ୍ତି ।

ଅନ୍ୟପକ୍ଷରେ ବିହାର ପରେ ଏବେ ପଶ୍ଚିମ ବଙ୍ଗର ପାଳି ବୋଲି ବିଜେପି ନେତାମାନେ ଦେଇଥିବା ମନ୍ତବ୍ୟ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି ମମତାଙ୍କ ତୃଣମୂଳ କଂଗ୍ରେସ । ଦଳ ପକ୍ଷରୁ କୁହାଯାଇଛି ଯେ ବିଜେପି ଦିବା ସ୍ୱପ୍ନ ଦେଖିବା ଛାଡ଼ିଦେଉ । ପଶ୍ଚିମ ବଙ୍ଗ ଲୋକ ବିଜେପିକୁ ଉଚିତ ଜବାବ ଦେବେ ବୋଲି ଦଳ ପକ୍ଷରୁ କୁହାଯାଇଛି । ଆସନ୍ତା ବର୍ଷ ରାଜରେ ବିଧାନସଭା ନିର୍ବାଚନ ହେବାକୁ ଯାଉଛି ।

## ନୂଆପଡ଼ା ଉପନିର୍ବାଚନ | ଜୟଙ୍କ ବାଜିମାତ୍

| |
|---|
| ବିଜୟ ବ୍ୟବଧାନ ୮୩ହଜାର ୨୦୪ |
| ଜୟ ପାଇଲେ ୧ଲକ୍ଷ ୨୩ହଜାର ୨୪୩ |
| ବିଜେଡିକୁ ମିଳିଲା ୩୮ ହଜାର ୨୫୬ |
| ନୋଟାକୁ ଗଲା ୧୯ ୯୫ |

**ନୂଆପଡ଼ା, ୧୪ ।୧୧ (ସମିସ):** ବହୁପ୍ରତୀକ୍ଷିତ ନୂଆପଡ଼ା ବିଧାନସଭା ଉପନିର୍ବାଚନର ସବୁ ଗଣିତ ପଦାକୁ ଆସିଛି । ତିନି ପ୍ରମୁଖ ରାଜନୈତିକ ଦଳ ମଧ୍ୟରେ ଲଢ଼େଇ ହୋଇଥିବା ବେଳେ ବିଜେପିର ଜୟ ଢୋଲକିଆ ବାଜି ମାରିନେଇଛନ୍ତି । ନିକଟତମ ପ୍ରତିଦ୍ୱନ୍ଦ୍ୱୀ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କଠାରୁ ୮୩ହଜାର ୨୦୪ ଭୋଟ୍ ଆଗରେ ରହି ସେ ବିଜୟ ତିଳକ ପିନ୍ଧିଛନ୍ତି । ତାଙ୍କୁ ୧ଲକ୍ଷ ୨୩ହଜାର ୨୪୩ ଖଣ୍ଡ ଭୋଟ୍ ମିଳିଥିବା ବେଳେ ଘାସିରାମ ୪୦ ହଜାର ୩୯ ଖଣ୍ଡ ଭୋଟ୍ ପାଇଛନ୍ତି । ତୃତୀୟ ସ୍ଥାନରେ ବିଜେଡିର ସ୍ନେହାଙ୍ଗିନୀ ଛୁରିଆ ୩୮ ହଜାର ୨୫୬ ଭୋଟ୍ ପାଇଛନ୍ତି । ସେହିପରି, ଏହି ନିର୍ବାଚନରେ ପ୍ରଥମଥର ପାଇଁ ଏଠିକାର ଭୋଟର୍ ରାଜନୈତିକ ଦଳଗୁଡ଼ିକ ମଧ୍ୟରେ ଥିବା ଦଳବଦଳ ରାଜନୀତିକୁ ଅତି ନିକଟରୁ ଦେଖିବା ସହ ମଦ, ମାଂସ ଓ ଟଙ୍କା କାରବାରକୁ ଏତେମାତ୍ରାରେ ଦେଖି ପ୍ରାର୍ଥୀ ତଥା ଦଳ ଉପରୁ ମୁହଁ ମୋଡ଼ିଥିବା ନୋଟା ଭୋଟ୍‌ରୁ ସ୍ପଷ୍ଟ ହୋଇଛି । ନୋଟାକୁ ସର୍ବାଧିକ ୧୯ ୯୫ଖଣ୍ଡ ଭୋଟ ପଡିଥିବା ଚର୍ଚ୍ଚାର ବିଷୟ ହୋଇଛି ।

### ■ ବିଜେପି ଅଫିସରେ ଜୟଙ୍କୁ ସମ୍ବର୍ଦ୍ଧନା

ଗଣତି କାର୍ଯ୍ୟକ୍ରମକୁ ଉପଭୋଗ କରିବାକୁ ବିଜେପିର ପ୍ରମୁଖ ନେତାଗଣ ନୂଆପଡ଼ାରେ ଡେରା ପକାଇ ରହିଥିଲେ । ଗଣତି କାର୍ଯ୍ୟ ଶେଷ ନ ହେଉଣୁ ଜୟଙ୍କ ନିଜର ସହର ଖରିଆରରୋଡ୍ ବସ୍ତିରେ ହୋଲିର ମାହୋଲ ହୋଇଥିଲା । ସ୍ୱତନ୍ତ୍ର ଗାଡ଼ିରେ ସବାର ହୋଇ ଜୟ ନୂଆପଡ଼ା ଅଭିମୁଖେ ଆସିଥିଲେ । ଗଣତି କେନ୍ଦ୍ରରେ ଜିଲ୍ଲାପାଳଙ୍କଠାରୁ ସାର୍ଟିଫିକେଟ୍ ହାସଲ କରିବାପରେ ଜିଲ୍ଲା ବିଜେପି କାର୍ଯ୍ୟାଳୟରେ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ଜିଲ୍ଲା ସଭାପତି କମଳେଶ ଦୀକ୍ଷିତଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପ୍ରାଣୀ ପାଳନ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ପ୍ରସନ୍ନ କୁମାର ପାଢ଼ୀ, ଯଦୁମଣି ପାଣିଗ୍ରାହୀ ପ୍ରମୁଖ ଉପସ୍ଥିତ ଥିଲେ । ଏହି ଅବସରରେ ଜୟ ଢ଼ୋଲକିଆଙ୍କୁ ବିଜେପିର ଶତାଧିକ କର୍ମକର୍ତ୍ତା ଫୁଲମାଳ ଦେଇ ସମ୍ବର୍ଦ୍ଧନା ଦେଇଥିଲେ । ହେଲେ କୁଆଡ଼େ ବେଶୀ ଭୋଟରେ ବିଜୟୀ ହୋଇଥିଲେ ବୋଲି କିଛି ବରିଷ୍ଠ ନେତାଙ୍କୁ ହଜମ ହୋଇ ନଥିଲା । ତେଣୁ ନେତାମାନେ କୁଆଡ଼େ ଲୁଚି ଯାଇଥିବା ଚର୍ଚ୍ଚାର ବିଷୟ ହୋଇଛି । ଏପରିକି, ଷ୍ଟେଜରେ ଜିଲ୍ଲା ସଭାପତିଙ୍କ ସହ କିଛି ନେତାଙ୍କ ମନୋମାଳିନ୍ୟ ହୋଇଥିବା ମଧ୍ୟ ଚର୍ଚ୍ଚାରେ ରହିଛି ।

### ■ ବସନ୍ତଙ୍କ ଘରକୁ ଗଲେ ଜୟ

ବିଜେପିରେ ଯୋଗଦେବା ପରେ ଜୟ ଢୋଲକିଆ ପ୍ରଥମେ କଳାହାଣ୍ଡି ପୂର୍ବତନ ସାଂସଦ ବସନ୍ତ ପଣ୍ଡାଙ୍କ ଘରକୁ ଯାଇଥିଲେ । ବିଜୟ ପରେ ମଧ୍ୟ ନୂଆପଡ଼ାରେ ପ୍ରବେଶ କରି ପ୍ରଥମେ ବସନ୍ତ ପଣ୍ଡାଙ୍କ ଘରକୁ ଯାଇ ଦଣ୍ଡବତ ହୋଇଥିଲେ ।

### ■ ଖରିଆରରୋଡ୍ ଓ ନୂଆପଡ଼ାରେ ବିଜୟ ଉତ୍ସବ

ବିଜୟ ଲାଭ କରିବା ପରେ ଜୟ ଆଜି ସଂଧ୍ୟାରେ ଖରିଆରରୋଡ୍‌ସ୍ଥିତ ନିଜ ବାସଭବନରୁ ବାହାରି ନୂଆପଡ଼ା ଅଭିମୁଖେ ଆସିଥିଲେ । ବାଟରେ ଏକତା ଛକରେ ସ୍ୱର୍ଗୀୟ ମନ୍ତ୍ରୀ ଘାସିରାମ ମାଝୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ପରେ ସାରା ସହର ପରିକ୍ରମା କରିଥିଲେ । ପୂରା ସହର ଆଲୋକମାଳାରେ ଝଲସିବା ସହ ବାଣଫୁଟାରେ ଦୁଲୁକିଥିଲା ।

### ■ ଟଙ୍କା, ମଦ-ମାଂସର ବିଜୟ ହୋଇଛି: ଘାସିରାମ

ଏହି ଉପନିର୍ବାଚନ ମଦ, ମାଂସ ଏବଂ ଟଙ୍କାର ରାଜନୀତି ଥିଲା । ନିର୍ବାଚନ ମଣ୍ଡଳୀର ନିରୀହ, ସରଳ ଜନତାଙ୍କୁ କିଣାବିକା ରାଜନୀତି କରି ବିଜେପି ହାତେଇଛି ବୋଲି ପରାଜିତ କଂଗ୍ରେସ ବିଧାୟକ ପ୍ରାର୍ଥୀ ଘାସିରାମ ମାଝୀ ତାଙ୍କର ପ୍ରତିକ୍ରିୟାରେ କହିଛନ୍ତି । ସେ ମଧ୍ୟ ଠିକ ଭାବରେ ଲଢ଼ିଥିଲେ । ହେଲେ କଂଗ୍ରେସ ତରଫରୁ ଠିକ ଭାବରେ ସହାୟତା ମିଳି ନଥିଲା ବୋଲି ହାରିଗଲେ । ହେଲେ ଜନତା ଜନାର୍ଦ୍ଦନଙ୍କ ଏଭଳି ସମର୍ଥନକୁ ସେ ଗ୍ରହଣ କରିଥିବା କହିଛନ୍ତି ।

### ■ ବିଜେପି ଶତପ୍ରତିଶତ ଇଭିଏମ୍ ଟାମ୍ପରିଂ କରିଛି: ଅବନୀ ରଞ୍ଜନ

ବିଜେପି ଶତପ୍ରତିଶତ ଇଭିଏମ୍ ଟାମ୍ପରିଂ କରିଛି । ବିଜେପି ଲଢ଼େଇ ଆରମ୍ଭରୁ ହିଁ କଂଗ୍ରେସ ସହ ଲଢ଼େଇ ବୋଲି କହିଆସିଥିଲା । ନିର୍ବାଚନ ଆରମ୍ଭ ହେବାର ୪୮ ଘଣ୍ଟା ପୂର୍ବରୁ ନିରବ ଅବଧି (ସାଇଲେଣ୍ଟ ପିରିୟଡ୍) ଭାବେ ବିବେଚନା କରାଯାଇଥାଏ । ବିଜେଡି ଶାସନ କାଳରେ କୌଣସି ଦଳୀୟ କର୍ମକର୍ତ୍ତା, ନେତା ନିର୍ବାଚନମଣ୍ଡଳୀ ଭିତରେ ରହିବାର ନିୟମକୁ କଡ଼ାକଡ଼ି ପାଳନ କରୁଥିଲା । ହେଲେ ବର୍ତ୍ତମାନ ବିଜେପି ସବୁ ନିୟମକୁ ନିଜେ ଉଲ୍ଲଂଘନ କରି ଭୋଟକୁ ନିଜ ଅକ୍ତିଆରକୁ ନେଇଥିଲା । ପ୍ରାର୍ଥୀ ଚୋରିଠାରୁ ଆରମ୍ଭ କରି ଶେଷରେ ଭୋଟ ଚୋରି କଲା । ଏହା ଶାସକ ଦଳର ଅସାଧୁ ବିଜୟ ବୋଲି ଜିଲ୍ଲା ବିଜେଡି ସଭାପତି ଅବନୀ ରଞ୍ଜନ ଯୋଶୀ ନିଜ ପ୍ରତିକ୍ରିୟାରେ କହିଛନ୍ତି ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିହାରରେ 'ନୀମୋ'..

କରିଛି । ଗତ ନିର୍ବାଚନରେ ଦୁଇ ଅଙ୍କ ଛୁଇଁ ପାରି ନ ଥିବା ଲୋକଜନଶକ୍ତି ପାର୍ଟି ୨୮ ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରି ୨୧ଟି ଆସନରେ ବିଜୟୀ ହୋଇଛି ।

କୌତୂହଳର ବିଷୟ ଯେ, ମହାଗଠବନ୍ଧନର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ଯାଦବ ଅଳ୍ପକେ ବିଜୟୀ ହୋଇ ସମ୍ମାନ ରଖିବାରେ ସକ୍ଷମ ହୋଇଥିଲେ ହେଁ ତାଙ୍କ ଦଳ ଆର୍‌ଜେଡି ମାତ୍ର ୨୫ଟି ଆସନରେ ବିଜୟୀ ହୋଇଛି । ଅନ୍ୟପକ୍ଷରେ ମହାଗଠନବନ୍ଧନର ପ୍ରମୁଖ ସହଯୋଗୀ କଂଗ୍ରେସର ଆସନ ସଂଖ୍ୟା ୬ ମଧ୍ୟରେ ସୀମିତ ରହିଛି । ଅନ୍ୟପକ୍ଷରେ ପ୍ରଶାନ୍ତ କିଶୋରଙ୍କ ଜନ ସୁରଜ ପାର୍ଟି, ଭିଆଇପି ଆଦି ରାଜନୈତିକ ଦଳ ଖାତା ଖୋଲିବାରେ ବିଫଳ ହୋଇଛନ୍ତି । ଗତ ନିର୍ବାଚନ ତୁଳନାରେ ଏନଡିଏ ୭୫ରୁ ଅଧିକ ଆସନ ଲାଭ କରିଛି । ଚଳିତ ନିର୍ବାଚନରେ ଅନ୍ୟତମ ଚର୍ଚ୍ଚିତ ପ୍ରାର୍ଥୀ ତଥା ଲାଲୁ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ ମଧ୍ୟ ନିର୍ବାଚନରେ ପରାଜିତ ହୋଇଛନ୍ତି । ଭୋଜପୁରୀ ଅଭିନେତା ଆର୍‌ଜେଡି ପ୍ରାର୍ଥୀ ଖେସାରୀ ଲାଲ ପରାଭବ ଭୋଗିଥିବାବେଳେ ବିଜେପି ପ୍ରାର୍ଥୀ ତଥା ଲୋକଗୀତ ଗାୟିକା ମୈଥିଳୀ ଠାକୁର ଆଲିନଗର ବିଧାନସଭା ଆସନରୁ ବିଜୟୀ ହୋଇଛନ୍ତି । ତେବେ ଅସଦୁଦ୍ଦିନ ଅୱେସୀଙ୍କ ଏଏମ୍ଆଇଏମ୍ ୫ଟି ଆସନ ବଜାୟ ରଖିଛି ।

### ବିଜେପି ମଥାରେ...

ବିଧାୟକ ହେବା ସ୍ୱପ୍ନ ସାକାର ହୋଇଛି । ବାପା ରାଜେନ୍ଦ୍ର ଢୋଲକିଆ ୪ ଥରର ବିଧାୟକ ଥିବାବେଳେ ବିଜେଡି ସରକାରରେ ସେ ମନ୍ତ୍ରୀ ଭାବେ ମଧ୍ୟ ଦାୟିତ୍ୱ ତୁଲାଇଛନ୍ତି; କିନ୍ତୁ ପିତା ରାଜେନ୍ଦ୍ରଙ୍କ ପରଲୋକ ପରେ ବ୍ୟବସାୟରେ ଲିପ୍ତ ଥିବା ଜୟ ରାଜନୀତିକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି ।

ବାପା ରାଜେନ୍ଦ୍ର ଢୋଲକିଆଙ୍କ ମୃତ୍ୟୁ ପରେ ରାଜନୀତିରେ ପାଦ ଥାପିଥିଲେ ଜୟ ଢୋଲକିଆ । ଗତ ଅକ୍ଟୋବର ୧୧ରେ ଅପ୍ରତ୍ୟାଶିତ ଭାବେ ସେ ବିଜେପିରେ ସାମିଲ ହୋଇଥିଲେ ଓ ଦଳୀୟ ଟିକଟରେ ନିର୍ବାଚନ ଲଢ଼ିଥିଲେ । ଏହି ଆସନ ଏବେ ବିଜେପି ହାତକୁ ଚାଲିଯାଇଥିବା ବେଳେ ଉଭୟ ବିଜେଡିକୁ ବଡ଼ ଧକ୍କା ଲାଗିଛି । ଗତ ନିର୍ବାଚନରେ ୫୧ ଆସନରେ ବିଜୟୀ ହୋଇଥିବା ବିଜେଡିର ଆସନ ସଂଖ୍ୟା ଗୋଟିଏ ହ୍ରାସ ପାଇଛି । ସେହିପରି ବିଜେପିର ଆସନ ସଂଖ୍ୟା ବିଧାନସଭାରେ ଗୋଟିଏ ବୃଦ୍ଧି ପାଇଁ ୭ ୯ ରେ ପହଞ୍ଚିଛି । ଅନ୍ୟପକ୍ଷରେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କର ବିଧାୟକ ହେବାର ସ୍ୱପ୍ନ ଅଧୁରା ରହିଯାଇଛି । ପୂର୍ବରୁ ୫ ଥର ପରାଜୟ ସ୍ୱାଦ ଚାଖିଥିବା ଘାସିରାମ ଏଥର ନିର୍ବାଚନ ଜିତିବା ନେଇ ଆଶାବାଦୀ ଥିଲେ ମଧ୍ୟ ଗତ ନିର୍ବାଚନ ପରି ଦ୍ୱିତୀୟ ସ୍ଥାନରେ ରହିଛନ୍ତି ।

ବିଜୟୀ ହେବାପରେ ବାପା ରାଜେନ୍ଦ୍ର ଢୋଲକିଆଙ୍କ ଅଧୁରା ସ୍ୱପ୍ନକୁ ପୂରା କରିବେ ବୋଲି ଦୋହରାଇଛନ୍ତି ଜୟ ଢୋଲକିଆ । ସେ କହିଛନ୍ତି ଯେ ଏହି ବିଜୟ ନୂଆପଡ଼ାବାସୀଙ୍କର । ଆଗାମୀ ଦିନରେ ନୂଆପଡ଼ା ନିର୍ବାଚନମଣ୍ଡଳୀର ବିକାଶ ପାଇଁ ସେ ଦିନରାତି ଏକ କରିଦେବ । ତାଙ୍କର ବିଶାଳ ବିଜୟ ହେବା ପଛରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ବିକାଶ ଆଭିମୁଖ୍ୟକୁ ନୂଆପଡ଼ାବାସୀ ଆସ୍ଥା ପ୍ରକଟ କରିଛନ୍ତି ବୋଲି ସେ କହିଛନ୍ତି । ଅନ୍ୟପଟେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ ୨୦୨୪ ନିର୍ବାଚନରେ ଦ୍ୱିତୀୟ ସ୍ଥାନରେ ଥିଲେ । ଆଜିର ଭୋଟଗଣତି ଫଳ ପ୍ରକାଶ ପାଇବା ପରେ ତାଙ୍କୁ ପୁଣିଥରେ ଦ୍ୱିତୀୟ ସ୍ଥାନ ମିଳିଛି । ନୂଆପଡ଼ାବାସୀଙ୍କ ସେବା କରିବା ପାଇଁ ସେ ଏକାଧିକ ଥର ନିର୍ବାଚନ ହାରିଥିଲେ ମଧ୍ୟ ଆଶା ହରାଇନାହାନ୍ତି । ଆଗକୁ ଯେତେ ନିର୍ବାଚନ ହେବ ସେ ନୂଆପଡ଼ାରେ ପ୍ରତିଦ୍ୱନ୍ଦ୍ୱିତା କରିବେ ବୋଲି ପୁଣି ଥରେ ଘାସିରାମ ଦମ୍ଭୋକ୍ତି ପ୍ରକାଶ କରିଛନ୍ତି ।

### ଓଡ଼ିଶାବାସୀଙ୍କ ଅଧିକାର...

ନିର୍ବାଚନ ପରିଚାଳନା କରିବା ଓ ଲୋକଙ୍କ ଗଣତାନ୍ତ୍ରିକ ଅଧିକାରକୁ ବଜାୟ ରଖିବା ଆମ ଅନୁଷ୍ଠାନଗୁଡ଼ିକର ଦାୟିତ୍ୱ । ବିଜେଡି ଅନେକ ଉତ୍ଥାନ-ପତନ ଦେଇ ଗତି କରିଛି । ତଥାପି ଲୋକଙ୍କ ପାଇଁ ଲଢ଼ିବା ପାଇଁ ଆ।ମର ସଂକଳ୍ପ ଅତୁଟ ରହିଛି, ଭବିଷ୍ୟତରେ ମଧ୍ୟ ଏହା ଜାରି ରହିବ । ଆମ ଦଳ ଲଢ଼ୁଆ ବିଜୁ ବାବୁଙ୍କ ଦ୍ୱାରା ଅନୁପ୍ରାଣିତ । ଓଡ଼ିଶା ଲୋକଙ୍କ ଅଧିକାର ପାଇଁ ଆମର ଲଢ଼େଇ ଜାରି ରହିବ ବୋଲି ନବୀନ ଦୃଢୋକ୍ତି ପ୍ରକାଶ କରିଛନ୍ତି । ସେ ପୁନର୍ବାର ବିଜେଡିକୁ ସମର୍ଥନ ଜଣାଇଥିବା ନୂଆପଡ଼ାବାସୀଙ୍କୁ ଧନ୍ୟବାଦ ଦେବା ସହ ଏହି ଉପନିର୍ବାଚନ ପାଇଁ କଠିନ ପରିଶ୍ରମ କରିଥିବା ଦଳର ସମସ୍ତ କର୍ମୀଙ୍କୁ ମଧ୍ୟ ଧନ୍ୟବାଦ ଜଣାଇଛନ୍ତି । ନୂଆପଡ଼ାରେ ଅର୍ଥପୂର୍ଣ୍ଣ ବିକାଶ ଆଣି ଏହି ଜନାଦେଶକୁ ଜୟ ସମ୍ମାନ ଦେବେ ବୋଲି ନବୀନ ଆଶାପ୍ରକଟ କରିଛନ୍ତି ।


Phone No. (06854)241159/232714, Email: ceo@koraputccb.com

**KORAPUT CENTRAL CO-OPERATIVE BANK LTD.,**

HEAD OFFICE: N.K.T. ROAD, JEYPORE - 764003: DIST: KORAPUT (ODISHA)

Letter No. 4036/P&S / 2025-26, Date 13.11.2025

**QUOTATION CALL NOTICE**

Sealed quotations are invited from the intending registered firm for making a Gold weighing Machine for branch banks of the Koraput Central Cooperative Bank Ltd., Jeypore along with supported valid GST & PAN are requested to submit their sealed quotations before the undersigned on or before **Dt.20.11.2025** by **5.30** P.M latest as per following specification along with **2%** security deposit of quotation value in favour of Secretary, Koraput Central Cooperative Bank Ltd., Jeypore at the time of submission of tender. The sealed tender notice should be highlighted as a Glow sign board on envelop.

The tender will be opened on Dtd. **21.11.2025** at **4.30** P.M in presence of the authorized representative and if no agency or their representative shall remain present at the time of opening of quotations then the same shall be opened by the Purchase Committee members.

| Sl. No | Particulars | Qty. required approximately | Proposed installation Site/Places in the KCCB Ltd., Branch bank |
|---|---|---|---|
| 1. | Gold Weighing Machine: Electronic Weighing Scale Make: Contech Model: CTL 600 Capacity: 600 Readability:0.01g Pan Size: 115 Digital display and wind shield Duly verified & stamped by Legal Metrology Deptt. Govt, of Odisha. | 6 | KCCB Ltd., Main, Koraput, Semiliguda, M.V. 79 Branch @ Kalimela, Gunupur & Padmapur Branch. |

The above items should be quoted including GST, Transportation, Delivery/Supply at the above Branch Bank of the Koraput Central Cooperative Bank Ltd., Jeypore (within undivided Koraput District) including installation/charges. The quotation received incomplete or after the scheduled date shall be rejected and will not be entertained by the Bank.

The short list shall be made basing upon the rates offered by the firms/agencies The authority reserves the right to reject all or any quotations without assigning any reason thereof Taxes will be deducted as applicable at the time of payment of Bill amount.

For any queries, please contact to Sri Jaya Pradeep Patnaik Manager P&S, KCC Bank Ltd., Head Office, Jeypore. Mobile No.: 9777519964.

**Secretary**
**Koraput Central Cooperative Bank Ltd.,**
**Jeypore**



**AFFIDAVIT**

I Mohammed Salauddin, S/o.: Md Nazar Mohiuddin, At: Bazar Sahi, PO/PS-Dhamnagar, Dist.: Bhadrak, PIN-756117, Odisha. declare by this affidavit No. 53296 Dated. 12.11.2025 that now onwards I shall be known as **Md Salauddin** for all future purposes

**AFFIDAVIT**

By virtue of an affidavit No.51 sworn before The Executive Magistrate, Bhubaneswar, dated: 28/10/2025, I, Sai Omm Sahoo, S/O- Debarchan Sahoo, resident of: Plot No.36/403, Lenkudi, Ranga Bazar, Bhubaneswar, Dist: Khorda, PIN: 752100, Odisha declare that I have changed my name from Sai Omm Santosh Kumar Sahoo to Sai Omm Sahoo. Henceforth, I shall be known as Sai Omm Sahoo for all purposes.

**Sai Omm Sahoo**

**AFFIDAVIT**

I Manoja Kumar Padhi, Resident of Plot No.: EB 723, Badagada Brit Colony, Bhaskareswar Temple, Bhubaneswar, Khordha, Odisha-751018, Odisha Declare by this Affidavit No.: 37, Date: 13.11.2025, that now onwards, I shall be known as **Manoj Kumar Padhi** for all future purposes.

**AFFIDAVIT**

By Virtue of an affidavit sworn before Executive Magistrate, Bhubaneswar. CF No:- 106 on dated 11.11.2025.I Nilanchala Patro, Son of Late.Panchanana Patro, Resident at: - Khilabadi,PO/PS:-Surada. Dist. Ganjam. PIN. 761108. Odisha. declare that' I have changed my Son's name from Rudranshu Patro to Rudransh Patro.Henceforth He shall be known as **RUDRANSH PATRO** for all future purposes.

**Nilanchala Patro**

**NOTICE**

By virtue of an affidavit sworn before The Executive Magistrate, Bhubaneswar, dated 14.11.2025 I, Mr. Subash Jena, Address At-Salia Sahi, Mahabir Nagar, PO-RRL, Ps- Nayapalli, Bhubaneswar, Dist-Khordha, odisha-751013 declare that I have changed my Daughter's name from Liza Jena to Deepti Mahi Jena Henceforth, she shall be known as **Deepti Mahi Jena** for all purposes.

**Sd/- Subash Jena**

**AFFIDAVIT**

By virtue of an affidavit sworn before the Executive Magistrate Bhubaneswar, vide no.18 dtd.10.11.2025, I Rasmita Bhoi, D/o- Ghania Bhoi resident of Kaliakera, Po.- Gabakund, Ps.-Chandanpur, Dist.-Puri, Odisha-752045 state that,my actual and correct name is Rasmita Bhoi, Date of Birth is 01.12. 2003 but in my Aadhar card my name has been wrongly mentioned as Bangu Bhoi & Date of Birth 20.05.2005. That, **Rasmita Bhoi** and **Bangu Bhoi** is one and same person who is myself.

**SALE**

01 Number of TATA ACE GOLD PETROL CX/2023, Registration No.- OD-15-W-3690, Model-2023, - ENGINE NO – 275MPFI02AWXS13076, CHASSIS NO - MAT559023PZA02822, For Details, Contact – 9437019531, SUNDARAM FINANCE LTD., 1ST FLOOR, SABAT COMPLEX, NEAR WESCO OFFICE, AINTHAPALLI , PO/DIST- SAMBALPUR-768004

# କୁଜଙ୍ଗ-ଚଟୁଆ ରାସ୍ତାରେ ଟ୍ରାଫିକ୍ ଜାମ୍, ସାଧାରଣରେ ଅସନ୍ତୋଷ

କୁଜଙ୍ଗ,୧୪।୧୧(ସମିସ)



କୁଜଙ୍ଗ ପୁରୁଣା ଥାନା ଅର୍ଥାତ୍ ସିନେମା ହଲ୍ ଛକରୁ ପାତ୍ର ଛକ, ବିବି ହାଇସ୍କୁଲର ନୂତନ ଫାଟକ ପର୍ଯ୍ୟନ୍ତ କୁଜଙ୍ଗ ବାଲିତୁଠ ଓ କୁଜଙ୍ଗ ତ୍ରିଲୋଚନପୁର ସଂଯୋଗକାରୀ ରାସ୍ତାରେ ସବୁ ସମୟରେ ଟ୍ରାଫିକ୍ ଜାମ୍ ରହୁଛି। ଫଳରେ ଦୁର୍ଘଟଣା ବଢ଼ିବା ଓ ଜୀବନ ଯାତ୍ରା ବ୍ୟାହତ ହେବା ଅଭିଯୋଗ ହୋଇଛି। ରାସ୍ତା ଜବରଦଖଲ, ବେଆଇନ ପାର୍କିଂ, ଦିନ ସମୟରେ ବେଆଇନ ଭାବେ ଭାରୀଯାନ ଏହି ରାସ୍ତା ଦେଇ ଯାଉଥିବାରୁ ସମସ୍ୟା ବଢ଼ିବାରେ ଲାଗିଥିବା କୁଜଙ୍ଗ ପ୍ରାକ୍ତନ ସମିତି ସଭ୍ୟ ତଥା କୁଜଙ୍ଗ ଓକିଲ ସଂଘ ସଭାପତି ଏଏନ୍‌ଡି ଯାଦବ ଅଭିଯୋଗ କରି ଏହାର ସ୍ଥାୟୀ ସମାଧାନ ପାଇଁ ଦାବି କରିଛନ୍ତି।

କୁଜଙ୍ଗର ବଡ଼ ବଡ଼ ଲୁଗା ଦୋକନ ଆଗ ରାସ୍ତାରେଗାଡ଼ି ପାର୍କିଂ ହେବା ଯୋଗୁଁ ଲୋକେ ବହୁ ହୀନସ୍ତା ଭୋଗୁଛନ୍ତି। ଅନ୍ୟପକ୍ଷରେ ଡ୍ରେନେଜ୍ ବ୍ୟବସ୍ଥା ଠିକ୍ ନ ଥିବାରୁ ପରିବେଶ ଦୂଷିତ ହେବା ସହ ମଶାଙ୍କ ଉପଦ୍ରବ ଦେଖାଦେଇଛି। ରାସ୍ତା ଜାମ ଯୋଗୁ ସ୍କୁଲ ଛାତ୍ରଛାତ୍ରୀ, ଏପରିକି ଆମ୍ବୁଲାନ୍ସ, ଅଗ୍ନିଶମ ଗାଡ଼ି ଯିବାରେ ସମସ୍ୟା ହେଉଥିବା ଓ ବହୁ ଜରୁରୀ ସେବା ମଧ୍ୟ ପ୍ରଭାବିତ ହେଉଥିବା ଅଭିଯୋଗ ହେଉଛି। ଏହାର ସ୍ଥାୟୀ ସମାଧାନ ପାଇଁ ଶ୍ରୀ ଯାଦବ କୁଜଙ୍ଗ ପ୍ରଶାସନ ଓ ପୁଲିସର ଦୃଷ୍ଟି ଆକର୍ଷଣ କରିଛନ୍ତି। ଆଗକୁ ନୂଆଗାଁ ଓ ଏରସମା ଅଞ୍ଚଳରେ ଶିଳ୍ପ ସଂସ୍ଥା ଗଢି ଉଠିବାକୁ ଯାଉଥିବାବେଳେ ଏବେ ଏହି ଅଞ୍ଚଳର ପ୍ରବେଶ ପଥ ସଙ୍କୁଚିତ ହେଉଛି। ବ୍ୟବସାୟୀଙ୍କ ହିତ ସହ ଏହି ସମସ୍ୟାର ତ୍ୱରିତ ସମାଧାନ ପାଇଁ ସେ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

• ଷ୍ଟ୍ରିଟ୍‌ଲାଇଟ ଦୁର୍ନୀତିର ଖୋଳତାଡ଼ କଲା ଭିଜିଲାନ୍ସ ଟେକ୍ନିକାଲ ଟିମ୍

# କନିଷ୍ଠ ଯନ୍ତ୍ରୀଙ୍କୁ ନେଇ କ୍ଷେତ୍ର ପରିଦର୍ଶନ

ପଟ୍ଟାମୁଣ୍ଡାଇ,୧୪।୧୧(ସମିସ):ପଟ୍ଟାମୁଣ୍ଡାଇବ୍ଲକ୍‌ରଶାସନଠାରୁମାଳିପୁରମାର୍କେଟ ପର୍ଯ୍ୟନ୍ତ ଷ୍ଟ୍ରିଟ୍‌ଲାଇଟ ପ୍ରକଳ୍ପରେ କାର୍ଯ୍ୟ ନ ହୋଇ ମିଥ୍ୟା ବିଲ୍ କରାଯାଇଥିବା ଅଭିଯୋଗ ସମଗ୍ର ଅଞ୍ଚଳରେ ଦୀର୍ଘଦିନ ହେଲା ଚର୍ଚ୍ଚାର ବିଷୟ ପାଲଟିଥିଲା। ଗ୍ରାମବାସୀଙ୍କ ଅଭିଯୋଗ ଓ ବାରମ୍ବାର ଗଣମାଧ୍ୟମରେ ଖବର ପ୍ରସାରଣ ପରେ ଗତ ଅକ୍ଟୋବର ୮ ତାରିଖରେ ଭିଜିଲାନ୍ସ ଅଧିକାରୀ ପଟ୍ଟାମୁଣ୍ଡାଇ ବ୍ଲକ କାର୍ଯ୍ୟାଳୟରେ ଅନୁସନ୍ଧାନ ପାଇଁ ପହଞ୍ଚିଥିଲେ। ବ୍ଲକ୍ କାର୍ଯ୍ୟାଳୟରେ ପହଞ୍ଚିବା ପରେ ଭିଜିଲାନ୍ସ ଟିମ୍ ଏହି ପ୍ରକଳ୍ପର କାର୍ଯ୍ୟନିର୍ବାହୀ ତଥା ବ୍ଲକ୍‌ର କନିଷ୍ଠ ଯନ୍ତ୍ରୀ ରତ୍ନେଶ ପାଣ୍ଡେଙ୍କୁ ଦୀର୍ଘ ସମୟ ଧରି ପଚରାଉଚରା କରିବା ସହିତ କ୍ଷେତ୍ର ପରିଦର୍ଶନ କରି ଫେରିଥିଲେ। ବ୍ଲକ୍ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଅଧିକାର ଆଇନ ବଳରେ ଦିଆଯାଇଥିବା ତଥ୍ୟ ଅନୁସାରେ ଶାସନରୁ ମାଳିପୁର ମାର୍କେଟ ଆଲୋକୀକରଣ କାର୍ଯ୍ୟ ହୋଇଥିବା ବୋଲି ତଥ୍ୟ ପ୍ରଦାନ କରାଯାଇଥିଲା। ଏହି ତଥ୍ୟ ପାଇବା ପରେ ଶାସନ ପଞ୍ଚାୟତବାସୀଙ୍କ ପକ୍ଷରୁ ଅଭିଯୋଗ ପାଇବା ପରେ ବିଡିଓ ମଧ୍ୟ ପ୍ରକଳ୍ପର ତଦନ୍ତ କରିଥିଲେ। ପୁନଶ୍ଚ ଦ୍ୱିତୀୟ ଥର ପାଇଁ ଆଜି ବ୍ଲକ କାର୍ଯ୍ୟାଳୟରେ ଭିଜିଲାନ୍ସ ଟିମ୍ ପହଞ୍ଚି ଥିଲା। ଭିଜିଲାନ୍ସର ଟେକ୍ନିକାଲ ଟିମ କନିଷ୍ଠ ଯନ୍ତ୍ରୀ ରତନେସ ପାଣ୍ଡେଙ୍କୁ ଧରି ପ୍ରକଳ୍ପ ସ୍ଥାନ ଶାସନ ଛକକୁ ଯାଇଥିଲେ। ପରେ ଅଧିକ ତଦନ୍ତ ପାଇଁ ଯନ୍ତ୍ରୀଙ୍କୁ ନେଇ ମାଳିପୁର ମାର୍କେଟ ପର୍ଯ୍ୟନ୍ତ ଯାଇ ସେଠାରୁ ତଦନ୍ତ ସାରି ଫେରିଥିବା ଜଣାପଡ଼ିଛି।

# ଗୋ-ମାଂସ ସନ୍ଦେହରେ ଉତ୍ତେଜନା, ଦୋକାନୀ ଅଟକ

ନାଉଗାଁ,୧୪।୧୧(ସମିସ): ନାଉଗାଁ ଥାନା ଅନ୍ତର୍ଗତ ଗଙ୍ଗଦା ବଜାରର ଜଣେ ମାଂସ ବ୍ୟବସାୟୀ ଶୁକ୍ରବାର ସକାଳୁ ଆସି ପଡ଼ିଆରେ



୩୦ କେଜିରୁ ଅଧିକ ଓଜନର ମାଂସ ଭର୍ତ୍ତି ଜରି ଫୋପାଡ଼ି ଦେଇ ପଳାଉଥିଲେ। ଏହା ଦେଖି ସ୍ଥାନୀୟ ଲୋକ ସମ୍ପୃକ୍ତ ବ୍ୟବସାୟୀଙ୍କୁ ଅଟକାଇବାରୁ ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିଲା। ବଜରଙ୍ଗ ଦଳ କର୍ମକର୍ତ୍ତା ପହଞ୍ଚି ନାଉଁଗା ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ବ୍ୟବସାୟୀଙ୍କୁ ଥାନାକୁ ନେଇ ଅଟକ ରଖିଥିବା ଜଣାପଡ଼ିଛି। ସୂଚନା ମୁତାବକ, ଗଙ୍ଗଦା ହାଟ ଛେଳି ମାଂସ ବ୍ୟବସାୟୀ ଅକ୍ଷୟ ବେହେରା ବାଇକ୍‌ରେ କିଛି ପଲିଥିନରେ ପଶିଥିବା ମାଂସକୁ ନେଇ ତେଣ୍ଟୋଇ ଜମୁନାଷ୍ଠାନ ପଡିଆରେ ଫୋପାଡି ଦେଇ ଚାଲିଯାଉଥିଲେ। ସ୍ଥାନୀୟ ଲୋକ ତାଙ୍କୁ ଅଟକାଇ ଉକ୍ତ ପଲିଥିନ ପୂର୍ଣ୍ଣ ମାଂସକୁ ଦେଖିବା ବେଳକୁ ଲମ୍ବା ହାଡ଼ ଓ ବଡ଼ ବଡ଼ ପିଞ୍ଜରା ଓ ଦୁର୍ଗନ୍ଧ ହେଉଥିବାରୁ ଏହା ଛେଳି ମାଂସ ନୁହେଁ ଗୋ-ମାଂସ ବୋଲି ସନ୍ଦେହ କରିଥିଲେ। ଏହାକୁ ନେଇ ଉକ୍ତ ବ୍ୟବସାୟୀ ଓ ସ୍ଥାନୀୟ ଲୋକଙ୍କ ମଧ୍ୟରେ ପାଟିତୁଣ୍ଡ ହୋଇଥିଲା। ପରେ ବଜରଙ୍ଗ ଦଳ କର୍ମୀ ପହଞ୍ଚି ନାଉଗାଁ ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ନାଉଗାଁ ପ୍ରାଣୀ ଚିକିତ୍ସକ ଓ ସାଇଣ୍ଟିଫିକ ଟିମ ଦ୍ୱାରା ମାଂସ ନମୁନା ସଂଗ୍ରହ ପରେ ପରିସ୍ଥିତି ଶାନ୍ତ ପଡିଥିଲା। ବ୍ୟବସାୟୀ ଅକ୍ଷୟକୁ ପୁଲିସ ନାଉଗାଁ ଥାନାକୁ ଆଣି ଅଟକ ରଖିଥିବା ସହିତ ଘଟଣାର ଅଧିକ ତଦନ୍ତ କରୁଛି। ଅକ୍ଷୟ କ'ଣ ପାଇଁ ସେ ମାଂସ ଫୋପାଡୁଥିଲେ ଓ ସେ କି ମାଂସ ତାହା ତଦନ୍ତ ପରେ ଜଣାପଡ଼ିବ ବୋଲି ଥାନା ଅଧିକାରୀ ସୂଚନା ଦେଇଛନ୍ତି।

# କମଳାଦେବୀ କଲେଜରେ ସାଇବର ସଚେତନତା




କୁଜଙ୍ଗ,୧୪।୧୧(ସମିସ): ସାଇବର ଠକେଇଠାରୁ ଦୂରେଇ ରହିବାକୁ କୁଜଙ୍ଗ ଥାନା ପକ୍ଷରୁ ବିଭିନ୍ନ ସ୍କୁଲ, କଲେଜରେ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପଙ୍କପାଳ କମଳାଦେବୀ ଉଚ୍ଚମାଧ୍ୟମିକ ବିଦ୍ୟାଳୟରେ ଆୟୋଜିତ କାର୍ଯ୍ୟକ୍ରମରେ ପୁଲିସ ଇନ୍ସପେକ୍ଟର ନିଲମ ସାରେଙ୍ଗ ଯୋଗଦେଇ ଛାତ୍ରଛାତ୍ରୀ ଓ ଯୁବପିଢ଼ି ନିଜେ ସଚେତନ ହୋଇ ଅନ୍ୟମାନଙ୍କୁ ସଚେତନ କରାଇଲେ ଏହି ସାଇବର ଅପରାଧୀଙ୍କଠାରୁ ସମସ୍ତେ ସୁରକ୍ଷିତ ରହିପାରିବା ବୋଲି କହିଥିଲେ। ସାଇବର ଅପରାଧୀ କିଭଳି ନୂଆ ନୂଆ କୌଶଳ ମାଧ୍ୟମରେ ବୟସ୍କ ବ୍ୟକ୍ତିଙ୍କୁ ଠକୁଛନ୍ତି, ସେ ସମ୍ପର୍କରେ ଆଲୋଚନା କରାଯାଇଥିଲା। ଛାତ୍ରଛାତ୍ରୀଙ୍କ ଇଣ୍ଟରନେଟ୍ ବ୍ୟବହାରରେ ଅଧିକ ଜ୍ଞାନ ଥିବାରୁ ସେମାନେ ନିଜ ଅଭିଭାବକ ଓ ସମ୍ପର୍କୀୟଙ୍କୁ ଠକେଇ ସମ୍ପର୍କରେ ସଚେତନ କରିବାକୁ ଶ୍ରୀମତୀ ସୋରେଙ୍ଗ ପରାମର୍ଶ ଦେଇଥିଲେ। କୌଣସି ପରିସ୍ଥିତିରେ ନିଜର ବ୍ୟକ୍ତିଗତ ତଥ୍ୟକୁ ମୋବାଇଲ ମାଧ୍ୟମରେ ପ୍ରକାଶ ନ କରିବାକୁ ସେ ପରାମର୍ଶ ଦେଇଥିଲେ। ଏଏସ୍‌ଆଇ ପ୍ରମୋଦ ଉଦୟସିଂହ କୌଣସି ଓଟିପି, ପିନ୍ ନମ୍ବର କିମ୍ବା ବ୍ୟାଙ୍କ୍ ପାସୱାର୍ଡ କାହାରିକୁ ସେୟାର ନ କରିବାକୁ କହିଥିଲେ। କୌଣସି ପ୍ରକାରର ସନ୍ଦେହ ଅଥବା ଅସୁବିଧା ମନେ କଲେ ସାଇବର କ୍ରାଇମ୍ ହେଲ୍ପଲାଇନ୍ ନମ୍ବର ୧୯୩୦ରେ ଯୋଗାଯୋଗ କରିବାକୁ ପରାମର୍ଶ ଦେଇଥିଲେ। ପଙ୍କପାଳ ସରପଞ୍ଚ ସରୋଜ ସେଠୀ, ସମାଜସେବୀ ସ୍ନେହମୟୀ ଆଚାର୍ଯ୍ୟଙ୍କ ସମେତ ବିଭିନ୍ନ ଶିକ୍ଷାନୁଷ୍ଠାନର ଅଧକ୍ଷା, ଅଧାପିକା ଓ ଛାତ୍ରୀ ଉପସ୍ଥିତ ଥିଲେ।

# ଗୋପାଳଜୀଉ ଶିବ ମନ୍ଦିରରୁ ଚୋରି

ପାରାଦୀପ, ୧୪।୧୧(ସମିସ): ପାରାଦୀପରେ ଲୁଟେରାଙ୍କ ଉତ୍ପାତ ଦିନକୁ ଦିନ ବଢ଼ିବାରେ ଲାଗିଛି। ଲୁଟେରା ମଠ, ମନ୍ଦିରରୁ ଲୁଟ କରିବାକୁ ମଧ୍ୟ ପଛାଉନାହାନ୍ତି। ଗତକାଲି ବିଳମ୍ବିତ ରାତିରେ ଏଭଳି ଏକ ବଡ଼ଧରଣର ଲୁଟ ପାରାଦୀପ ବୃନ୍ଦାବନ କଲୋନୀ ଗୋପାଳଜୀଉ ଶିବ ମନ୍ଦିରରୁ ହୋଇଥିବା ଜଣାପଡିଛି। ଦୁର୍ବୃର୍ତ୍ତମାନେ ମନ୍ଦିରର ତିନୋଟି ହୁଣ୍ଡି ଭାଙ୍ଗି ଟଙ୍କା ଲୁଟ୍ କରିବା ସହିତ ୮ଟି ବଡ଼ ରୂପା ମୁକୁଟ, ରୂପାର ୪ଟି ଛୋଟ ମୁକୁଟ, ହାର ଓ ସୁନା ଗହଣା ନେଇଯାଇଛନ୍ତି। ସକାଳେ ପୂଜାରୀ ଆସି ଦେଖିବା ପରେ ସଙ୍ଗେ ସଙ୍ଗେ କମିଟିକୁ ଜଣାଇଥିଲେ। କମିଟି ପକ୍ଷରୁ ପାରାଦୀପ ଆଦର୍ଶ ଥାନାରେ ଏତଲା ଦିଆଯାଇଛି। ପାରାଦୀପ ପୁଲିସ ପହଞ୍ଚି ତଦନ୍ତ କରିବା ସହିତ ସାଇଣ୍ଟିଫିକ ଟିମ ମଧ୍ୟ ପହଞ୍ଚି ତଦନ୍ତ କରି ଫେରିଛନ୍ତି। ପରେ ପରବର୍ତ୍ତୀ ତଦନ୍ତ ପ୍ରକ୍ରିୟା ଆରମ୍ଭ ହେବ ବୋଲି ଆଦର୍ଶ ଥାନା ଆଇଆଇସି ପ୍ରକାଶ କରିଛନ୍ତି।

# ସାଇବର ସୁରକ୍ଷା ସଚେତନତା ଉପଲକ୍ଷେ ୱାକାଥନ



ଜଗତସିଂହପୁର, ୧୪।୧୧(ସମିସ): ଆଜି ପୂର୍ବାହ୍ନରେ ସାଇବର ସୁରକ୍ଷା ସଚେତନତା ଉପଲକ୍ଷେ ଜଗତସିଂହପୁର ଜିଲ୍ଲା ପ୍ରଶାସନ ଓ ପୁଲିସ ପ୍ରଶାସନ ମିଳିତ ସହଯୋଗରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖସ୍ଥ ପଡ଼ିଆଠାରୁ ନବକୃଷ୍ଣ ଚୌଧୁରୀ ଷ୍ଟାଡିୟମ୍ ପର୍ଯ୍ୟନ୍ତ ଏକ ୱାକାଥନର ଆୟୋଜନ କରାଯାଇଥିଲା। ଆରକ୍ଷୀ ଅଧୀକ୍ଷକ ଅଙ୍କିତ ବର୍ମା, ଅତିରିକ୍ତ ଜିଲ୍ଲାପାଳ ସମ୍ବିତ ରାଉତ, ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସତ୍ୟବ୍ରତ ଦାଶ, ଉପଖଣ୍ଡ ଆରକ୍ଷୀ ଅଧୀକ୍ଷକ ଆଜିଙ୍କ୍ୟ ମାଣେ ପ୍ରମୁଖ ଉପସ୍ଥିତ ରହି ଏହି ୱାକାଥନର ଉଦଘାଟନ କରିଥିଲେ। ଏହି ପଦଯାତ୍ରାରେ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷ ସାମିଲ ହୋଇ ସାଇବର ସୁରକ୍ଷା ସଚେତନତା ବାର୍ତ୍ତା ପ୍ରଚାର ସହିତ ନବକୃଷ୍ଣ ଚୌଧୁରୀ ଷ୍ଟାଡିୟମରେ ପହଞ୍ଚିଥିଲେ। ସେଠାରେ ଦୁଃଖୀରାମ ସ୍ୱାଇଁ କଳା ପ୍ରତିଷ୍ଠାନ ଦ୍ୱାରା ସାଇବର ସଚେତନତା ଧର୍ମୀ ନୁକକଡ ନାଟକ ପ୍ରଦର୍ଶିତ ହୋଇଥିଲା। ସାଇବର ସଚେତନତା ମାସ୍କଟ ସାଇରା ସମସ୍ତଙ୍କୁ ସଚେତନତା ବାର୍ତ୍ତା ଦେଇଥିଲେ। ଏହି ପଦଯାତ୍ରାରେ କ୍ରୀଡ଼ା ଛାତ୍ରଛାତ୍ରୀ, ବିଦ୍ୟାଳୟ ଓ କଲେଜ ଛାତ୍ରଛାତ୍ରୀ, ଜଗତସିଂହପୁର ଜିଲ୍ଲାର ବିଭିନ୍ନ ଜିଲ୍ଲାସ୍ତରୀୟ ଅଧିକାରୀ, ପୁଲିସ ଅଧିକାରୀ ଓ କର୍ମଚାରୀ, ଗଣମାଧ୍ୟମ ପ୍ରତିନିଧି ପ୍ରମୁଖ ଭାଗ ନେଇଥିଲେ।

# ସରସ୍ୱତୀ ଶିଶୁ ମନ୍ଦିରରେ ଜେଜେବାପା, ଜେଜେମା' ସମ୍ମିଳନୀ

ଜଗତସିଂହପୁର,୧୪।୧୧(ସମିସ) ଜଗତସିଂହପୁର ସହରର ବଡ଼ବଜାରଠାରେ ଥିବା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଜେଜେବାପା, ଜେଜେମା ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଶିଶୁ ବାଟିକା ପ୍ରମୁଖ ସ୍ୱର୍ଣ୍ଣ ମଞ୍ଜରୀ ବାହାଲିଆଙ୍କ ଅଧ୍ୟକ୍ଷତାରେ



ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ପ୍ରଧାନଆଚାର୍ଯ୍ୟ ପ୍ରସନ୍ନ ଖୁଣ୍ଟିଆ ଅତିଥି ପରିଚୟ ପ୍ରଦାନ କରିବା ସହ ସମ୍ମିଳନୀର ଆଭିମୁଖ୍ୟ ଉଲ୍ଲେଖ କରିଥିଲେ। ଏଥିରେ ପୂର୍ବ ସମ୍ଭାଗ ପ୍ରମୁଖ ପ୍ରଶାନ୍ତ ପ୍ରଧାନ ଉପସ୍ଥିତ ରହି ନିଜର ବକ୍ତବ୍ୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଭାବେ ଜଗତସିଂହପୁର ଜିଲ୍ଲା ପ୍ରମୁଖ ରଶ୍ମୀକାନ୍ତ ଯୋଗଦେଇ ପଞ୍ଚ ପରିବର୍ତ୍ତନ ସମ୍ପର୍କରେ ଆଲୋକପାତ କରିଥିଲେ। ମୁଖ୍ୟବକ୍ତା ଭାବେ ବିଦ୍ୟାଳୟର ପୁରାତନ ଆଚାର୍ଯ୍ୟ ଗୁରୁଚରଣ ବିଶ୍ୱାଳ ସମାଜ ସଂସ୍କାରରେ ଜେଜେବାପା ଜେଜେମାଙ୍କ ଭୂମିକା ବିଷୟରେ କହିଥିଲେ। ପ୍ରାନ୍ତଃ ପର୍ଯ୍ୟାୟ ପ୍ରମୁଖ ସୁରେନ୍ଦ୍ର ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ଏହି ସମ୍ମିଳନୀରେ ମଧ ବହୁ ସଂଖ୍ୟାରେ ଜେଜେବାପା, ଜେଜେମା ଯୋଗ ଦେଇଥିଲେ।

# ଗଣପତି ଶିଶୁ ବିଦ୍ୟାମନ୍ଦିରରେ ମାତୃ ସମ୍ମିଳନୀ



ପାରାଦୀପ,୧୪।୧୧(ସମିସ): ପାରାଦୀପ ପୌର ପରିଷଦ ଅଧୀନ ବାଲିଝରା ଗଣପତି ଶିଶୁ ବିଦ୍ୟାମନ୍ଦିରରେ ଇଫ୍‌କୋ ପକ୍ଷରୁ ଆଜି ମାତୃ ସମ୍ମିଳନୀ ଆୟୋଜିତ ହୋଇଯାଇଛି। ଛାତ୍ରଛାତ୍ରୀଙ୍କ ଅଭିଭାବକ ଏହି ମାତୃ ସମ୍ମିଳନୀରେ ଯୋଗ ଦେଇଥିଲେ। ଛାତ୍ରଛାତ୍ରୀ କିଭଳି ସେମାନଙ୍କ ମାଆମାନଙ୍କୁ ଭକ୍ତିର ସହିତ ପୂଜା କରିବା କଥା, ତାହା ସମୂହ ଭାବେ ପ୍ରଦର୍ଶନ କରିଥିଲେ। ବିଦ୍ୟାଳୟର ଅଧକ୍ଷା ଗୀତାଞ୍ଜଳି ତରାଇଙ୍କ ଅଧକ୍ଷତାରେ ଆୟୋଜିତ ମାତୃ ସମ୍ମିଳନୀରେ ମୁଖ୍ୟଅତିଥି ଭାବେ ଇଫ୍‌କୋ ଲେଡିଜ୍ କ୍ଲବ୍‌ର ବରିଷ୍ଠ ସଦସ୍ୟା ଆରତୀ ପରିଡା ଯୋଗ ଦେଇଥିବାବେଳେ ସମ୍ମାନିତ ଅତିଥି ଭାବେ ପୌରାଧକ୍ଷ ବସନ୍ତ ବିଶ୍ୱାଳ, ଇଫକୋର ଲୋକ ସମ୍ପର୍କ ଅଧିକାରୀ ଡ. ପ୍ରସନ୍ନ କୁମାର ବେଉରା, ପାରିଷଦ ସ୍ୱପ୍ନାରାଣୀ ଜେନା, ସାମ୍ବାଦିକ ଶରତ ରାଉତ ପ୍ରମୁଖ ଯୋଗ ଦେଇଥିଲେ। ସନ୍ତାନସନ୍ତତିଙ୍କ ଆଦ୍ୟଗୁରୁ ହେଉଛନ୍ତି ମାଆ। ପ୍ରଥମେ ମାଆ ହିଁ ତା'ର ପିଲାମାନଙ୍କୁ ପାଠ ପଢାଇ ଭଲ ମଣିଷ ହେବା ସହିତ ଭଲ ସଂସ୍କାର ଦେଇଥାଏ ବୋଲି ମୁଖ୍ୟଅତିଥି ଶ୍ରୀମତୀ ପରିଡା କହିଥିଲେ। ଉକ୍ତ ମାତୃ ସମ୍ମିଳନୀକୁ ଶିଶୁ ବିଦ୍ୟାମନ୍ଦିରର ସମସ୍ତ ଗୁରୁଜୀ ଗୁରୁମା ପରିଚାଳନା କରିଥିଲେ। ଶିକ୍ଷୟିତ୍ରୀ କଲ୍ୟାଣୀ ସଂଘମିତ୍ରା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଶିଶୁ ଦିବସରେ 'ରେବତୀ' ଓ 'ମା' ନାଟକ ମଞ୍ଚସ୍ଥ

କୁଜଙ୍ଗ,୧୪।୧୧(ସମିସ): କୁଜଙ୍ଗସ୍ଥ ନ୍ୟାସନାଲ ସ୍କୁଲ ପରିସରରେ ଶିଶୁ ଦିବସ ଅବସରରେ କୁନି କୁନି ପିଲାଙ୍କ ଦ୍ୱାରା ଦୁଇଟି ନାଟକ ମଞ୍ଚସ୍ଥ ହୋଇଛି। ନ୍ୟାସନାଲ ସ୍କୁଲର ଛାତ୍ରଛାତ୍ରୀ ନାଟକ 'ରେବତୀ' ଓ ସେଣ୍ଟ ଜାଭିୟର ଛାତ୍ରଛାତ୍ରୀଙ୍କ ଦ୍ୱାରା ନାଟକ 'ମା' ଅଭିନୟ ବେଶ ଆକର୍ଷଣୀୟ ହୋଇଥିଲା। ଶତାଧିକ ଛାତ୍ରଛାତ୍ରୀ ନାଟକ ସମେତ ବକ୍ତୃତା, ସାଧାରଣ ଜ୍ଞାନ, ନୃତ୍ୟ, ସଂଗୀତ ଓ ଏକକ ଅଭିନୟ ପ୍ରତିଯୋଗିତାରେ ଭାଗ ନେଇଥିଲେ। ମୁଖ୍ୟଅତିଥି ଭାବେ ବ୍ରହ୍ମ ମିଶନ ଅଧ୍ୟକ୍ଷ କ୍ୟାପଟେନ ସଞ୍ଜୀବ ମୁଦୁଲି ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ନ୍ୟାସନାଲ ସ୍କୁଲ ଅଧକ୍ଷା ପ୍ରମିଳା ନନ୍ଦଙ୍କ ଅଧକ୍ଷତାରେ ଆୟୋଜିତ ଉତ୍ସବରେ ସମ୍ମାନିତ ଅତିଥି ଭାବେ ଜାଭିୟର ସ୍କୁଲ ପ୍ରିନ୍ସପାଲ ସୁଧାକର ବିଶ୍ୱାଳ ଓ ସ୍କୁଲ ଚେୟାରମ୍ୟାନ ଡକ୍ଟର ରଘୁ ସାହୁ ଯୋଗ ଦେଇଥିଲେ। ସ୍କୁଲ ଭାଇସ ପ୍ରିନ୍ସପାଲ ସଞ୍ଜୟ ଓଝା ଧନ୍ୟବାଦ ପ୍ରଦାନ କରିଥିଲେ।

# ନାଗପୁର ଆଶ୍ରମ ବିଦ୍ୟାଳୟରେ ଶିଶୁ ଦିବସ

କେନ୍ଦ୍ରାପଡ଼ା,୧୪।୧୧(ସମିସ): ନାଗପୁର ଆଶ୍ରମ ବିଦ୍ୟାଳୟରେ ଶିଶୁ ଦିବସ ପାଳିତ ହୋଇଛି। ଜିଲ୍ଲାପାଳ ରଘୁରାମ ଆର. ଆୟର ମୁଖ୍ୟଅତିଥି ଭାବେ ଯୋଗଦେଇ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋଚିତ୍ରରେ ପୁଷ୍ପାଞ୍ଜଳି ଅର୍ପଣ କରି ତାଙ୍କ ଅବଦାନକୁ ସ୍ମରଣ କରାଇଥିଲେ। ଜିଲ୍ଲାପାଳ ନିଜ ହାତରେ ଛୋଟରୁ ବଡ଼ ସମସ୍ତ ଛାତ୍ରଛାତ୍ରୀଙ୍କୁ ମିଷ୍ଟାନ୍ନ ବଣ୍ଟନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ମଙ୍ଗଳ ଅଧିକାରୀ ଅରବିନ୍ଦ ରାୟ, ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ। ଛାତ୍ରଛାତ୍ରୀଙ୍କ ସାଂସ୍କୃତିକ କାର୍ଯ୍ୟକ୍ରମ, ଗୀତନୃତ୍ୟ ଓ ମନୋରଞ୍ଜନ ଦିବସକୁ ରଙ୍ଗିନ କରିଥିଲା।

# ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ଏନ୍‌ଏସ୍‌ଏସ୍ ଶିବିର

ନାଉଗାଁ, ୧୪।୧୧(ସମିସ): ନାଉଗାଁ ବ୍ଲକ୍ ଅନ୍ତର୍ଗତ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ +୨ ଏନ୍‌ଏସ୍‌ଏସ୍ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସିଏଚ୍‌ଏସ୍‌ଇର ଏନ୍‌ଏସ୍‌ଏସ୍ ରାଜ୍ୟ ପରିଚାଳକ ଡଃ ବିଶ୍ୱମୋହନ ଜେନା ଯୋଗ ଦେଇଥିଲେ। ଅଧ୍ୟକ୍ଷ ଚିତ୍ତରଞ୍ଜନ ପାତ୍ର, ପୂର୍ବତନ ଅଧ୍ୟକ୍ଷ ବିଭୂତି ଭୂଷଣ ସ୍ୱାଇଁ, ପୁରାତନ ରାଜ୍ୟ ପରିଚାଳକ ହୃଦାନନ୍ଦ ସ୍ୱାଇଁ, ଯୁବ ରେଡକ୍ରସ୍ ପରିଚାଳକ ଚୈତନ୍ୟ ପରିଡ଼ା ଓ ପ୍ରୋଗ୍ରାମ ଅଫିସର ଏକତା ପଣ୍ଡା ଯୋଗ ଦେଇଥିଲେ। ମୁଖ୍ୟଅତିଥି ଓ ଅନ୍ୟ ଅତିଥିମାନେ ଏନ୍‌ଏସ୍‌ଏସ୍ ସ୍ୱେଚ୍ଛାସେବୀଙ୍କୁ ଜାତୀୟ ସେବା ଯୋଜନାର ଉଦ୍ଦେଶ୍ୟ ଓ କାର୍ଯ୍ୟଶୈଳୀ ବିଷୟରେ ପ୍ରଶିକ୍ଷଣ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ +୨ ଏନ୍‌ଏସ୍‌ଏସ ଦ୍ୱାରା ପୂର୍ବରୁ ଅନୁଷ୍ଠିତ ପ୍ରବନ୍ଧ, ବକ୍ତୃତା, କୁଇଜ୍, ଚିତ୍ରାଙ୍କନ ଓ ସଙ୍ଗୀତ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ପ୍ରଭାତ ଶତପଥୀ, ଚନ୍ଦ୍ରଶେଖର ପୁହାଣ, ଅମ୍ବିକା ଚାନ୍ଦ, ତୁଷାରକାନ୍ତ ଦାସ, ସୁରେଶ ବାରିକ, ଲହରିକା ଚୌଧୁରୀ, ପୁଷ୍ପଲତା ସେଠୀ, ଅନ୍ତର୍ଯ୍ୟାମୀ ଦୀକ୍ଷିତ, ଅଳକା ମୁର୍ମୁ, ରମେଶ ମହାନନ୍ଦ, ମନ୍ମଥ ବଳ ପ୍ରମୁଖ ଅଧ୍ୟାପକ ଅଧ୍ୟାପିକା ଯୋଗ ଦେଇଥିଲେ। ପ୍ରୋଗ୍ରାମ ଅଫିସର ଏକତା ପଣ୍ଡା କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ଚୈତନ୍ୟ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

# ରକ୍ତଦାନ ଶିବିର; ୧୧୭ ୟୁନିଟ୍ ସଂଗୃହୀତ

ପାରାଦୀପ,୧୪।୧୧(ସମିସ): ପଣ୍ଡିତ ଜବାହରଲାଲ ନେହେରୁ ଟ୍ରଷ୍ଟ ପକ୍ଷରୁ ନୂଆବଜାର ପୋର୍ଟ କ୍ଲବ୍‌ରେ ମେଗା ରକ୍ତଦାନ ଶିବିର ଆୟୋଜିତ ହୋଇଛି।



ମୁଖ୍ୟଅତିଥି ଭାବେ ପୌରାଧକ୍ଷ ବସନ୍ତ ବିଶ୍ୱାଳ ଯୋଗଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ଜେଏସଡବ୍ଲ୍ୟୁ ଉପସଭାପତି ବିକେ ସିହ୍ନା ଓ ଅତିରିକ୍ତ ଉପସଭାପତି ଏସକେ ପଟ୍ଟନାୟକ, ପାରାଦୀପ ବନ୍ଦର ଡେପୁଟି ଟ୍ରାଫିକ ମ୍ୟାନେଜର ନାରାୟଣ ମିଶ୍ର ଓ ଲେଖିକା ହାରାମଣି ମହାପାତ୍ର ପ୍ରମୁଖ ଯୋଗ ଦେଇଥିଲେ। ଶିବିରରେ ବିଭିନ୍ନ ସଂଗଠନ କର୍ମକର୍ତ୍ତା ଓ ସାଧାରଣ ଲୋକ ରକ୍ତଦାନ କରିଥିଲେ। ଉକ୍ତ ଶିବିରରେ ୧୧୭ ୟୁନିଟ୍ ରକ୍ତ ସଂଗ୍ରହ କରାଯାଇଥିଲା। ଟ୍ରଷ୍ଟର ମୁଖ୍ୟ ଉପଦେଷ୍ଟା ତଥା କଂଗ୍ରେସ ନେତା ନିରଞ୍ଜନ ନାୟକ, ଟ୍ରଷ୍ଟି କେଦାର ବିଶ୍ୱାଳ, ସାମ୍ବାଦିକ ଧ୍ରୁବଚରଣ ମହାପାତ୍ର, ଟ୍ରଷ୍ଟ ଅଧ୍ୟକ୍ଷ ସରୋଜ ପ୍ରଧାନ, ତ୍ରିନାଥ ମହାନ୍ତି, ଜ୍ୟୋତିରଞ୍ଜନ ଦାସ, ପଦ୍ମ ସମ୍ଭୁତ ମହାନ୍ତି, କୃପାସିନ୍ଧୁ ଦାସ, ସୁଶାନ୍ତ ବାରିକ, ଚନ୍ଦ୍ରଶେଖର ମହାପାତ୍ର, ସୁନାକର ସେଠୀ, ବିଜୟ ସେଠୀ, ମନୋଜ ପ୍ରଧାନ, ଧରିତ୍ରୀ ସାମଲ, ବିନତି ପଡ଼ିଆରୀ, ପ୍ରେମଲତା ବାରିକ, କୌଶଲ୍ୟା ମହାନ୍ତି, ସଂଘମିତ୍ରା ସ୍ୱାଇଁ, ପୁଷ୍ପା ଦାସ, ଖୁଲଣା ଜେନା, ପ୍ରତିମା ବାରିକ, ସସ୍ମିତା ମହାନ୍ତି, ଅନୀତା ଜେନା, ସୁକାନ୍ତି ପରିଡ଼ା ପ୍ରମୁଖ ଶିବିର ପରିଚାଳନା କରିଥିଲେ।

# ବିଭିନ୍ନ ଶିକ୍ଷାନୁଷ୍ଠାନରେ ଶିଶୁ ଦିବସ ପାଳିତ










ଜଗତସିଂହପୁର,୧୪।୧୧(ସମିସ)

ଜଗତସିଂହପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ଜିଲ୍ଲା ଓ ଦୌରା ଜଜ୍ ତଥା ପ୍ରାଧିକରଣ ଅଧ୍ୟକ୍ଷ ପ୍ରଦ୍ୟୁମ୍ନ ନାୟକଙ୍କ ନିର୍ଦ୍ଦେଶକ୍ରମେ ରଘୁନାଥପୁର ବ୍ଲକ ଅନ୍ତର୍ଗତ ନାଳିବର ସରକାରୀ ଉଚ୍ଚ ବିଦ୍ୟାଳୟରେ ଶିଶୁ ଦିବସ ପାଳନ କରାଯାଇଛି। ଅତିରିକ୍ତ ଜିଲ୍ଲା ଜଜ୍ ହରପ୍ରସାଦ ପଟ୍ଟନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ସ୍ୱତନ୍ତ୍ର ପକ୍‌ସୋ ଅଦଲତାର ଆଡହକ୍ ଅତିରିକ୍ତ ଜିଲ୍ଲା ଜଜ୍ ଏସ୍.ଏ.କେ.ଜେଡ୍ ଜାହିରା ଅହମ୍ମଦ, ପରିବାର ଅଦାଲତ ବିଚାରପତି ରଶ୍ମିତା ଦଳେଇ, ସ୍ୱତନ୍ତ୍ର ପୋକ୍ସୋ ଅଦଲତର ଅତିରିକ୍ତ ଜିଲ୍ଲା ଜଜ୍ ଗାର୍ଗୀ ପଟ୍ଟନାୟକ, ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ନୀଳିମା ପଣ୍ଡା, ମହିଳା ଅଦାଲତ ବିଚାରପତି ସ୍ୱପ୍ନଶ୍ରୀ ନାୟକ, ପ୍ରାଧିକରଣ ସଚିବ ବିଡିଡି ଚନ୍ଦନା, ବରିଷ୍ଠ ଦିବାନୀ ବିଚାରପତି (ଏଲ୍. ଆର୍) ଶର୍ମିଷ୍ଠା ଶୁଭଦର୍ଶିନୀ ମହାନ୍ତି, ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ପ୍ରଗତି ପ୍ରିୟମ୍ବଦା ଜେନା, ଏସଡିଜେଏମ୍ ପ୍ରତ୍ୟୁଷ ଚାନ୍ଦ ପ୍ରମୁଖ ଯୋଗଦେଇ ଖେଳ, ବିଜ୍ଞାନ, ଅର୍ଥନୀତି, ରାଜନୀତି ବିଜ୍ଞାନ, କଳା, ସାହିତ୍ୟ ବିଷୟରେ ଜ୍ଞାନ ରଖିବା ଦ୍ୱାରା ଛାତ୍ରଛାତ୍ରୀଙ୍କ ସାମଗ୍ରିକ ବିକାଶ ହୋଇଥାଏ ବୋଲି ମତବ୍ୟକ୍ତ କରିଥିଲେ। ସେହିପରି ସ୍ୱତନ୍ତ୍ର ପୋକ୍ସୋ ଅଦଲତର ବିଚାରପତି ଶ୍ରୀ ଅହମ୍ମଦ ଶିଶୁ ଦିବସର ତାତ୍ପର୍ଯ୍ୟ ବିଷୟରେ ଆଲୋଚନା କରିଥିଲେ। ଏ ଅବସରରେ ବକ୍ତୃତା ପ୍ରତିଯୋଗିତା କରଯାଇଥିଲା ଓ କୃତି ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ସହକାରୀ ଶିକ୍ଷକ ନୃସିଂହ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

**ଜଗତସିଂହପୁର:** ସଦର ବ୍ଲକ୍ ଅନ୍ତର୍ଗତ ଖଇରଙ୍ଗସ୍ଥ ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରରେ ସ୍ୱାଧୀନ ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ନେହେରୁଙ୍କ ୧୩୬ତମ ଜୟନ୍ତୀ ଓ ଶିଶୁ ଦିବସ ପାଳିତ ହୋଇଯାଇଛି। ପରିଚାଳନା କମିଟି ସମ୍ପାଦକ ବିଜୟ ପତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ଅଧ୍ୟାପକ ହିମାଂଶୁ ଆଚାର୍ଯ୍ୟ, ଅଧ୍ୟାପକ ଲକ୍ଷ୍ମୀଧର ପ୍ରଧାନ, ଅନୁଷ୍ଠାନର ଅଧ୍ୟକ୍ଷ ବିରଞ୍ଚି ନାରାୟଣ ମିଶ୍ର, ଶିକ୍ଷକ ପ୍ରେମ କିଶୋର ସାହୁ, ଶିକ୍ଷୟିତ୍ରୀ ସରସ୍ୱତୀ ସାହୁ, କଳ୍ପନା ତ୍ରିପାଠୀ ଓ ଚିଲିକା ରାୟ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଏ ଅବସରରେ ଆୟୋଜିତ ବିତର୍କ, ସଙ୍ଗୀତ ଓ ନୃତ୍ୟ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀଙ୍କୁ ଅନୁଷ୍ଠାନ ପକ୍ଷରୁ ନେହେରୁ ଓ ଅନ୍ୟ ବରପୁତ୍ରଙ୍କ ଜୀବନୀ ପୁସ୍ତକ ପ୍ରଦାନ କରାଯାଇଥିଲା। ବବିତା ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

**ଜଗତସିଂହପୁର:** ଜୟବଡ଼ସ୍ଥ ସାଇଜ୍ଞାନ ପ୍ଲେ ସ୍କୁଲରେ ଅଧକ୍ଷା ପ୍ରଜ୍ଞା ପାରମିତା ଚୌଧୁରୀଙ୍କ ତତ୍ତ୍ୱାବଧାନରେ ଶିଶୁ ଦିବସ ପାଳିତ ହୋଇଯାଇଛି। ଶିଶୁମାନେ ଆମ ଦେଶର ଭବିଷ୍ୟତ। ସେମାନଙ୍କୁ ଉଚିତ୍ ମାର୍ଗରେ ଗଢିତୋଳିବା ପରିବାର, ସମାଜ ଓ ବିଦ୍ୟାଳୟ ଶିକ୍ଷକ ଓ ଶିକ୍ଷୟିତ୍ରୀଙ୍କ ଗୁରୁଦାୟିତ୍ୱ ବୋଲି ଅଧକ୍ଷା କହିଥିଲେ। ସାଇଜ୍ଞାନର କୁନି କୁନି ପିଲା ଏହି ଉତ୍ସବକୁ ଉପଭୋଗ କରିଥିଲେ। ଶିକ୍ଷୟିତ୍ରୀ ପ୍ରାଚୀ ପୂଣ୍ୟତୋୟା ପଟ୍ଟନାୟକ, ଲିପ୍ସା ମହାନ୍ତି, ସୋନମ ପ୍ରିୟଦର୍ଶିନୀ, ସୌଭାଗ୍ୟଲକ୍ଷ୍ମୀ ପାତ୍ର, ଶ୍ରୀଲେଖା ପାଢ଼ୀ, ଶକ୍ତି ସ୍ୱରୂପା ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

**ବାଲିକୁଦା:** ବାଲିକୁଦା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଶିଶୁ ଦିବସ ପାଳିତ ହୋଇଛି। ଶିଶୁ ଭାଇଭଉଣୀଙ୍କ ମଧ୍ୟରେ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ସାଧୁ ଲକ୍ଷ୍ମୀ ସ୍ମୃତି ପରିଷଦ ପକ୍ଷରୁ ମା' ସରସ୍ୱତୀଙ୍କ






ନିକଟରେ ପ୍ରଦୀପ ପ୍ରଜ୍ୱଳନ ପୂର୍ବକ ସଭା କାର୍ଯ୍ୟ ଅନୁଷ୍ଠିତ ହୋଇଥିଲା। ଭାରତର ପ୍ରଥମ ପ୍ରଧାନମନ୍ତ୍ରୀଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ କରି କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଥିଲା। ବାଲିକୁଦା ପୂଜ୍ୟପୂଜା ସଂସଦ ସଭାପତି କୈଳାସ ବିଶ୍ୱାଳଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ମୁଖ୍ୟବକ୍ତା ଭାବେ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷକ ମାନସ ମହାନ୍ତି, ମୁଖ୍ୟଅତିଥି ପ୍ରଧାନମନ୍ତ୍ରୀ ପୁରସ୍କାରପ୍ରାପ୍ତ ଶିକ୍ଷକ ଡକ୍ଟର ବିଷ୍ଣୁଚରଣ ସ୍ୱାଇଁ, ସମ୍ମାନିତ ଅତିଥି ଭାବେ ବାଲିକୁଦା ଏକ ନମ୍ବର୍ ଜୋନ ଜିଲ୍ଲା ପରିଷଦ ସଦସ୍ୟା ଶ୍ରୀମତୀ ଡଲି ପଣ୍ଡା, ବିଦ୍ୟାଳୟ ସମ୍ପାଦକ ନିକୁଞ୍ଜ ବିଶ୍ୱାଳ ଯୋଗଦେଇଥିଲେ। ପ୍ରଧାନଆଚାର୍ଯ୍ୟ ସସ୍ମିନ ସାହୁ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଚିତ୍ରାଙ୍କନ, କୁଇଜ୍ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। ବାଲିକୁଦା ବ୍ଲକ୍‌ରେ ଗ୍ରିନିଜ୍ ବୁକ୍‌ରେ ସ୍ଥାନ ପାଇଥିବା ଡୋଭାଲ ଗ୍ରାମର ଶ୍ୟାମସୂର୍ଯ୍ୟା ଓ ତାଙ୍କ ପିତାମାତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ରଞ୍ଜିତ ଦାସଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମକୁ ଗୁରୁଜୀ ସୁଦାମ ପରିଡ଼ା, ବିଜୟ ମୁଦୁଲି, ବିଜୟ ବେହେରା, ଅର୍ଜୁନ ସାହୁ ପ୍ରମୁଖ ପରିଚାଳନା କରିଥିଲେ।

**ପାରାଦୀପ:** କୁଜଙ୍ଗ ତାଲୁକ୍ ଆଇନ ସେବା ପ୍ରାଧିକରଣ ପକ୍ଷରୁ ପାରାଦୀପଗଡ ଶ୍ରୀଲୋକନାଥ ଶିକ୍ଷାଶ୍ରମରେ ଶିଶୁ ଦିବସ ପାଳନ କରାଯାଇଛି। ଆଇନଜୀବୀ ସଞ୍ଜୟ ବେହେରାଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ମୁଖ୍ୟଅତିଥି ଭାବେ କୁଜଙ୍ଗ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ଦୀପ୍ତିପ୍ରକାଶ ବ୍ରହ୍ମା, ସମ୍ମାନିତ ଅତିଥି ଭାବେ ସିଭିଲ୍ ଜଜ (ସିନିୟର୍ ଡିଭିଜନ) ଅଭିଲାଷ ଚୌଧୁରୀ, ସିଭିଲ୍ ଜଜ୍ (ଜୁନିଅର୍ ଡିଭିଜନ) ବିଶ୍ୱଭୂଷଣ ନାୟକ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ରାଜେଶ ମିଶ୍ର ଓ ଆଇନଜୀବୀ ନୃସିଂହ ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ। ଶିକ୍ଷାଶ୍ରମର ଛାତ୍ରଛାତ୍ରୀ ଜଜ୍‌ଙ୍କୁ ଆଇନ ସମ୍ବନ୍ଧୀୟ ବିଭିନ୍ନ ପ୍ରଶ୍ନ ପଚାରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆଇନଜୀବୀ ପ୍ରମୋଦ ବେହେରା, ସିଡବ୍ଲ୍ୟୁସି ଚେୟାରମ୍ୟାନ୍, ଶିକ୍ଷାଶ୍ରମ ଅଧକ୍ଷ ଦିଲ୍ଲୀପ ଗୋଚ୍ଛାୟତ, ରତିକାନ୍ତ ସ୍ୱାଇଁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଅଗ୍ନିକାଣ୍ଡରେ ୨ ପରିବାର ସର୍ବସ୍ୱାନ୍ତ



**ପରଜଙ୍ଗ, ୧୪ ।୧୧(ସମିସ):** ପରଜଙ୍ଗ ବ୍ଲକ ବାରିହାପୁର ପଞ୍ଚାୟତ ଗୋବିନ୍ଦପୁର ଗ୍ରାମରେ ଅଗ୍ନିକାଣ୍ଡ ଘଟି ଦୁଇଟି ପରିବାରର ସମସ୍ତ ଚାଳ ଛପର ଘର ଜଳିପୋଡ଼ି ଛାରଖାର ହୋଇଯାଇଛି । ଗୋବିନ୍ଦପୁର ଗ୍ରାମର ନୃସିଂହ ବେହେରା ଓ ରୋହିତ ବେହେରା ଉଭୟ ପରିବାର ଏଥିରେ କ୍ଷତିଗ୍ରସ୍ତ ହୋଇଛନ୍ତି । ଗୁରୁବାର ବିଳମ୍ବିତ ରାତିରେ ବିଦ୍ୟୁତ ସଟସର୍କିଟ ଯୋଗୁଁ ଚାଳ ଛପରେ ଅଗ୍ନିକାଣ୍ଡ ହେବାରୁ ଘରର ସମସ୍ତ ଆସବାବପତ୍ର ସମେତ ସମସ୍ତ ଗୁରୁତ୍ୱପୂର୍ଣ୍ଣ ନଥିପତ୍ର, ଲୁଗାପଟା, ଧାନ, ଚାଉଳ ସମ୍ପୂର୍ଣ୍ଣ ଭାବେ ପୋଡ଼ି ନଷ୍ଟ ହୋଇଯାଇଛି । ଖବର ପାଇ ପରଜଙ୍ଗ ଅଗ୍ନିଶମ କର୍ମଚାରୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ । ସେତେବେଳକୁ ଘରର ସମସ୍ତ ଆସବାବପତ୍ର ନଷ୍ଟ ହୋଇଯାଇଥିବା ବେଳେ ବିଦ୍ୟୁତ ସଂସ୍ପର୍ଶରେ ଆସି ଅଗ୍ନିକାଣ୍ଡ ଘଟିଥିବା ଅନୁମାନ କରାଯାଉଛି । ପରଜଙ୍ଗ ରାଜସ୍ୱ ନିରୀକ୍ଷକ ଆଲୋକ ଲେଙ୍କା ଅଗ୍ନିକାଣ୍ଡ ଘଟିଥିବା ପରିବାର ପାଖରେ ପହଞ୍ଚି ଜରି ପାଲ ଯୋଗାଇ ଦେଇଛନ୍ତି । ଏଥିସହିତ ତଦନ୍ତ କରି ତହସିଲଦାରଙ୍କୁ ରିପୋର୍ଟ ପ୍ରଦାନ କରିଛନ୍ତି । ବାରିହାପୁର ପଞ୍ଚାୟତର ସମାଜସେବୀ ଅରୁଣ ସାହୁ ଅଗ୍ନି ବିପନ୍ନ ପରିବାରକୁ ଭେଟି ଖାଦ୍ୟପେୟର ବ୍ୟବସ୍ଥା କରିବା ସହିତ ଯଥାଶୀଘ୍ର ସମସ୍ତ ସରକାରୀ ଯୋଜନା ଯୋଗାଇ ଦେବାକୁ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଥିଲେ ।

### ଯାଞ୍ଚ ପାଇଁ ଆସିଛି ୨୧ ହଜାରରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କ ତାଲିକା

# ରାସନ କାର୍ଡ କଟିବା ଭୟରେ ହିତାଧିକାରୀ ଛାନିଆଁ

**ହିନ୍ଦୋଳ, ୧୪ ।୧୧(ସମିସ)**



ହିନ୍ଦୋଳ ଉପଖଣ୍ଡ ଏକ ବଣ ପାହାଡ଼ ଘେରା ଉପାନ୍ତ ଅଞ୍ଚଳ । ଏହି ଅଞ୍ଚଳର ଶତକଡ଼ା ୭୦ ଭାଗରୁ ଊର୍ଦ୍ଧ୍ୱ ଜନସାଧାରଣ ଚାଷ ଉପରେ ନିର୍ଭର କରନ୍ତି । ହେଲେ ଜଙ୍ଗଲୀ ଜନ୍ତୁ ଓ ହାତୀ ଭୟରେ ଏବେ ଉପଖଣ୍ଡର ୫୦ ପ୍ରତିଶତ ଜମି ପଡ଼ିଆ ପଡ଼ିଛି । କୃଷି ପାଇଁ ଜଳସେଚନର ମଧ୍ୟ ସୁବିଧା ନାହିଁ । ତେଣୁ ଗ୍ରାମାଞ୍ଚଳର ଅଧିକାଂଶ ଲୋକ ରାସନ ଚାଉଳ ଉପରେ ନିର୍ଭର କରିଆସୁଛନ୍ତି । ହେଲେ ଏବେ ଉପଖଣ୍ଡର ୨୨ ହଜାରରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କ ଯାଞ୍ଚ ପାଇଁ ତାଲିକା ଡିଲରଙ୍କ ପାଖକୁ ଆସିଥିବାରୁ ହିତାଧିକାରୀଙ୍କ ମଧ୍ୟରେ ଛନକା ପଶିଛି । କାରଣ ଯେଉଁ ହିତାଧିକାରୀ ପିଏମ୍ କିଷାନ ପାଉଥିବ, ୪ ଚକିଆ ଗାଡ଼ି ଓ ୩ ଏକରରୁ ଊର୍ଦ୍ଧ୍ୱ ଜମି ଥିବ, ଇନକମ୍ ଟାକ୍ସ ଦେଉଥିବ ଆଦି ହିତାଧିକାରୀଙ୍କ ନାମ କାର୍ଡରୁ କଟିବ ବୋଲି ଚର୍ଚ୍ଚା ହେଉଛି । ଏହାକୁ ନେଇ ହିତାଧିକାରୀ ଛାନିଆଁ ହୋଇପଡ଼ିଛନ୍ତି । ଏପରିକି ଦୀର୍ଘ ଦିନରୁ ରାସନ ସାମଗ୍ରୀ ପାଇ ଆସୁଥିବା ହିତାଧିକାରୀ ମଧ ଛାନିଆଁ ହୋଇଛନ୍ତି । ଉପଖଣ୍ଡର ଅସରଡ଼ା ପଞ୍ଚାୟତର ୫୯୮ ହିତାଧିକାରୀ, ବାବନ୍ଧ ୮୪୫, ବାମ୍ପା ୩୦୯, ବୁହାଳିପାଳ ୬୬୧, ଚିଉଲପୁର ୪୩୯, ଦାଣ୍ଡିରୀ ୪୪୬, ଦୁଦୁରୁକୋଟ ୭୨୩, ଗାଲପଡ଼ା ୮୩୬, ଗଣ୍ଡାନାଳି ୮୧୭, ଗିରିଧରପ୍ରସାଦ ୧୦୧୮, ଗୁଲେହି ୬୩୧, ହାତୁରା ୯୫୨, ଜରଡ଼ା ୫୬୪, କାଉଲା ୪୧୬, କଳିଙ୍ଗା ୨୧୭, କଂସରା ୬୬୩, କନ୍ତା ମିଲା ୬୯୪, କଣ୍ଟିମିଲି ୯୩୨, କାରନ୍ଦା ୮୫୬, ଖାଲିବୋରି ୪୮୮, କୁକୁଟା ୪୫୫, କୁନୁଆଁ ୫୬୯, କୁଟୁଣିଆ ୩୧୭, ମାଧପୁର ୬୦୮, ମହାଲୁଣ୍ଡା ୪୯୦, ନବକିଶୋରପୁର ୪୬୮, ନିଜିଗଡ଼ ୩୨୧, ନୂଆବଗ ୬୬୭, ନୂଆଗାଁ ୩୨୧, ପାଇକପୁରୁଣାକୋଟ ୩୩୦, ପାଟଲା ୮୧୯, ରଞ୍ଜାଗୋଳ ୭୦୪, ରାଣୋଳ ୯୫୧, ସଞ୍ଜପଡ଼ା ୭୭୩, ଠୋକର ୬୦୯ ଜଣ ହିତାଧିକାରୀଙ୍କ ତାଲିକା ଏହିପରି ଉପଖଣ୍ଡର ୨୧ ହଜାର ୫୦୭ ରାସନ କାର୍ଡଧାରୀଙ୍କ ତାଲିକା ଆସିଛି । ଏମାନଙ୍କର ତଦନ୍ତ କରିବାପରେ ଅଯୋଗ୍ୟ ହିତାଧିକାରୀଙ୍କ କାର୍ଡ କଟିବ ବୋଲି ବିଭାଗୀୟ ଅଧିକାରୀ କହୁଥିବା ବେଳେ ଏବେ ରାସନ କାର୍ଡ କଟିଯିବା ଭୟରେ ଗ୍ରାମାଞ୍ଚଳର ଜନସାଧାରଣ ଭୟଭୀତ ହୋଇଛନ୍ତି । ଏ ସମ୍ପର୍କରେ ହିନ୍ଦୋଳ ଯୋଗାଣ ଅଧିକାରୀ ପ୍ରଦୋଷ ସାହୁଙ୍କୁ ଯୋଗାଯୋଗ କରିବାରେ ସେ କୁହନ୍ତି ଯେ ସରକାରଙ୍କ ନିର୍ଦ୍ଦେଶ ଅନୁଯାୟୀ ଉପଖଣ୍ଡର ବିଭିନ୍ନ ପଞ୍ଚାୟତର ଅଧିକାରୀଙ୍କୁ ତାଲିକା ଦିଆଯାଇଛି । ସରକାରୀ ନିର୍ଦ୍ଦେଶ ଅନୁଯାୟୀ ସେମାନେ ଏହାର ତଦନ୍ତ କରିବେ । ତଦନ୍ତ ରିପୋର୍ଟ ଆସିବା ପରେ ଉପରିସ୍ଥ ଅଧିକାରୀଙ୍କ ପାଖକୁ ଏହି ତାଲିକା ପଠାଯିବ । ପରେ ସରକାରଙ୍କ ନିର୍ଦ୍ଦେଶ ଅନୁଯାୟୀ ଅଯୋଗ୍ୟ ହିତାଧିକାରୀଙ୍କୁ ରାସନ କାର୍ଡରୁ ବାଦ୍ ଦିଆଯିବ । ଯୋଗ୍ୟ ହିତାଧିକାରୀଙ୍କ କୌଣସି ଅସୁବିଧା ହେବ ନାହିଁ । ତେଣୁ ଏଥିରେ ଜନସାଧାରଣ ଭୟଭୀତ ହେବାର କୌଣସି କାରଣ ନାହିଁ କହିଥିଲେ ।

### ୫୫ ନଂ ଜାତୀୟ ରାଜପଥ ବିଆର୍‌ଜି ଛକ

## ସ୍ଥାନୀୟ ଲୋକଙ୍କ ପାଇଁ ଟୋଲ୍ ଫ୍ରି' ଦାବି



**ଢେଙ୍କାନାଳ, ୧୪ ।୧୧(ସମିସ) :** ଢେଙ୍କାନାଳ ଜିଲ୍ଲାର ୫୫ ନଂ ଜାତୀୟ ରାଜପଥର ବିଆରଜି କାରଖାନା ନିକଟରେ ଥିବା ଟୋଲଗେଟରେ ସ୍ଥାନୀୟ ଲୋକଙ୍କ ପାଇଁଟୋଲ ଫ୍ରି ଛାଡ କରିବାକୁ ଜିଲ୍ଲାପାଳଙ୍କ ନିକଟରେ ଦାବି କରାଯାଇଛି ।

ବିଆର୍‌ଜି କାରଖାନା ନିକଟରେ ଥିବା ଗ୍ରାମପଞ୍ଚାୟତ ଓ ବ୍ରାହ୍ମଣୀ ଟ୍ରକ୍ ଓନର ୱେଲଫେୟାର ଆସୋସିଏସନର ଅଭିଯୋଗ ଅନୁସାରେ ବିଆରଜି କାରଖାନା ନିକଟରେ ୫୫ ନଂ ଜାତୀୟରାଜପଥରେ ଏକ ଟୋଲ ଗେଟ ରହିଛି । ଏହି ଟୋଲ ଗେଟଟି ମେମର୍ସ ରାନଚୋର ଇନଫ୍ରା ଡେଭଲପର୍ସ ପ୍ରାଇଭେଟ ଲିମିଟେଡ ଦ୍ୱାରା ଖୁବଶୀଘ୍ର କାର୍ଯ୍ୟକ୍ଷମ ହେବ । ସ୍ଥାନୀୟ ଲୋକମାନେ ନିକଟସ୍ଥ ନାଲକୋ, ଟାଟା ଷ୍ଟିଲ, ଜିଏମଆର ପାୱାର, ରିମଝିମ ଇସ୍ପାତ, ନଭ ଲିମିଟେଡ, ଏମଜିଏମ କାରଖାନା ଗୁଡିକରେ ଛୋଟ ବଡ ଗାଡି ଲଗାଇ ନିଜର ଜୀବନ ଜୀବିକା ନିର୍ବାହ କରୁଛନ୍ତି । ବ୍ରାହ୍ମଣୀ ଟ୍ରକ ଓନରସ ଆସୋସିଏସିନ ତରଫରୁ ଚଳାଚଳ କରୁଥିବାର ଗାଡିଗୁଡିକ ଟାକ୍ସ ଦେବାକୁ ବହୁ କଷ୍ଟ ସ୍ୱିକାର କରିବାକୁ ପଡୁଛି । ସ୍ଥାନୀୟ ଗ୍ରାମ ଗୁଡିକର ଗ୍ରାମବାସୀମାନେ ଜମି ଦେଇ ଚଳାଚଳ କରୁଛନ୍ତି । ସେହିପରି ଖଡଗପ୍ରସାଦ ଠାରେଏକ ଘରୋଇ ବିଦ୍ୟାଳୟ ରହିଛି ।ବିଦ୍ୟାଳୟର ଗାଡି ଗୁଡିକ ମଧ ସେହି ଗେଟ ଦେଇ ଯାତାୟତ କରିବା ଯୋଗ ବହୁ ଖର୍ଚ୍ଚ ବହନ କରିବାକୁ ପଡ଼ିବ । ଏ ଦିଗରେ ସ୍ଥାନୀୟ ଲୋକଙ୍କ ସମସ୍ୟାକୁ ଦୃଷ୍ଟିରେ ରଖି ଟୋଲ ଫ୍ରିଛାଡ କରିବାକୁ କମଳାଙ୍କ, ମଙ୍ଗଳପୁର, କୁସୁପଙ୍ଗା, ଖଡଗପ୍ରସାଦ, ଶିବପୁର, ନିମିଧା, ନୟାଭାଗୀରଥିପୁର, ନୂଆଗାଁର ସରପଞ୍ଚମାନେ ଲିଖିତ ଭାବରେ ଜିଲ୍ଲାପାଳଙ୍କୁ ଜଣାଇଛନ୍ତି ।

### ● ଗ୍ରାମାଞ୍ଚଳ କ୍ରୀଡ଼ା ପ୍ରତିଭାର ବିକାଶ ପାଇଁ ପ୍ରୟାସ କରୁଛି ଟାଟା ଷ୍ଟିଲ୍

## ଗାଁରୁ ଜାତୀୟସ୍ତର ପର୍ଯ୍ୟନ୍ତ ଚମକିଲେ ତୃଣମୂଳ ସ୍ତରର ପ୍ରତିଭା



**ଢେଙ୍କାନାଳ, ୧୪।୧୧(ସମିସ):** ଟାଟା ଷ୍ଟିଲ ଫାଉଣ୍ଡେସନ ଦ୍ୱାରା ତୃଣମୂଳସ୍ତରରେ ଖେଳ ପ୍ରତିଭାକୁ ପ୍ରୋତ୍ସାହନ ପାଇଁ କରାଯାଉଥିବା ନିରନ୍ତର ପ୍ରୟାସ ଯୋଗୁଁ ଜାତୀୟସ୍ତରରେ ପହଞ୍ଚିପାରିଛନ୍ତି ଟାଟା ଷ୍ଟିଲ ମେରାମଣ୍ଡଳୀର ଆଖପାଖ ଗ୍ରାମାଞ୍ଚଳ ଖେଳାଳି । ୬୯ତମ ସ୍କୁଲ୍ ଗେମସ୍ ଫେଡରେସନ ଅଫ ଇଣ୍ଡିଆ(ଏସଜିଏଫ ଆଇ) ନ୍ୟାସନାଲ୍ ଚମ୍ପାୟାନସିପ୍ ୨୦୨୫-୨୬ ରେ ଖେଳିବାଁ ପାଁଇ ଜିଲ୍ଲାର ଥିବା ଟିଏସଏଫର ଗ୍ରାସରୁଟ୍ସ ସେଣ୍ଟର ଓ ଯୁବ ବିକାଶ କେନ୍ଦ୍ରର ୫ଜଣ ମନୋନୀତ ହୋଇଛନ୍ତି । ଏ ପ୍ରଶିକ୍ଷିତ ଯୁବ ଭଲିବଲ୍ ଖେଳାଳିମାନେ ଜାତୀୟ ମଞ୍ଚର ଓଡ଼ିଶା ପାଇଁ ପ୍ରତିନିଧିତ୍ୱ କରିବା ପାଇଁ ସୁଯୋଗ ପାଇଛନ୍ତି । ଏହି ଅଲିମ୍ପିଆଡ୍ ସମ୍ପନ୍ନ ଏସଜିଏଫ ଆଇ ଚାମ୍ପିୟାନସିପରେ୧୭ ବର୍ଷ କମ୍ ବର୍ଗର ଓଡ଼ିଶାରୁ ୪ ଜଣ ସ୍ଥାନ ପାଇଛନ୍ତି । ଏହି ବର୍ଗ ପିଲାଙ୍କ ପାଇଁ ସ୍କୁଲ ଚାମ୍ପିଅନସିପ ଭଲିବଲ୍ ନଭେମ୍ବର ୧୧ରୁ ୧୫ ତାରିଖ ପର୍ଯ୍ୟନ୍ତ ଉତ୍ତରପ୍ରଦେଶର ବରେଲି ଠାରେ ଅନୁଷ୍ଠିତ ହେବ । ସେହିପରି ୧୯ ବର୍ଷରୁ କମ୍ ବର୍ଗର ଓଡ଼ିଶାକୁ ପ୍ରତିନିଧିତ୍ୱ କରିବା ପାଇଁ ଜଣେ ମନୋନୀତ ହୋଇଛନ୍ତି । ସେ ମଧ୍ୟପ୍ରଦେଶର ଗୋଦାରୱାର ନଭେମ୍ବର ୧୩ ରୁ ୧୭ ଯାଏ ଏହି ଟୁର୍ଣ୍ଣାମେଣ୍ଟରେ ଭାଗନେଉଛନ୍ତି । ଢେଙ୍କାନାଳ ଓ ଅନୁଗୁଳ ଜିଲ୍ଲାର ଏକାଧିକ କ୍ରୀଡାବିତ ଜାତୀୟ ସ୍ତରର ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିବା ପାଇଁ ମନୋନୀତ ହୋଇଛନ୍ତି । ୧୭ ବର୍ଷରୁ କମ୍ ମହିଳା ଟିମରେ ରହିଛନ୍ତି ପାଇକ ପୁରୁଣା କୋଟର ରିଙ୍କି ସାହୁ, ତାଳବାହାଳର ଗ୍ରାମର ରୋଜାଲିନ ନାଏକ ଓ ବାଦିବାହଳର ବିଦୁସ୍ମିତା ନାଏକ । ସେହିପରି ୧୭ ବର୍ଷରୁ କମ୍ ପୁରୁଷ ଟିମରେ ସ୍ଥାନ ପାଇଛନ୍ତି ପାଇକ ପୁରୁଣା କୋଟର ଶୁଭଦୀପ ବେହେରା । ୧୯ ବର୍ଷରୁ କମ ବର୍ଗରେ ଚରଡ଼ଗାଡିଆର ସୌମ୍ୟରଞ୍ଜନ ସାମଲଙ୍କୁ ସ୍ଥାନ ମିଳିଛି । ଦୁଇ ଦୁଇ ଥର ଜାତୀୟ ଚାମ୍ପିଅନସିପରେ ଅଧିନାୟକତ୍ୱ କରିଥିବା ରିଙ୍କି ସାହୁ କହିଛନ୍ତି, ଏହା ମୋ ପାଇଁ ସ୍ୱପ୍ନ ସତ ହେବା ଭଳି ହେବା ମୁହୂର୍ତ୍ତ । ଟାଟା ଷ୍ଟିଲ ଫାଉଣ୍ଡେସନରେ ପ୍ରଶିକ୍ଷଣ ମୋର ଆତ୍ମବିଶ୍ୱାସ ବଢ଼ାଇବା ସହ ସେ ଅନୁଶାସନ ଶିଖାଇଛି ।

## ଆପ୍ରୋଚ୍ ରୋଡ୍ ନିର୍ମାଣ ଦାବି

**ଢେଙ୍କାନାଳ, ୧୪ ।୧୧(ସମିସ):** ଢେଙ୍କାନାଳ ଜିଲ୍ଲା ଓଡାପଡ଼ା ବ୍ଲକ ଅନ୍ତର୍ଗତ ମଶାଣିଆ ରେଳ ଫାଟକ ଠାରୁ ମେରାମଣ୍ଡଳୀ ଅଣ୍ଡରପାସ ପର୍ଯ୍ୟନ୍ତ ଏକ ଆପ୍ରୋଚରୋଡ ନିର୍ମାଣ କରିବାକୁ ଖଡଗପ୍ରସାଦ ଗ୍ରାମବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଦାବୀ କରିଛନ୍ତି । ଖଡଗପ୍ରସାଦ ଓ କୁସୁପଙ୍ଗା ଜନସାଧାରଣଙ୍କ ଅଭିଯୋଗ ଅନୁସାରେ ମଶାଣିଆ ରେଳଫାଟକ ଯୋଗୁଁ ସାଧାରଣ ଲୋକ ବହୁ କଷ୍ଟଭୋଗିବାକୁ ପଡୁଛି । ଏହି ସ୍ଥାନରେ ବ୍ରାହ୍ମଣୀ ପବ୍ଲିକ ସ୍କୁଲ, ଉଚ୍ଚ ବିଦ୍ୟାଳୟ, କଲେଜ ଗୁଡିକରେ ଶିକ୍ଷାଲାଭ କରୁଥିବା ୨ ହଜାର ଛାତ୍ରଛାତ୍ରୀ ଏହି ଫାଟକ ଦେଇ ଯାତାୟତ କରିଥାନ୍ତି । ଦିନକୁ ଦୁଇ ଥର ଯିବା ଆସିବା କରିବା ସ୍ଥାନୀୟଅଞ୍ଚଳର ୨୫ ହଜାର ଜନସାଧାରଣ ପ୍ରତିଦିନ ବିଭିନ୍ନ କାର୍ଯ୍ୟପାଇଁ ନିକଟସ୍ଥ ବଜାରକୁ ଦୈନନ୍ଦିନ କାର୍ଯ୍ୟପାଇଁ ଯାଇଥାନ୍ତି । ପ୍ରତିଦିନ ୧୫୦ରୁ ଅଧିକ ଟ୍ରେନ ଯାତାୟତ କରୁଛି । ଏଣୁ ସ୍ଥାନୀୟଅଧିବାସୀଙ୍କ ସୁରକ୍ଷା, କୃଷି କ୍ଷେତ୍ରକୁ ଯାତାୟତ, ସ୍କୁଲ, କଲେଜ, ଚିକିତ୍ସାଳୟ, ବଜାରକୁ ଯିବା ଆସିବାକରିବା ପାଇଁ ଏକ ଆପ୍ରୋଚ ରୋଡ ନିର୍ମାଣ କରିବାକୁ ଦାବି କରାଯାଇଛି । ଏ ମର୍ମରେ ଏକ ଦାବିପତ୍ର ଜିଲ୍ଲାପାଳଙ୍କୁ ପ୍ରଦାନ କରାଯାଇଛି ।

## ଢେଙ୍କାନାଳ ବନ୍ଦକୁ ସମର୍ଥନ କରିବ ଆପ୍

**ଢେଙ୍କାନାଳ, ୧୪।୧୧(ସମିସ):** ଢେଙ୍କାନାଳ ଜିଲ୍ଲାରେ ବିଦ୍ୟୁତ ଯୋଗାଣକାରୀ ସଂସ୍ଥା ଟିପିଡିଓସିଏଲର ମନମୁଖୀ କାର୍ଯ୍ୟକୁ ନେଇ ଆସନ୍ତା ୧୭ରେ ଢେଙ୍କାନାଳ ବନ୍ଦ କରାଯିବ । ଏହାକୁ ଆମ୍ ଆଦମୀ ପାର୍ଟି (ଆପ୍) ସମ୍ପୂର୍ଣ୍ଣ ସମର୍ଥନ କରିବ ବୋଲି



ଜିଲ୍ଲା କାର୍ଯ୍ୟକାରିଣୀ ବୈଠକରେ ନିଷ୍ପତ୍ତି ନିଆଯାଇଛି । ଏ ନେଇ ଜିଲ୍ଲା ସଭାପତି ରମେଶ ଚନ୍ଦ୍ର ପଣ୍ଡା ସୂଚନା ଦେଇଛନ୍ତି । ଆମ୍ ଆଦ୍‌ମୀ ପାର୍ଟି ସର୍ବଦା ସାଧାରଣ ଲୋକଙ୍କୁ ଶିକ୍ଷା, ସ୍ୱାସ୍ଥ୍ୟ, ବିଜୁଳି, ପାଣି ଓ ରୋଜଗାର ଯୋଗାଇ ଦେବାପାଇଁ ପ୍ରତିଶ୍ରୁତିବଦ୍ଧ । ଗତ ଦୁଇ ବର୍ଷ ହେଲା ଟାଟା ପାୱାରର ଶୋଷଣ ନୀତି ଏବଂ ଶୋଷଣ ଯନ୍ତ୍ର ସ୍ମାର୍ଟ ମିଟରକୁ ବିରୋଧ କରି ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ପଥପ୍ରାନ୍ତ ସଭା ମାଧ୍ୟମରେ ଜନ ସଚେତନ କରିଆସୁଛି । ଏହି କ୍ରମରେ ଢେଙ୍କାନାଳ ଓକିଲ ସଂଘ ନେତୃତ୍ୱରେ ଗଠିତ ବିଦ୍ୟୁତ ଉପଭୋକ୍ତା କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ୧୭ ନଭେମ୍ବର ସକାଳ ୬ ରୁ ସନ୍ଧ୍ୟା ୬ ବାର ଘଣ୍ଟିଆ ବନ୍ଦ ଡାକରାକୁ ଆମ ଆଦମୀ ପାର୍ଟି ସମ୍ପୂର୍ଣ୍ଣ ସମର୍ଥନ କରିବ । ରାଜ୍ୟ ସଂଗଠନ ସମ୍ପାଦକ ଭରତ କୁମାର ଦାସ ଓ ସଂସଦୀୟ କ୍ଷେତ୍ର ସଭାପତି ପଙ୍କଜ ନାୟକ ଯୋଗଦେଇ ଟାଟା ପାୱାର ଏହି ସ୍ମାର୍ଟ ମିଟର ବନ୍ଦ କରିବା, ବିଭିନ୍ନ ଆଳ ଦେଖାଇ ଲୋକଙ୍କୁ ଫାଇନ କରିବା, ବିଦ୍ୟୁତ ବିଭାଗର ଭିତିଭୂମି ସଜାଡିବା ଉପରେ ଆଲୋଚନା କରିଥିଲେ । ଅନ୍ୟ ମାନଙ୍କ ମଧ୍ୟରେ ଜିଲ୍ଲା କାର୍ଯ୍ୟକାରୀ ସଭାପତି ସୁବୋଧ ବେହେରା, ସମ୍ପାଦକ ଅନୀଲ ସାମଲ, ଜିଲ୍ଲା ଯୁବ ସଭାପତି ସ୍ୱାଗତ ସିଂହ, ନଗର ସଭାପତି ଦେବାଶିଷ ନନ୍ଦ, ଉପଦେଷ୍ଟା ଚିତ୍ତରଞ୍ଜନ ପାଣି, ବିଜୟ କୁମାର ଦାସ, ଇଂ ପିତାମ୍ବର ଦାସ, ସନାତନ ନାଏକ, ପ୍ରସନ୍ନ ବରାଳ, ଜୟନ୍ତ ଦାସ ପ୍ରମୁଖ ଯୋଗଦେଇ ବିଦ୍ୟୁତ ଉପଭୋକ୍ତା କ୍ରିୟାନୁଷ୍ଠାନ କମିଟିର ୧୭ ନଭେମ୍ବର ବାର ଘଣ୍ଟିଆ ବନ୍ଦ ଡାକରାକୁ ସହଯୋଗ କରି ସଫଳ କରିବାପାଇଁ ଜିଲ୍ଲାବାସୀଙ୍କୁ ଅନୁରୋଧ କରିଛନ୍ତି ।

## ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**ଖଜୁରିଆକଟା/ହିନ୍ଦୋଳ, ୧୪।୧୧(ସମିସ):** ହିନ୍ଦୋଳ ଉପଖଣ୍ଡ ବେଡ଼ାପଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟର ହିନ୍ଦୀ ଶିକ୍ଷକ ସୁରେଶ ଚନ୍ଦ୍ର ସାହୁଙ୍କୁ ବେଡାପଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟର ପରିସରରେ ରେ ବିଦାୟ କାଳୀନ ସମ୍ବର୍ଦ୍ଧନା ଦିଆଯାଇଛି । ଏହି ସମାରୋହରେ ବିଦ୍ୟାଳୟର



ପ୍ରଧାନ ଶିକ୍ଷୟିତ୍ରୀ ମାଧୁରୀ ନାୟକ ଅ ବ ସ ର ପ୍ର । ପ୍ତ ପ୍ରଧାନ ଶିକ୍ଷକ ଅନ୍ତର୍ଯ୍ୟାମୀ ସାହୁ, ଦିବାକର ସାମଲ, ବିନୟ କୁମାର ସାମଲ, ସରୋଜ କୁମାର ପାଣି, ବାସୁଦେବ ଜେନା, ପ୍ରିୟବ୍ରତ ମହାପାତ୍ର, ସଞ୍ଜିତ କୁମାର ବାରିକ, ସୌମ୍ୟରଞ୍ଜନ ବେହେରା, ଶତ୍ରୁଘ୍ନ ରାଉତଙ୍କ ସମେତ ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟ ବରୁଣ ଚନ୍ଦ୍ର ମାଝୀ, ମିହିର କୁମାର ରାଉତ, ଅମୂଲ୍ୟ ଦେହୁରୀ, ତପନ କୁମାର ପରିଡ଼ା, ବାବନ୍ଧ ସରପଞ୍ଚ ରୁନୁବାଳା ବେହେରା, ବିଦ୍ୟାଳୟର ପୁରାତନ ଛାତ୍ର ଛାତ୍ରୀ ଓ ଗ୍ରାମବାସୀ ଉପସ୍ଥିତ ଥିଲେ । ସରପଞ୍ଚ ଶ୍ରୀମତୀ ବେହେରା ଶିକ୍ଷକ ସୁରେଶ ଚନ୍ଦ୍ର ସାହୁଙ୍କ ଆଦର୍ଶରେ ଅନୁପ୍ରାଣିତ ହେବା ପାଇଁ କହିଥିଲେ ।

# ଶିଶୁ ହେଉଛି ଆମ ଉତ୍ସାହର ଉତ୍ସ









**ଢେଙ୍କାନାଳ, ୧୪ ।୧୧(ସମିସ)**

ଶିଶୁର ଶୈଶବ ଏବେ ନିରୁଦ୍ଦିଷ୍ଟ । ମିଳୁନି ତାକୁ ସ୍ନେହ ଓ ଆଦର । ଖେଳା ବୁଲା ବୟସର ପିଲା ଆଜି ବି ରାସ୍ତା କଡ଼ରେ ପଲିଥିନ ଜରି ଗୋଟାଉଛି । ଅନେକ ପିଲା ଆଜି ବି ବିପଦଜନକ ସ୍ଥାନରେ କାମ କରି ନିଜର ଗୁଜୁରାଣ ମେଣ୍ଟାଉଛନ୍ତି । କିନ୍ତୁ ଆମେ ଭୁଲି ଯାଉଛେ, ଶିଶୁ ହେଉଛି ଆମର ସ୍ୱପ୍ନ ଓ ସମ୍ଭାବନା । ତାର ଯତ୍ନ, ଶିକ୍ଷା ଓ ସୁରକ୍ଷା ଆମର ପ୍ରାଥମିକତା । ଏକ ବିକଶିତ ଭାରତ ଗଠନରେ ପ୍ରତିଟି ଶିଶୁର ଗୁରୁତ୍ୱ ରହିଛି ବୋଲି ଶିଶୁ ଦିବସ ପାଳନ ଅବସରରେ ସ୍ଥାନୀୟ ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନର ଅଧ୍ୟକ୍ଷ ଲକ୍ଷ୍ମଣ କୁମାର ସାହୁ ଛାତ୍ରଛାତ୍ରୀ ଙ୍କୁ ସମ୍ବୋଧିତ କରିଛନ୍ତି । ପ୍ରଶିକ୍ଷଣ ପ୍ରତିଷ୍ଠାନର ପ୍ରାକ - ସେବା ଶିକ୍ଷକ ସେବା ବିଭାଗ ଦ୍ୱାରା ଆୟୋଜିତ ସଭାକୁ ଗୁରୁଛାତ୍ରୀ ସସ୍ମିତା ଖଣ୍ଡା ସଂଯୋଜନା କରିଥିବାବେଳେ ଛାତ୍ର ପ୍ରତିନିଧି ତପସ୍ୱିନୀ ଗଡ଼ନାୟକ, ସୌମ୍ୟାକାନ୍ତି ବେହେରା, ବିଶ୍ୱଜିତ ମହାପାତ୍ର, ଯଜ୍ଞ ପ୍ରସାଦ ଶତପଥି ଏବଂ ବରିଷ୍ଠ ଶିକ୍ଷକ ପ୍ରଶିକ୍ଷିକା ସ୍ନେହଲତା ରାଜ ଓ ସ୍ୱାଗତିକା ସ୍ୱାଇଁ ଜବାହରଲାଲ ନେହେରୁ ଙ୍କ ଜୀବନୀ ଓ ଶିଶୁଦିବସ ର ମହତ୍ୱ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ । ସଭା ପ୍ରାରମ୍ଭରେ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋ ଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ପ୍ରଦୀପ ପ୍ରଜ୍ୱଳନ କରି ଶ୍ରଦ୍ଧାଞ୍ଜଳି ଦିଆଯାଇଥିଲା । ଶିଶୁ ଦିବସ ଉପଲକ୍ଷେ ଆୟୋଜିତ ପୋଷ୍ଟର ପ୍ରସ୍ତୁତି ପ୍ରତିଯୋଗିତାରେ ରାଜେଶ କୁମାର ନାୟକ ପ୍ରଥମ, ଶୁଭଶ୍ରୀ ସାହୁ ଦ୍ୱିତୀୟ ଓ ଅନସୂୟା ପାତ୍ର ତୃତୀୟ ସ୍ଥାନ ଅଧିକାର କରିଥିବାରୁ ପୁରସ୍କୃତ କରାଯାଇଥିଲ ।

### ସୁଲକ୍ଷଣା ଦେବୀ ସରକାରୀ ଉଚ୍ଚ ବିଦ୍ୟାଳୟ

ସ୍ଥାନୀୟ ସୁଲକ୍ଷଣା ଦେବି ବାଳିକା ଉଚ୍ଚ ବିଦ୍ୟାଳୟରେ ଶିଶୁ ଦିବସ ପାଳନ କରାଯାଇଛି । ଏହି ଅବସରରେ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମିନତୀ ଦେହୁରୀଙ୍କ ଅଧ୍ୟକ୍ଷତାରେ ଏକ ସଭା ଆୟୋଜନ କରାଯାଇଥିଲା । ଉକ୍ତ ସଭାରେ ଛାତ୍ରଛାତ୍ରୀ ଓ ଶିକ୍ଷକ ଶିକ୍ଷୟିତ୍ରୀମାନେ ପଣ୍ଡିତ ନେହରୁଙ୍କ ଜୀବନ ଦର୍ଶନ ବିଷୟରେ ଆଲୋଚନା କରିଥିଲେ ଓ ପ୍ରଧାନ ଶିକ୍ଷୟିତ୍ରୀ ପିଲାମାନଙ୍କୁ ପଣ୍ଡିତ ନେହେରୁଙ୍କ ଆଦର୍ଶରେ ଅନୁପ୍ରେରିତ ହୋଇ ଜୀବନରେ ତାଙ୍କପରି ହେବାକୁ ପରାମର୍ଶ ଦେଇଥିଲେ । ଏହି ଅବସରରେ ପିଲାମାନଙ୍କ ଭିତରେ ବକ୍ତୃତା, ରଚନା, ଚିତ୍ରାଙ୍କନ, କବିତା ଆବୃତି ଓ ସାଂସ୍କୃତିକ ନୃତ୍ୟ ଆଦି ପ୍ରତିଯୋଗିତା କରାଯାଇ ପିଲାମାନଙ୍କୁ ପୁରସ୍କୃତ କରାଯାଇଥିଲା । ପରିଶେଷରେ ପିଲାମାନଙ୍କୁ ମଧ୍ୟାହ୍ନ ଭୋଜନ ସହିତ ପ୍ରଧାନ ଶିକ୍ଷୟିତ୍ରୀଙ୍କ ଦ୍ୱାରା ମିଷ୍ଟାନ୍ନ ବଣ୍ଟନ କରାଯାଇଥିଲା ।

### କପିଳାସ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ

**ଗଁଦିଆ, ୧୪।୧୧(ସମିସ) :** ଢେଙ୍କାନାଳ ଜିଲ୍ଲାର ଦେଓଗାଁ ଗ୍ରାମ ପଞ୍ଚାୟତରେ ଅବସ୍ଥିତ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ଶିଶୁ ଦିବସ ଅନୁଷ୍ଠିତ ହୋଇଯାଇଛି । ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ମନୋସିନୀ ସାହୁଙ୍କ ଅଧ୍ୟକ୍ଷତାରେ ବିଦ୍ୟାଳୟ ପରିସରରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ସହକାରୀ ଶିକ୍ଷୟିତ୍ରୀ ଦୁର୍ଗେଶ ନନ୍ଦିନୀ ନନ୍ଦ, ଶିବାନୀ ମିଶ୍ର, ନିବେଦିତା ସାହୁ, ନନ୍ଦିନୀ ରାଉଳ, ଦିପ୍ତିମୟୀ ପ୍ରଧାନ ଓ ପୁଷ୍ପଲତା କୁଅଁର ପ୍ରମୁଖ ସହଯୋଗ କରିଥିଲେ । ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ଅତିଥି ଭାବେ ରାଷ୍ଟ୍ରପତି ପୁରସ୍କାର ପ୍ରାପ୍ତ ଅବସର ପ୍ରାପ୍ତ ପ୍ରଧାନ ଶିକ୍ଷକ ପ୍ରକୃତି ବନ୍ଧୁ ହରିହର ସାହୁ ଯୋଗଦେଇ 'ଶିଶୁ ହସିଲେ ଦେଶ ହସିବ' ବୋଲି ମତବ୍ୟକ୍ତ କରିଥିଲେ । କାର୍ଯ୍ୟକ୍ରମରେ ଛାତ୍ରୀମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଆୟେଜିତ ହୋଇଥିଲା । ପରେ କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ ।

### ରୋଟାରୀ କ୍ଲବ



**ଢେଙ୍କାନାଳ, ୧୪।୧୧(ସମିସ):** ଢେଙ୍କାନାଳ ରୋଟାରୀ କ୍ଲବ ତରଫରୁ ଶିଶୁ ଦିବସ ପାଳନ କରାଯାଇଛି । ଏହି ପରିପ୍ରେକ୍ଷୀରେ ଗଜମରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଠାରେ ବକ୍ତୃତା ଏବଂ ଚିତ୍ରାଙ୍କନ ପ୍ରତଯୋଗିତାରେ କୁନି କୁନି ପିଲାମାନେ ଭାଗ ନେଇଥିଲେ । ଚିତ୍ରାଙ୍କନରେ ଶ୍ୱେତା ପ୍ରିୟଦର୍ଶିନୀ ପ୍ରଥମ ସ୍ଥାନ, ରାନୁ ସାହୁ ଦ୍ୱିତୀୟ ସ୍ଥାନ, ସାଇସୂର୍ଯ୍ୟ ସାହୁ ତୃତୀୟ ସ୍ଥାନ ପାଇ ପୁରସ୍କୃତ ହୋଇଥିଲେ । ବକ୍ତୃତା ପ୍ରତଯୋଗୀତାରେ ସ୍ୱେତା ପ୍ରିୟଦର୍ଶିନୀ ପ୍ରଥମ ସ୍ଥାନ, ସୁଚିସ୍ମିତା ସ୍ୱାଇଁ ଦ୍ୱିତୀୟ ସ୍ଥାନ, ନିବେଦିତା ନାୟକ ତୃତୀୟ ସ୍ଥାନରେ ପୁରସ୍କୃତ ହୋଇଥିଲେ । ଏହି ସଭାରେ ରୋଟାରୀ କ୍ଲବର ସଭାପତି ରୋ ସାଗରିକା ମିଶ୍ର ସଭାପତିତ୍ୱ କରିଥିଲେ । ମଞ୍ଚରେ ନବୀନ ଚନ୍ଦ୍ର ନାରାୟଣ ଦାସ, ବିରଞ୍ଚି ନାରାୟଣ ପାଣି, ବିନୋଦ ଅଗ୍ରୱାଲା, ରାଜ କିଶୋର ବେହେରା, ଅମର ଜ୍ୟୋତି ସିଂଦେଓ, ଭବାନୀ ଶଙ୍କର ଦାଶ, ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ବାସନ୍ତୀ ସିଂ ଉପସ୍ଥିତ ରହିଥିଲେ । ପ୍ରଦୋଷ କୁମାର ଶତପଥୀ ଧନ୍ୟବାଦ ଅର୍ପଣ କରିଥିଲେ । କାର୍ଯ୍ୟକ୍ରମରେ ଆର୍‌ସିସି, ଗଜମରାର ସଭାପତି ଧରଣୀ ଧର ବେହେରା, ସଞ୍ଜୀୟ ନାୟକ, ଯୋଗେନ୍ଦ୍ର ସ୍ୱାଇଁ, ବିଦ୍ୟାଳୟ ର ଶିକ୍ଷୟିତ୍ରୀ ଉପସ୍ଥିତ ରହି କାର୍ଯ୍ୟକ୍ରମରେ ସାହାଯ୍ୟ କରିଥିଲେ ।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୭୬ ● ପାଉଣ୍ଡ ୧୧୭.୨୪
- ୟୁରୋ ୧୦୩.୧୭ ● ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୮,୪୦୦ (ନୂଆଦିଲ୍ଲୀ)
- ରୁପା : ୧,୮୦,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୪,୫୬୨.୦୦
- ନିଫ୍ଟି ୨୫,୯୦୦.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଇଭି ନୀତିର ପୁନର୍ବିଚାର ଜରୁରୀ: ସୁପ୍ରିମକୋର୍ଟ

## ବଡ଼ ସହରରେ ଆରମ୍ଭ କରାଯାଉ ପାଇଲଟ୍ ପ୍ରକଳ୍ପ

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଦେଶରେ ପ୍ରଚଳିତ ଇଲେକ୍ଟ୍ରିକ୍ ଯାନ (ଇଭି) ନୀତିର ପୁନର୍ବିଚାର କରାଯିବା ଆବଶ୍ୟକ। ଗୁରୁବାର ସୁପ୍ରିମକୋର୍ଟ ଇଲେକ୍ଟ୍ରିକ୍ ଯାନକୁ ପ୍ରୋତ୍ସାହିତ କରୁଥିବା ନୀତି ଉପରେ ଦାୟର ଏକ ଜନସ୍ୱାର୍ଥ ମାମଲାର ଶୁଣାଣି କରି ଏହା କହିଛନ୍ତି। ଶୁଣାଣି ସମୟରେ, କୋର୍ଟ ମୌଖିକ ଭାବରେ ସରକାରଙ୍କୁ ଜାତୀୟ ବୈଦ୍ୟୁତିକ ଗତିଶୀଳତା ମିଶନ୍ ଯୋଜନା (ଏନ୍ଇଏମ୍ଏମ୍ପି) ୨୦୨୦ର ପୁନଃବିଚାର କରିବାକୁ ପରାମର୍ଶ ଦେଇଛନ୍ତି। ଏହାଦିଲ୍ଲୀ, ମୁମ୍ବଇ, କଲକାତା, ଚେନ୍ନାଇ ଏବଂ ବେଙ୍ଗାଲୁରୁ ଭଳି ମେଟ୍ରୋ ସହରରେ ପାଇଲଟ୍ ପ୍ରକଳ୍ପଗୁଡ଼ିକୁ ଆରମ୍ଭ କରିବାକୁ ମଧ୍ୟ ପରାମର୍ଶ ଦେଇଛନ୍ତି। ଜଷ୍ଟିସ୍ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ୍ ଜ୍ୟୋମଲ୍ୟା ବାଗଚୀଙ୍କ ଖଣ୍ଡପୀଠ ସମ୍ମୁଖରେ ଓକିଲ ପ୍ରଶାନ୍ତ ଭୂଷଣ ଯୁକ୍ତି ଦର୍ଶାଇଥିଲେ ଯେ ଇଭି କ୍ରୟ ଉପରେ ରିଆତି ଏବଂ ଟିକସ ଛାଡ଼ ଭଳି ସରକାରଙ୍କ ନୀତିଗୁଡ଼ିକୁ କାର୍ଯ୍ୟକାରୀ କରାଯିବା ଆବଶ୍ୟକ।

ଏହି ଜନସ୍ୱାର୍ଥ ମାମଲା ସେଣ୍ଟର ଫର ପବ୍ଲିକ୍ ଇଣ୍ଟରେଷ୍ଟ ଲିଟିଗେସନ୍, କମନ୍ କଜ୍ ଏବଂ ସୀତାରାମ ଜିନ୍ଦଲ ଫାଉଣ୍ଡେସନ୍ ୨୦୧୯ରେ ପିଆଇଏଲ୍ ଦାୟର କରିଥିଲେ। ଲକ୍ଷ୍ୟ ଥିଲା ଜୀବାଶ୍ମ ଇନ୍ଧନ ଯାନରୁ ନିର୍ଗମନକୁ ରୋକିବା, ଯାହା ବାୟୁ ପ୍ରଦୂଷଣ ଏବଂ ଜଳବାୟୁ ପରିବର୍ତ୍ତନରେ ଯୋଗଦାନ କରିବ। ଆବେଦନକାରୀମାନେ ଯୁକ୍ତି ଦେଇଥିଲେ ଯେ ସରକାରୀ ଅବହେଳା ନାଗରିକଙ୍କ ସ୍ୱାସ୍ଥ୍ୟ ଏବଂ ସ୍ୱଚ୍ଛ ପରିବେଶ ଅଧିକାରକୁ ଉଲ୍ଲଂଘନ କରୁଛି। ସେମାନେ ସରକାର ସହରଗୁଡ଼ିକୁ “ଗ୍ୟାସ୍ ଚାମ୍ବର»ରେ ପରିଣତ କରୁଥିବା ଅଭିଯୋଗ କରିଥିଲେ। ଆବେଦନକାରୀମାନେ ଭାରୀ ଶିଳ୍ପ ମନ୍ତ୍ରଣାଳୟର ଏନ୍ଇଏମ୍ଏମ୍ପି ୨୦୧୨ ଏବଂ ନୀତି ଆୟୋଗର ୨୦୧୮



ମାସକ ପରେ ପରବର୍ତ୍ତୀ ଶୁଣାଣି

«ଶୂନ୍ୟ ନିର୍ଗମନ ଯାନ” ରିପୋର୍ଟକୁ କାର୍ଯ୍ୟକାରୀ କରିବାକୁ ଦାବି କରିଥିଲେ। ଏଥିରେ ଇଭି ଉପରେ ରିଆତି, ଟିକସ ଛାଡ଼, ସରକାରୀ ଯାନଗୁଡ଼ିକୁ ଇଭିରେ ପରିବର୍ତ୍ତନ, ବାଧ୍ୟତାମୂଳକ ଚାର୍ଜିଂ ପଏଣ୍ଟ ଏବଂ ଏକ ଫି’ ସିଷ୍ଟମ (ପ୍ରଦୂଷକ ଯାନ ଉପରେ ଫି, ଇଭି ଉପରେ ସବସିଡି) ଅନ୍ତର୍ଭୁକ୍ତ ଥିଲା। ସେମାନେ ବ୍ୟକ୍ତିଗତ ଚାର୍ଜିଂ ଭିତ୍ତିଭୂମି ପାଇଁ ପ୍ରୋତ୍ସାହନ, ଟୋଲ୍/ପାର୍କିଂ ଛାଡ଼ ଏବଂ ହାଇଡ୍ରୋଜେନ୍ ଯାନ ଉପରେ ଧ୍ୟାନ ଦେବାକୁ ମଧ୍ୟ ଆହ୍ୱାନ କରିଥିଲେ।

୨୦୨୦ରେ, ସୁପ୍ରିମକୋର୍ଟ କହିଥିଲେ ଯେ ଏହି ପ୍ରସଙ୍ଗ କେବଳ ଏନ୍ସିଆର୍ର ନୁହେଁ ବରଂ ସମଗ୍ର ଦେଶର ପରିବେଶକୁ ପ୍ରଭାବିତ କରେ। କୋର୍ଟ ପକ୍ଷମାନଙ୍କଠାରୁ ଇଭି କ୍ରୟ, ଚାର୍ଜିଂ ପୋର୍ଟ, ଇନ୍ଧନ ପ୍ରଣାଳୀ, ହାଇଡ୍ରୋଜେନ୍ ଯାନ, ଅନ୍ୟାନ୍ୟ ଶକ୍ତି ଉତ୍ସ ଏବଂ ଆମଦାନୀ/ପରିବେଶିକ ପ୍ରଭାବ ଉପରେ ସହାୟତା ଲୋଡ଼ିଥିଲେ। କୋର୍ଟ ସ୍ୱୀକାର କରିଛନ୍ତି ଯେ ସରକାରଙ୍କ ସୁପାରିଶଗୁଡ଼ିକୁ କାର୍ଯ୍ୟକାରୀ ନ କରିବା ଯୋଗୁଁ ପ୍ରଦୂଷଣ ବୃଦ୍ଧି ପାଉଛି। ଆଜିର ଶୁଣାଣିରେ ଜଷ୍ଟିସ୍ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ୍ ଜ୍ୟୋମଲ୍ୟା ବାଗଚୀଙ୍କ ଖଣ୍ଡପୀଠ ସମ୍ମୁଖରେ, ଆଇନଜୀବୀ ପ୍ରଶାନ୍ତ ଭୂଷଣ ଯୁକ୍ତି ଦେଇଥିଲେ ଯେ ଇଭିର ଉଚ୍ଚ ମୂଲ୍ୟ ହ୍ରାସ କରିବା ପାଇଁ ପ୍ରୋତ୍ସାହନ ରାଶି ଏବଂ ଚାର୍ଜିଂ ପଏଣ୍ଟ ଆବଶ୍ୟକ। ଆଟର୍ଣ୍ଣି ଜେନେରାଲ ଆର. ଭେଙ୍କଟରମଣି କୋର୍ଟଙ୍କୁ ସୂଚନା ଦେଇଛନ୍ତି ଯେ ୧୩ଟି କେନ୍ଦ୍ରୀୟ ମନ୍ତ୍ରଣାଳୟ ଇଭିକୁ ପ୍ରୋତ୍ସାହିତ କରିବା ପାଇଁ ଏକାଠି କାମ କରୁଛନ୍ତି। କୋର୍ଟ ସମସ୍ତ ବିଜ୍ଞପ୍ତି ଏବଂ ପ୍ରଗତି ରିପୋର୍ଟ ଗୋଟିଏ ମାସ ମଧ୍ୟରେ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

**କୋର୍ଟ ଗଲେ ଅନୀଲ ଅମ୍ବାନୀ**

# କୋବ୍ରାପୋଷ୍ଟ ବିରୋଧରେ ଦାଖଲ କଲେ ମାନହାନୀ ମୋକଦ୍ଦମା





**ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି):** କୋବ୍ରାପୋଷ୍ଟ ବିରୋଧରେ କୋର୍ଟ ଯାଇଛନ୍ତି ଶିଳ୍ପପତି ତଥା ରିଲାଏନ୍ସ ଗ୍ରୁପ୍ ଅଧ୍ୟକ୍ଷ ଅନୀଲ ଅମ୍ବାନୀ। ଖାଲି କୋବ୍ରା ପୋଷ୍ଟ ନୁହେଁ, ଅନୀଲ ଦ ଇକୋନୋମିକ୍ ଟାଇମ୍ସ, ଟାଇମ୍ସ ଅଫ୍ ଇଣ୍ଡିଆ ବିରୋଧରେ ମଧ୍ୟ ମାନହାନୀ ମାମଲା ଦାଖଲ କରିଛନ୍ତି। ଦିଲ୍ଲୀର ଏକ କୋର୍ଟରେ ଏ ନେଇ ମାମଲା ରୁଜୁ କରାଯାଇଥିବା ସୂଚନା ମିଳିଛି, ଯାହାର ଶୁଣାଣି ଆରମ୍ଭ ହୋଇଛି।

ସୂଚନାନୁସାରେ, ବିଭିନ୍ନ ଗଣମାଧ୍ୟମରେ ତାଙ୍କ କମ୍ପାନୀ ୪୧ ହଜାର କୋଟି ଟଙ୍କାର ଠକେଇ କରିଥିବା ନେଇ ଖବର ପ୍ରକାଶ ପାଇଥିଲା। ଗୁରୁବାର ଏହି ମାମଲାର ଶୁଣାଣି ବରିଷ୍ଠ ବିଚାରପତି ବିବେକ ବେନିଓ୍ୱାଲ କରିଛନ୍ତି। କୋର୍ଟ ତଥ୍ୟ ଅନୁସାରେ, କୋବ୍ରାପୋଷ୍ଟ, ଇକୋନୋମିକ୍ ଟାଇମ୍ସ, ଟାଇମ୍ସ ଅଫ୍ ଇଣ୍ଡିଆ ବିରୋଧରେ ପିଟିସନ୍ ଫାଇଲ କରାଯାଇଛି। ପ୍ରଥମେ କୋବ୍ରାପୋଷ୍ଟରେ ଅକ୍ଟୋବର ୩୦ରେ ଖବର ପ୍ରକାଶ ପାଇଥିଲା ଯେ, ଅନିଲ ଅମ୍ବାନୀଙ୍କ କମ୍ପାନୀ ୪୧,୯୨୧ କୋଟିର ଏକ ଆର୍ଥିକ ଠକେଇ କରିଥିଲା। ୨୦୦୬ ମସିହାରୁ ଏହି ଠକେଇ ଚାଲିଥିଲା। ଅନ୍ୟ ଖବର କାଗଜ ଏବଂ ଓ୍ୱେବସାଇଟରେ ଏ ନେଇ ଖବର ପ୍ରକାଶିତ ହୋଇଥିଲା। ଏହା ରିଲାଏନ୍ସ ଏବଂ ଅନୀଲ ଅମ୍ବାନୀଙ୍କ ସମ୍ମାନହାନୀ କରୁଥିବା କୋର୍ଟରେ ଆବେଦନ ହୋଇଛି।

# ଖଣ୍ଡଗିରିରେ ଚାନ୍ଦି ଭଣ୍ଡାରର ୨୫ତମ ଷ୍ଟୋର

**ଭୁବନେଶ୍ୱର,୧୪।୧୧(ସମିସ):** ଚାନ୍ଦି ଭଣ୍ଡାର ଖଣ୍ଡଗିରିରେ ଏହାର ୨୫ତମ ଷ୍ଟୋର ଶୁଭାରମ୍ଭ କରିଛି। ଖଣ୍ଡଗିରି ଗୁମ୍ଫା ରୋଡ୍ରେ ୨୫୦୦ ବର୍ଗଫୁଟ ପରିମିତ ସ୍ଥାନରେ ନିର୍ମିତ ନୂଆ ଷ୍ଟୋର ଡିଜାଇନ୍ ଏବଂ ମନମୋହକ ଡିସ୍ ଅତି ସୁନ୍ଦର ପରିବେଶ ପ୍ରଦାନ କରୁଛି। ଐତିହ୍ୟ ସହିତ ମିଶ୍ରିତ ଆଧୁନିକ ବିଳାସକୁ ପ୍ରତିଫଳିତ କରିବା ପାଇଁ ଏହି ନୂଆ ଷ୍ଟୋର ରୁପା କଳାକୃତିର ସର୍ବୋତ୍ତମ ପ୍ରଦର୍ଶନ କରୁଛି। ଏଥିସହିତ ଏହା ଗ୍ରାହକଙ୍କୁ ଏକ ନିମଗ୍ନ ଏବଂ ପ୍ରେରଣାଦାୟକ ସପିଂ ଅଭିଜ୍ଞତା ପ୍ରଦାନ କରୁଛି। ଏହି ସ୍ୱତନ୍ତ୍ର ଅବସରକୁ ପାଳନ କରିବା ପାଇଁ ଚାନ୍ଦି ଭଣ୍ଡାର ‘ୱେଡିଂ ଷ୍ଟୋରିଜ୍ ବାୟ ଚାନ୍ଦି ଭଣ୍ଡାର’ କ୍ୟାମ୍ପେନ୍ ଆଣିଛି। ଗ୍ରାହକ ନଭେମ୍ବର ୧୫ରୁ ୩୦ ପର୍ଯ୍ୟନ୍ତ ରୁପା ଗହଣା ଏବଂ କଳାକୃତିର ଗଢ଼ା ମଜୁରି ଉପରେ ୩୦% ପର୍ଯ୍ୟନ୍ତ ରିହାତି ପାଇପାରିବେ। ଏହି ଅଫର୍ ଉକ୍ତ ମୂଲ୍ୟବାନ ଗ୍ରାହକମାନଙ୍କ ପ୍ରତି ଏକ କୃତଜ୍ଞତାର ନିଦର୍ଶନ, ଯେଉଁମାନେ ଚାନ୍ଦି ଭଣ୍ଡାରକୁ ସେମାନଙ୍କ କାହାଣୀ ଆଣିଛନ୍ତି ଓ ଚାନ୍ଦି ଭଣ୍ଡାରକୁ ସେମାନଙ୍କ ସ୍ୱତନ୍ତ୍ର ଦିନର ଅଂଶ କରିଥାନ୍ତି। ଚାନ୍ଦି ଭଣ୍ଡାରର ପ୍ରତିଷ୍ଠାତା ଲିପ୍ସା ହଂସ କୁହନ୍ତି, ଆମ ଗହଣା ଆଭୂଷଣଠାରୁ ଆହୁରି ଅଧିକ କିଛି।





ଏହା ପରମ୍ପରାର ଏକ ଖଣ୍ଡ, ପ୍ରେମର ପ୍ରକାଶନ ଏବଂ ଆମ ଗ୍ରାହକଙ୍କ ବିବାହ କାହାଣୀର ଅଂଶ। ଏହି କ୍ୟାମ୍ପେନ୍ ସହ ଆମେ ବାସ୍ତବ ଦମ୍ପତିଙ୍କ ସେହି ସମ୍ପର୍କ ଏବଂ ପ୍ରକୃତ ସୌନ୍ଦର୍ଯ୍ୟକୁ ପାଳନ କରିବାକୁ ଲକ୍ଷ୍ୟ ରଖିଛୁ। ସର୍ବୋତ୍ତମ ଗହଣା ସହିତ ଆହୁରି ଅଧିକ କିଛି ପ୍ରଦାନ କରୁଛି ଚାନ୍ଦି ଭଣ୍ଡାର। ପାରମ୍ପରିକ ରୁପା ଆଇଟମ୍ ସହିତ ଆଧୁନିକ ଲାଇଫଷ୍ଟାଇଲ୍ ଉତ୍ପାଦ ଏହା ଉପଲବ୍ଧ କରିଥାଏ ।

# ଏନ୍ଡିଏର ବିହାର ବିଜୟ ପରେ ବି ବଜାରରେ ନିରାଶା

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ବିହାର ନିର୍ବାଚନରେ ଏନ୍ଡିଏର ବିଶାଳ ବିଜୟ ନିଶ୍ଚିତ ହେବା ସତ୍ତ୍ୱେ, ଷ୍ଟକ୍ ବଜାର ହ୍ରାସ ପାଇଛି। ଏକଜିଟ୍ ପୋଲର ଆଶା ଅନୁସାରେ ୭୫୦ ପଏଣ୍ଟ ବୃଦ୍ଧି ପାଇଥିବା ସେନସେକ୍ସ ଫଳାଫଳ ଦିନ କାରବାର ମଧ୍ୟରେ ୩୭୬ ପଏଣ୍ଟ ହ୍ରାସ ପାଇଲା। ଏହି ହ୍ରାସର ଅନେକ ପ୍ରମୁଖ କାରଣ ରହିଛି। ବିହାର ବିଧାନସଭା ନିର୍ବାଚନର ଫଳାଫଳ ପୁଣି ଥରେ ଏହି ପ୍ରଶ୍ନ ଉଠାଇଛି। ଏକଜିଟ୍ ପୋଲରେ ଏନ୍ଡିଏ ପାଇଁ ଏକ ବଡ଼ ବିଜୟ ପୂର୍ବାନୁମାନ କରିଥିଲା ଏବଂ ବଜାର ଉତ୍ସାହରେ ଭରି ଯାଇଥିଲା। ବୁଧବାର ସେନସେକ୍ସ ୭୫୦ ପଏଣ୍ଟ ଏବଂ ନିଫ୍ଟି ୨୩୦ ପଏଣ୍ଟ ବୃଦ୍ଧି ପାଇଲା। ନିବେଶକମାନେ ଉତ୍ସାହିତ ଥିଲେ ।

ଶୁକ୍ରବାର ଅପରାହ୍ନ ପ୍ରାୟ ୨ଟା ସମୟରେ ସେନସେକ୍ସ ୩୭୬ ପଏଣ୍ଟ କିମ୍ବା ୦.୪୪% ହ୍ରାସ ପାଇ ୮୪,୧୦୨.୯୬ ପଏଣ୍ଟରେ କାରବାର କରୁଥିଲା। ନିଫ୍ଟି ୧୧୦.୭୧ ପଏଣ୍ଟ କିମ୍ବା ୦.୪୨% ହ୍ରାସ ପାଇ ୨୫,୭୭୧.୪୦ ପଏଣ୍ଟରେ କାରବାର କରୁଥିଲା। ଇନଫୋସିସ୍, ଆଇଚର ମୋଟର୍ସ ଏବଂ ଟାଟା ଷ୍ଟିଲ୍ ଭଳି ପ୍ରମୁଖ କମ୍ପାନୀଗୁଡ଼ିକର ସେୟାର ନିଫ୍ଟିରେ ୩% ପର୍ଯ୍ୟନ୍ତ ହ୍ରାସ ପାଇଥିଲା। ଏହାର ଅର୍ଥ ହେଉଛି ଯେ ଫଳାଫଳ ଆସିବାର ଦୁଇ ଦିନ ପୂର୍ବରୁ ଏହି ଖବରକୁ ପାଳନ କରୁଥିବା ବଜାର, ଫଳାଫଳ ନିଶ୍ଚିତ ହେବା ପରେ ଦୁର୍ବଳ ହୋଇଗଲା। କ'ଣ ସେୟାର ବଜାର ମଧ୍ୟ “ନିଶ୍ଚିତତା” ପୂର୍ବରୁ ଉତ୍ସାହ ଉପରେ ଖେଳେ? ସାଧାରଣ ନିବେଶକଙ୍କ ମନ ଭାବୁଛି ଯେ ଏହି ବିରୋଧାଭାସ ପଛରେ କାରଣ କ'ଣ। ବିଶେଷଜ୍ଞମାନେ କୁହନ୍ତି ଯେ ଏହାର ସରଳ ଉତ୍ତର ହେଉଛି ପ୍ରଫିଟ୍ ବୁକିଂ।

ସେୟାର ବଜାର କେବଳ ଗୋଟିଏ ଦଳକୁ ନୁହେଁ, ‘ସ୍ଥିର ଏବଂ ନିର୍ଣ୍ଣାୟକ ନେତୃତ୍ୱ’କୁ ଭଲ ପାଏ। ଯେତେବେଳେ ବଜାର ଏକ ଦୃଢ଼, ସ୍ଥିର ସରକାର ଗଠନ ଆଶା କରେ ଯାହା ଆର୍ଥିକ ସଂସ୍କାରକୁ ଆଗକୁ ବଢ଼ାଇବ, ସେତେବେଳେ ଏହା ପୂର୍ବରୁ ଉତ୍ସବ ପାଳନ କରିବା ଆରମ୍ଭ କରେ। ଏହି କାରଣରୁ, ଏକଜିଟ୍ ପୋଲଗୁଡ଼ିକ ଏନ୍ଡିଏ ପାଇଁ ଏକ ବଡ଼ ବିଜୟର ପୂର୍ବାନୁମାନ କରିବା ମାତ୍ରେ ବଜାରରେ ବୃଦ୍ଧି ଘଟିଥିଲା। କିନ୍ତୁ ଫଳାଫଳ ଦିନ ବଜାରର ଏହି ହ୍ରାସ ନୂଆ ନୁହେଁ। ଯଦି ଆମେ ୨୦୧୦ ବିହାର ନିର୍ବାଚନକୁ ଦେଖିବା, ଯେତେବେଳେ ନୀତିଶ କୁମାରଙ୍କ ନେତୃତ୍ୱରେ ଏନ୍ଡିଏ ଏକ ବଡ଼ ବିଜୟ ହାସଲ କରିଥିଲା। କାରଣ ବିଶ୍ୱରେ ମାନ୍ଦାବସ୍ଥା ଥିବାରୁ ବଜାର ପ୍ରଭାବିତ ହୋଇ ନ ଥିଲା।

**ନିର୍ବାଚନ ଫଳାଫଳ ଦିନ ବଜାର ଖସିବା ଟ୍ରେଣ୍ଡ ପାଲଟିଛି**

**ଏକ୍ଜିଟ୍ ପୋଲ୍ରେ ଉଠିଥିଲା**

**ବିହାର ନିର୍ବାଚନ ଫଳାଫଳ; ପ୍ରଫିଟ୍ ବୁକିଂର ଖେଳ**

# ବେଦାନ୍ତର ନନ୍ଦଘର ୧୬ଟି ରାଜ୍ୟରେ ୧୦,୦୦୦ ଟପିଲା

**ଭୁବନେଶ୍ୱର, ୧୪।୧୧(ସମିସ):** ଶିଶୁ ଦିବସ ଅବସରରେ, ବେଦାନ୍ତ ଗ୍ରୁପର ସାମାଜିକ ପ୍ରଭାବ ଶାଖା ଅନିଲ ଅଗ୍ରୱାଲ ଫାଉଣ୍ଡେସନ (ଏଏଏଫ), ଭାରତର ଅଗ୍ରଣୀ ଶକ୍ତି ପରିବର୍ତ୍ତନ ଧାତୁ, ତୈଳ ଏବଂ ଗ୍ୟାସ, ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥ, ଶକ୍ତି ଏବଂ ପ୍ରଯୁକ୍ତିବିଦ୍ୟା ସମନ୍ୱୟ, ଭାରତର ସାମାଜିକ ପ୍ରଭାବ ଯାତ୍ରାରେ ଏକ ଐତିହାସିକ ମୁହୂର୍ତ୍ତ ଘୋଷଣା କରିଛି। ବେଦାନ୍ତର ପ୍ରମୁଖ ସାମାଜିକ ପ୍ରଭାବ ପଦକ୍ଷେପ, ନନ୍ଦଘର ୧୬ଟି ରାଜ୍ୟରେ ୧୦,୦୦୦ କେନ୍ଦ୍ର ମାଇଲଖୁଂଟ ଅତିକ୍ରମ କରିଛି, ସାରା ଦେଶରେ ପ୍ରତିଦିନ ଚାରି ଲକ୍ଷରୁ ଅଧିକ ଶିଶୁ ଏବଂ ତିନି ଲକ୍ଷ ମହିଳାଙ୍କ ଜୀବନକୁ ପରିବର୍ତ୍ତନ କରୁଛି। ନନ୍ଦଘର ଗ୍ରାମୀଣ କେନ୍ଦ୍ରଗୁଡ଼ିକୁ ଆଧୁନିକୀକରଣ କରି ଏବଂ ଉନ୍ନତ ପୁଷ୍ଟିସାର, ପ୍ରାରମ୍ଭିକ ଶିକ୍ଷା, ସ୍ୱାସ୍ଥ୍ୟସେବା ଏବଂ ଦକ୍ଷତା ବିକାଶ ମାଧ୍ୟମରେ ମହିଳା ଏବଂ ଶିଶୁମାନଙ୍କୁ ସଶକ୍ତ କରି ଭାରତର ଅଙ୍ଗନୱାଡି ଇକୋସିଷ୍ଟମକୁ ପୁନଃପରିଭାଷିତ କରୁଛି। ଭାରତ ସରକାରଙ୍କ ସମନ୍ୱିତ ଶିଶୁ ବିକାଶ ଯୋଜନା ସହିତ ମିଳିତ ଭାବରେ, ଯାହା ଚଳିତ ବର୍ଷ ୫୦ ବର୍ଷ ପୂରଣ କରୁଛି।

**ବାଲିଯାତ୍ରାରେ ଭାରତ ମସଲାର ଲକି ଡ୍ର ସହିତ ବମ୍ପର ପ୍ରାଇଜ୍ ଘୋଷଣା**

# ବମ୍ପର ପ୍ରାଇଜ୍ ବିଜେତା ସୁମିତ୍ରାଙ୍କୁ ମିଳିଲା ସ୍କୁଟି

**କଟକ, ୧୪।୧୧(ସମିସ):** ଭାରତ ମସଲା ପକ୍ଷରୁ ପ୍ରତିଦିନ ଉଠାଯାଇଥିବା ଲକି ଡ୍ର'ର ଶେଷ ଦିନର ଭାଗ୍ୟଶାଳୀ ବିଜେତାମାନଙ୍କର ଭାଗ୍ୟର କୁପନଗୁଡିକୁ ଦୁଇ ନମ୍ବର ଷ୍ଟଲ୍ରେ ସର୍ବସମ୍ମୁଖରେ ଉଠାଣ କରାଯାଇଥିଲା। ଏଥିରେ ପ୍ରଥମ ବିଜେତା ଜଣକ ହେଇଛନ୍ତି କଟକ ଖାନନଗରର ପ୍ରିୟଦର୍ଶିନୀ ରଣା, ଯିଏକି ମୁଖ୍ୟ ଅତିଥି ନିର୍ଦ୍ଦେଶିକା ଏସ ଏନ ମିଲେନିୟମଙ୍କଠାରୁ ପୁରସ୍କାର ସ୍ୱରୂପ ମାଇକ୍ରୋ ଓଭେନ୍ ଗ୍ରହଣ କରିଥିଲେ। ସେହିପରି ୨ୟ ବିଜେତା ବିଡିଏ ଭୁବନେଶ୍ୱରର ପୌଷଲ୍ୟା ମିତ୍ର ରେସିଙ୍ଗ ବାଇ ସାଇକେଲ। ୩ୟ ବିଜେତା କଟକ ନିମସାହିର ରିନୁ ବେଗମଙ୍କୁ ବାଉଲ୍ ସେଟ୍, ସ୍ୱାନ୍ତନା ମୂଳକ ବିଜେତା କଟକ ଜଗତପୁର ଶାନ୍ତନୁ କୁମାର ବେହେରା ଫ୍ରାଇଂ ପ୍ୟାନ୍ ମୁଖ୍ୟ ଅତିଥି ପୁରସ୍କାର ସ୍ୱରୂପ ପ୍ରଦାନ କରିଥିଲେ। ଏତଦ୍ ବ୍ୟତୀତ ଯାଜପୁର ଜିଲ୍ଲା ଜାରକା ଅଞ୍ଚଳର ସୁମିତ୍ରା ପରିଡାଙ୍କୁ ବମ୍ପର୍ ପ୍ରାଇଜ ସ୍ୱରୂପ ସ୍କୁଟି (ଇଭି) ପ୍ରଦାନ କରାଯାଇଥିଲା। ଏଥିରେ ଜିଏମ୍ ପ୍ରଡକ୍ସନ ନବକୃଷ୍ଣ ପ୍ରଧାନଙ୍କ ସମେତ ଭାରତ ମସଲା କମ୍ପାନୀର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।



# ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍ କ୍ଷୁଧାମୁକ୍ତ ବିଶ୍ୱ ପଦକ୍ଷେପକୁ ବଢ଼ାଉଛି

**ଭୁବନେଶ୍ୱର ,୧୪।୧୧(ଏଜେନ୍ସି):** ବିଶ୍ୱର ୫ମ ବୃହତ୍ତମ ଅଳଙ୍କାର ଖୁଚୁରା ବିକ୍ରେତା ଏବଂ ଭାରତର ଅଗ୍ରଣୀ କର୍ପୋରେଟ୍ ସାମାଜିକ ଦାୟିତ୍ୱ ଗ୍ରହଣ କରୁଥିବା କମ୍ପାନୀ ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍, ଇଥିଓପିଆକୁ ଏହାର ପ୍ରମୁଖ ହଙ୍ଗର ଫ୍ରି ୱାର୍ଲ୍ଡ ପଦକ୍ଷେପର ବିସ୍ତାର ଘୋଷଣା କରିଛି। ଭାରତ ଏବଂ ଜାମ୍ବିଆରେ ଏହାର ପରିବର୍ତ୍ତନମୂଳକ ସଫଳତା ପରେ, ଏହି ପଦକ୍ଷେପ ଏବେ ଆଫ୍ରିକୀୟ ମହାଦେଶରେ ଅଭିବୃଦ୍ଧିର ପରବର୍ତ୍ତୀ ପର୍ଯ୍ୟାୟରେ ପ୍ରବେଶ କରୁଛି। ଭାରତର ସାମୂହିକ ପ୍ରଗତିରେ ମୂଳ, ହଙ୍ଗର ଫ୍ରି ୱାର୍ଲ୍ଡ ମଡେଲ୍ ପ୍ରତିନିଧିତ୍ୱ କରେ ଯେ ଭାରତୀୟ ଉଦ୍ୟୋଗ ସ୍ଥାନୀୟ ସଫଳତାରୁ ବିଶ୍ୱ ପ୍ରଭାବ କିପରି ନିର୍ମାଣ କରିପାରିବ। ନିରନ୍ତର ଭାବରେ ଏହାର ନିଟ୍ ଲାଭର ୫% - ଭାରତରେ ବାଧ୍ୟତାମୂଳକ ସିଏସଆର୍ ଆବଣ୍ଟନର ଦୁଇଗୁଣରୁ ଅଧିକ - ନିବେଶ କରି ମାଲାବାର କର୍ପୋରେଟ୍ ସାମାଜିକ ଦାୟିତ୍ୱର ସ୍କେଲ ଏବଂ ଆନ୍ତରିକତାକୁ ପୁନଃପରିଭାଷିତ କରି ଚାଲିଛି, ଏହାର ପ୍ରମାଣିତ ଭାରତ-ଆଧାରିତ ଢାଞ୍ଚାକୁ କ୍ଷୁଧା ଏବଂ ଶିକ୍ଷାଗତ ଅସମାନତା ବିରୁଦ୍ଧରେ ଏକ ବିଶ୍ୱ ଆନ୍ଦୋଳନରେ ରୂପେ ପ୍ରତିଫଳିତ କରୁଛି। ଦୁବାଇ ଗୋଲ୍ଡ ସୌକର ମାଲାବାର ଇଛକ୍ଷଗ୍ସ;ରନ୍ୟାସନାଲ ହବ୍ରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ମାଲାବାର ଗ୍ରୁପ୍ର ଉପାଧ୍ୟକ୍ଷ ଶ୍ରୀଯୁକ୍ତ ଅବଦୁଲ ସଲାମ କେ.ପି. ଆନୁଷ୍ଠାନିକ ଭାବରେ ଦୁବାଇର ଇଥିଓପିଆ କନସୁଲ ଜେନେରାଲ ମହାମହିମ ଅସମେଲାଶ ବେକେଲେଙ୍କୁ ହଙ୍ଗର ଫ୍ରି ୱାର୍ଲ୍ଡ କାର୍ଯ୍ୟକ୍ରମର ଆଗ୍ରହ ପତ୍ର ପ୍ରଦାନ କରିଥିଲେ।

# ପ୍ରଥମ ଗୃହଋଣ ଆଣିଥିଲେ ଡିବି ରେମେଡିଓସ୍

## ୧୯୭୮ରେ ଏଚ୍ଡିଏଫ୍ସିରୁ ନେଇଥିଲେ ୭୦ ହଜାର ଟଙ୍କା

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଆଜିକାଲି, ଯେତେବେଳେ କେହି ଘର କିଣିବା ବିଷୟରେ ଚିନ୍ତା କରନ୍ତି, ସେତେବେଳେ ମନକୁ ପ୍ରଥମ ଚିନ୍ତା ଆସେ ଗୃହ ଋଣ। ପ୍ରାୟ ପ୍ରତ୍ୟେକ ବ୍ୟାଙ୍କ ଆକର୍ଷଣୀୟ ସୁଧ ହାର ଏବଂ ସହଜ କିସ୍ତିରେ ଋଣ ପ୍ରଦାନ କରିବାକୁ ପ୍ରସ୍ତୁତ। କିନ୍ତୁ ଆପଣ କେବେ ଭାବିଛନ୍ତି କି ଭାରତରେ ଏହି ଧାରା କିପରି ଆରମ୍ଭ ହୋଇଥିଲା? ଏକ ସମୟ ଥିଲା ଯେତେବେଳେ ଆମ ଦେଶର ବ୍ୟାଙ୍କିଙ୍ଗ ବ୍ୟବସ୍ଥାରେ ଗୃହ ଋଣ ଶବ୍ଦର ଅସ୍ତିତ୍ୱ ମଧ୍ୟ ନ ଥିଲା। ଆଜି, ଆମେ ଜାଣିବା ଯେ ଭାରତରେ ପ୍ରଥମ ଗୃହ ଋଣ କିଏ ନେଇଥିଲେ, କେଉଁ ବ୍ୟାଙ୍କ ଏହାକୁ ପ୍ରଦାନ କରିଥିଲା ଏବଂ ଏହାର ମୂଲ୍ୟ କେତେ ଥିଲା। ଭାରତରେ ଗୃହ ଋଣର ଯାତ୍ରା ୧୯୭୮ ମସିହାରେ ଆରମ୍ଭ ହୋଇଥିଲା। ଡି.ବି. ରେମେଡିଓସ୍ ଦେଶର ପ୍ରଥମ ଗୃହ ଋଣ ନେଇଥିବା ଗ୍ରାହକ। ମୁମ୍ବାଇରେ ସେ ଘର ତିଆରି ପାଇଁ ୭୦,୦୦୦ ଟଙ୍କାର ଋଣ ଏଚ୍ଡିଏଫ୍ସି (ହାଉସିଂ ଡେଭଲପମେଣ୍ଟ ଫାଇନାନ୍ସ କର୍ପୋରେସନ)କୁ ମାଗିଥିଲେ, ହେଲେ ତାଙ୍କୁ ୩୦,୦୦୦ ଟଙ୍କାର ଋଣ ମିଳିଥିଲା। ଏହି ଋଣର ସୁଧ ହାର ୧୦.୫% ଥିଲା। ରେମେଡିଓସ୍ ମୁମ୍ବାଇର ମାଲାଡ ଅଞ୍ଚଳରେ ଏହି ଘର ନିର୍ମାଣ କରୁଥିଲେ। ଏହି ଋଣପରିମାଣ ତାଙ୍କ ଘରର ମୋଟ ମୂଲ୍ୟର ଅଧାରୁ କମ୍ ଥିଲା।

ଭାରତରେ ବ୍ୟାଙ୍କିଙ୍ଗର ଇତିହାସ ବହୁତ ପୁରୁଣା। ୧୯୩୫ ମସିହାରେ ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍ବିଆଇ) ପ୍ରତିଷ୍ଠା ଏକ କେନ୍ଦ୍ରୀକୃତ ଢାଞ୍ଚା ପ୍ରଦାନ କରିଥିଲା। ୧୯୬୯ ଏବଂ ୧୯୮୦ ମସିହାରେ ବ୍ୟାଙ୍କଗୁଡ଼ିକର ଜାତୀୟକରଣ ସାଧାରଣ ଲୋକଙ୍କ ପାଇଁ ବ୍ୟାଙ୍କ ସେବାକୁ ସୁଲଭ କରିଥିଲା। ଏହା ସତ୍ତ୍ୱେ, ୧୯୭୦ ଦଶକ ପର୍ଯ୍ୟନ୍ତ ବ୍ୟାଙ୍କଗୁଡ଼ିକ ମୁଖ୍ୟତଃ ଶିଳ୍ପ ଏବଂ ବାଣିଜ୍ୟ ଉପରେ ଧ୍ୟାନ ଦେଉଥିଲେ।



«ଗୃହ ନିର୍ମାଣ” ପାଇଁ ସାଧାରଣ ଲୋକଙ୍କୁ ଋଣ ପ୍ରଦାନ କରିବା ପାଇଁ କୌଣସି ସଂଗଠିତ ଢାଞ୍ଚା ନ ଥିଲା। ସେହି ସମୟରେ, ଯେତେବେଳେ ସରକାରୀ ବ୍ୟାଙ୍କଗୁଡ଼ିକ ମଧ୍ୟ ଏହି କ୍ଷେତ୍ରରେ ପ୍ରବେଶ କରିବାକୁ ସଙ୍କୋଚ କରୁଥିଲେ, ଗୋଟିଏ କମ୍ପାନୀ ଏହି ବଜାରରେ ଉପସ୍ଥିତି ଜାହିର କରିଥିଲା। ସେହି କମ୍ପାନୀ ହେଉଛି, ଏଚ୍ଡିଏଫ୍ସି (ହାଉସିଂ ଡେଭଲପମେଣ୍ଟ ଫାଇନାନ୍ସ କର୍ପୋରେସନ)। ସେହି ସମୟରେ, ଏଚ୍ଡିଏଫ୍ସି ଗୃହ ଋଣ ବଜାରରେ ଏକମାତ୍ର ସଂଗଠିତ ସଂସ୍ଥା ଥିଲା।

୨୦୦୨ ପୂର୍ବରୁ, ବ୍ୟାଙ୍କଗୁଡ଼ିକର ଏକ ପ୍ରମୁଖ ଚିନ୍ତା ଥିଲା। ଯଦି ଜଣେ ଗ୍ରାହକ ଗୃହ ଋଣରେ ଖିଲାପ କରନ୍ତି (ଖିଲାପୀ), ତେବେ ବ୍ୟାଙ୍କ ଏହାକୁ କିପରି ପରିଚାଳନା କରିବେ? ଏହି ସମ୍ପର୍କରେ କୌଣସି ସ୍ପଷ୍ଟ ଏବଂ ଦୃଢ଼ ଆଇନ ନ ଥିଲା। ବ୍ୟାଙ୍କଗୁଡ଼ିକ ଋଣ ଦେବାକୁ ଭୟ କରୁଥିଲେ, ଭୟ କରୁଥିଲେ ଯେ ସେମାନଙ୍କର ଟଙ୍କା ଅଟକି ଯାଇପାରେ। ଏହି ଭୟକୁ ଦୂର କରିବା ପାଇଁ, ୨୦୦୨ରେ ସରଫେସୀ ଆଇନ ପ୍ରଣୟନ କରାଯାଇଥିଲା। ଏହି ଆଇନ ବ୍ୟାଙ୍କଗୁଡ଼ିକୁ ଋଣ ଖିଲାପୀ ହେଲେ ସମ୍ପତ୍ତି ଜବତ କରିବାର ଏବଂ ସେମାନଙ୍କ ଟଙ୍କା ପୁନରୁଦ୍ଧାର ପାଇଁ ଏହାକୁ ନିଲାମ କରିବାର ଅଧିକାର ଦେଇଥିଲା। ଏହି ଆଇନ ବ୍ୟାଙ୍କଗୁଡ଼ିକୁ ପ୍ରଚଣ୍ଡ ଆତ୍ମବିଶ୍ୱାସ ଦେଇଥିଲା। ଏହା ପରେ ହିଁ ଅଧିକାଂଶ ସରକାରୀ ଏବଂ ବେସରକାରୀ ବ୍ୟାଙ୍କ ଗୃହ ଋଣ ବଜାରରେ ପ୍ରବେଶ କରିଥିଲେ।

**ମଧ୍ୟବିତ୍ତଙ୍କୁ ଚେତାବନୀ**

# ବଜେଟ୍ ବାହାରେ ଗୃହଋଣ କଲେ ବର୍ବାଦ

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଯଦି ଆପଣ ମୁମ୍ବାଇ ଏବଂ ବେଙ୍ଗାଲୁରୁ ଭଳି ବଡ଼ ସହରରେ ଘର କିଣିବାର ସ୍ୱପ୍ନ ଦେଖୁଛନ୍ତି, ତେବେ ଏହା ସ୍ୱପ୍ନ ହୋଇ ରହିଯାଇପାରେ। ଏଠାରେ ପ୍ରପର୍ଟି ମୂଲ୍ୟ ଏତେ ମହଙ୍ଗା ଯେ ଏହା ସାଧାରଣ ବ୍ୟକ୍ତିଙ୍କ ପାଖରେ ପହଞ୍ଚିବା ବାହାରେ ହୋଇଯାଉଛି। ଏହି ସମୟରେ, ଯଦି ଜଣେ ମଧ୍ୟବିତ୍ତ ଶ୍ରେଣୀର ବ୍ୟକ୍ତି ଋଣ ନେଇ ଘର କିଣିବାକୁ ଚାହାଁନ୍ତି, ତେବେ ସେମାନେ ବର୍ବାଦ୍ ହୋଇଯାଇପାରନ୍ତି। ତଥାପି, ଅନେକ ଲୋକ ଏଭଳି କରି ପୂର୍ବରୁ ନଷ୍ଟ ହଇରାଣଶ ହରକତ୍ ହୋଇଛନ୍ତି। ହେଲେ ବଜାର ବିଶେଷଜ୍ଞମାନେ ଏବେ ଏ ନେଇ ସତର୍କ କରାଇଛନ୍ତି।

ଲିଙ୍କଡଇନ୍ରେ ଏକ ପୋଷ୍ଟରେ, ବିଶେଷଜ୍ଞ ସୁଜୟ ଯୁ କହିଛନ୍ତି ଯେ ପ୍ରମୁଖ ସହରଗୁଡ଼ିକରେ ଘର କିଣିବା ଆଉ ସମ୍ପତ୍ତି ସୃଷ୍ଟି କରିବା ନୁହେଁ, ବରଂ ଏଭଳି ପଦକ୍ଷେପ ଆପଣଙ୍କୁ ଅସୁବିଧାରେ ପକାଇପାରେ। ସେ ବ୍ୟାଖ୍ୟା କରିଛନ୍ତି ଯେ ଆଜିର ସହରାଞ୍ଚଳ ଭାରତୀୟଙ୍କ ପାଇଁ ଘର କିଣିବା ଅପେକ୍ଷା ଭଡା ନେବା ଅଧିକ ଲାଭଦାୟକ। ତାଙ୍କ ପୋଷ୍ଟରେ, ସୁଜୟ ଏହି ଧାରଣାକୁ ଏଡାଇଯାଇଛନ୍ତି ଯେ ସମ୍ପତ୍ତି କିଣିବା ଅର୍ଥ ଧନୀ ହେବା।

ତାଙ୍କ ମତରେ ଆଜିର ସମୟରେ ମୁମ୍ବଇରେ ଏକ ୨ ବିଏଚ୍କେ ଫ୍ଲାଟର ମୂଲ୍ୟ ୨ ରୁ ୨.୨ କୋଟି ଟଙ୍କା। ବେଙ୍ଗାଲୁରୁରେ, ଏହା ୧.୨ ରୁ ୧.୪ କୋଟି ଟଙ୍କା ପର୍ଯ୍ୟନ୍ତ ରହିଛି। ଅନ୍ୟପକ୍ଷରେ, ଏହି ସହରଗୁଡ଼ିକରେ ଗୋଟିଏ ପରିବାରର ହାରାହାରି ବାର୍ଷିକ ଆୟ କେବଳ ୨୦ ରୁ ୩୦ ଲକ୍ଷ। ଏହାର ଅର୍ଥ ହେଉଛି ଘରର ମୂଲ୍ୟ ପରିବାରର ଆୟଠାରୁ ୮ରୁ ୧୨ ଗୁଣ ଅଧିକ, ଯେତେବେଳେ କି ବିଶ୍ୱ ସ୍ତରରେ ଏହା ୩ରୁ ୫ଗୁଣ ରହିବା ଯୁକ୍ତିଯୁକ୍ତ ବୋଲି ବିବେଚନା କରାଯାଏ।





ସୁଜୟ ତାଙ୍କ ପୋଷ୍ଟରେ ଗୃହ ଋଣ ଇଏମ୍ଆଇ ଉପରେ ମଧ୍ୟ ନିଜର ମତ ପ୍ରକାଶ କରି। ସେ ଏହାକୁ ଏକ ଫାଶ ଭାବରେ ବର୍ଣ୍ଣନା କରିଥିଲେ। ସେ ଲେଖିଛନ୍ତି ଯେ ମୁମ୍ବାଇରେ ୨ କୋଟି ମୂଲ୍ୟର ଏକ ଫ୍ଲାଟ୍ ପାଇଁ, ପ୍ରତି ମାସରେ ୧.୪ ଲକ୍ଷ ଟଙ୍କାରୁ ଅଧିକ ଇଏମ୍ଆଇ ଦେବାକୁ ପଡ଼େ। ଏହି ଇଏମ୍ଆଇ ପରିବାରର ମୋଟ ଆୟର ୫୦ ରୁ ୭୦% ଆୟ ଖାଇଯାଏ। ସୁଜୟ ଏ ନେଇ ଚେତାଇ ଦେଇଛନ୍ତି। ତାଙ୍କ ଅନୁସାରେ, ବିଶ୍ୱବ୍ୟାପୀ ଆର୍ଥିକ ପରାମର୍ଶଦାତାମାନେ କୁହନ୍ତି ଯେ ଘର ଭଡ଼ା କିମ୍ବା ଇଏମ୍ଆଇ ଜଣଙ୍କର ଆୟର ୩୦% ରୁ ଅଧିକ ହେବା ଉଚିତ୍ ନୁହେଁ। ସେ ଏହା ମଧ୍ୟ ବ୍ୟାଖ୍ୟା କରିଛନ୍ତି ଯେ ସମ୍ପତ୍ତିରୁ ରିଟର୍ଣ୍ଣ ମଧ୍ୟ ବହୁତ କମ୍। ଏକ ପ୍ରମୁଖ ଅଧ୍ୟୟନ ଅନୁଯାୟୀ, ୨୦୧୩ ରୁ ୨୦୨୩ ମଧ୍ୟରେ ମୁମ୍ବାଇରେ ସମ୍ପତ୍ତି ମୂଲ୍ୟ ୧% ହ୍ରାସ ପାଇଛି। ସାରା ଦେଶରେ ୨୦୧୦ ପରଠାରୁ ପ୍ରପର୍ଟି ମୂଲ୍ୟ ବାର୍ଷିକ ମାତ୍ର ୩% ବୃଦ୍ଧି ପାଇଛି। ଏହି ସମୟରେ, ଭଡା ରିଟର୍ଣ୍ଣ ପ୍ରାୟ ୨%, ଯାହା ବିଶ୍ୱରେ ସର୍ବନିମ୍ନ।

ସୁଜୟ କହିଛନ୍ତି, ସମ୍ପତ୍ତିରେ ନିବେଶ ଆପଣଙ୍କୁ ଧନୀ କରି ନ ଥାଏ, ବରଂ ଆପଣଙ୍କର ସ୍ୱାଧୀନତା, ଗତିବିଧିର ସ୍ୱାଧୀନତା ଏବଂ ନିବେଶ କରିବାର କ୍ଷମତା ହ୍ରାସ କରିଥାଏ। ସେ ବେଙ୍ଗାଲୁରୁର ହ୍ୱାଇଟ୍ ଫିଲ୍ଡ ଅଞ୍ଚଳର ଯୁବ ଭଡାଟିଆଙ୍କ ଉଦାହରଣ ଦେଇଥିଲେ। ଏହି ଲୋକମାନେ ସେମାନଙ୍କର ଇଏମ୍ଆଇ ସଞ୍ଚୟ କରନ୍ତି ଏବଂ ଏସ୍ଆଇପି (ସିଷ୍ଟମେଟିକ୍ ନିବେଶ ଯୋଜନା) ରେ ନିବେଶ କରିନ୍ତି। ଏହା କରି ସେମାନେ ଦୁଇ ଦଶନ୍ଧି ପରେ ଯେଉଁମାନେ ବଡ଼ ଗୃହ ଋଣ ନେଇଛନ୍ତି ସେମାନଙ୍କ ଅପେକ୍ଷା ଅଧିକ ଧନ ଅର୍ଜ୍ଜନ କରିଥାନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେଇପାରେ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟାର ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।


**କୁମ୍ଭ:** ଦୀର୍ଘଦିନର ଆଶା ପୂରଣ ହେବ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହି ପାରନ୍ତି। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

## ଆଜିର ଇତିହାସ

- ୧୮୩୦-ସମାଜ ସଂସ୍କାରକ ରାଜା ରାମମୋହନ ରାୟଙ୍କ ବିଲାତ ଯାତ୍ରା।
- ୧୯୨୦- ଜେନିଭାରେ ଲିଗ୍ ଅଫ୍ ନେସନ୍‌ର ପ୍ରଥମ ବୈଠକ ଆରମ୍ଭ।
- ୧୯୭୧- ମିଳିତ ଜାତିସଂଘ ପରମାଣୁ ଅସ୍ତ୍ରଶସ୍ତ୍ର ଉପରେ ପ୍ରତିବନ୍ଧକ ଲଗାଇଲା।
- ୧୯୭୧- ଇଣ୍ଟେଲ୍ ବିଶ୍ୱର ପ୍ରଥମ ମାଇକ୍ରୋପ୍ରୋସେସର୍ ଇଣ୍ଟେଲ୍ ୪୦୦୪ ଲଞ୍ଚ୍ କଲା।
- ୨୦୦୦- ଝାଡ଼ଖଣ୍ଡ ଭାରତର ୨୮ ତମ ରାଜ୍ୟ ହେଲା।
- ୨୦୦୭- ଚିଲିରେ ୭.୭ ତୀବ୍ରତାର ଭୂମିକମ୍ପ ଆସିଥିଲା।

## ବିରଳ ବେଙ୍ଗ
# ପାଟିରେ ଦେଖେ ଦୁନିଆ




କାନାଡ଼ାର ଓଣ୍ଟାରିଓ ଅନ୍ତର୍ଗତ ବର୍ଲିଂଟନ୍‌ରେ ଏକ ବିରଳ ପ୍ରଜାତିର ବେଙ୍ଗର ସନ୍ଧାନ ମିଳିଛି। ସାଧାରଣ ବେଙ୍ଗର ଆଖି ମୁହଁ ଉପରେ ଥିବାବେଳେ ଏହାର ଆଖି ପାଟି ଭିତରେ ରହିଛି। ବୈଜ୍ଞାନିକମାନେ ଏହାର ନାଁ ଦେଇଛନ୍ତି 'ଇଣ୍ଟ୍ରୋସ୍ପେକ୍ଟିଭ ଫ୍ରଗ୍'। କାରଣ ଏହି ବେଙ୍ଗକୁ ଦୁନିଆ ଦେଖିବାକୁ ତା'ର ପାଟି ଖୋଲିବାକୁ ପଡ଼ିଥାଏ। ପାଟି ଭିତରେ ଆଖି ରହିବା କାରଣ ଜେନେଟିକ୍ ମ୍ୟୁଟେଶନ। ଘଟଣାକ୍ରମେ ଓଣ୍ଟାରିଓର ଜଣେ ହାଇସ୍କୁଲ ଛାତ୍ର ଡିଡ୍ରେ ଘର ଅଗଣାରେ ଖେଳୁଥିଲେ। ଏହି ସମୟରେ ସେ ଏକ ବିଚିତ୍ର ବେଙ୍ଗକୁ ଦେଖିଥିଲେ। ତାଙ୍କୁ ଲାଗିଥିଲା ବେଙ୍ଗଟି ଆଖି ବନ୍ଦ କରି ଶୋଇଛି। ହେଲେ ବେଙ୍ଗଟିକୁ ଧରିବାବେଳେ ସେ ପାଟି ଖୋଲିଥିଲା। ବେଙ୍ଗର ଆଖି ତା'ର ପାଟି ଭିତରେ ଥିବା ଦେଖି ଡିଡ୍ରେ ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ତେଣୁ ସେ ଏହି ବେଙ୍ଗକୁ ନେଇ ଘରେ ରଖିଥିଲେ। ଏହାର ନାଁ ଦେଇଥିଲେ 'ଗୋଲମ'। ଏହା ସହିତ ସେ ସାମ୍ବାଦିକ ସ୍କଟ୍ ଗାର୍ଡନରଙ୍କୁ ଫୋନ୍ କରି ବେଙ୍ଗଟି ବିଷୟରେ କହିଥିଲେ। ସ୍କଟ୍ ବେଙ୍ଗର କଳା ଧଳା ଫଟୋ ଉଠାଇ ଥିଲେ। ଫଟୋରେ ବେଙ୍ଗର ମୁହଁ ଖୋଲାଥିଲା। ଗାର୍ଡନରଙ୍କ କହିବାନୁସାରେ, ଏହି ବେଙ୍ଗଟି ସାମାନ୍ୟ ଦେଖାଯାଉଥିଲେ ହେଁ, ଏହା ଆଖି ଖୋଲିଲେ ଭୟାନକ ଲାଗିଥାଏ। ବୈଜ୍ଞାନିକଙ୍କ କହିବା ଅନୁସାରେ, ଏହା ମ୍ୟାକ୍ରୋମ୍ୟୁଟେସନ ଅଟେ। ସାଧାରଣତଃ ବେଙ୍ଗ ଭ୍ରୁଣରେ ଆଖି ମୁଣ୍ଡ ଉପରେ ବିକଶିତ ହୁଏ। ଆଖି ଡୋଳା ବାହାରକୁ ଆସିଥାଏ। ହେଲେ ଗୋଲମର ବିକାଶ ପ୍ରକ୍ରିୟା ବାଧାପ୍ରାପ୍ତ ହୋଇଯାଇ ଥାଇପାରେ। ଟରୋଣ୍ଟୋ ବିଶ୍ୱବିଦ୍ୟାଳୟର ପ୍ରଫେସର ଜେମ୍ସ ବୋଗର୍ଟ ଏହି ମାମଲାର ଯାଞ୍ଚ କରିଥିଲେ। ତାଙ୍କ କହିବାନୁସାରେ, 'ବେଙ୍ଗ ପାଟି ଭିତରେ ଆଖି ରହିବା ଜିନ୍ ନିୟନ୍ତ୍ରଣରେ ବ୍ୟାହତ କିମ୍ବା ପରିବେଶ ପ୍ରଦୂଷଣର ମଧ୍ୟ କାରଣ ହୋଇପାରେ। ଗୋଲମ୍ କ୍ଷେତ୍ରରେ କିନ୍ତୁ ଏହା ଜନ୍ମଜାତ।'

## ପ୍ରଥମ ଥର ଏକାଠି ଆସିବେ
# ଶ୍ରଦ୍ଧା-ରଣଦୀପ



ବଲିଉଡ୍ ଅଭିନେତ୍ରୀ ଶ୍ରଦ୍ଧା କପୁର ବହୁତ ଦେଖିଚାହିଁ ଫିଲ୍ମ ସାଇନ୍ କରନ୍ତି। 'ସ୍ତ୍ରୀ ୨'ର ଜବରଦସ୍ତ ସଫଳତା ପରେ ଏବେ ସେ 'ଇଥା' ଫିଲ୍ମରେ ଲିଡ୍ ରୋଲରେ ନଜର ଆସିବେ। 'ଛାବା' ଭଳି ବ୍ଲକ୍‌ବଷ୍ଟର ଫିଲ୍ମ ଦେଇଥିବା ଲକ୍ଷ୍ମଣ ଉତେକର ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅଛନ୍ତି। ଏଥିରେ ଶ୍ରଦ୍ଧା କପୁରଙ୍କ ବିପକ୍ଷରେ ରଣଦୀପ ହୁଡା ଦେଖାଯିବେ। ପ୍ରଥମ ଥର ପାଇଁ ରଣଦୀପ ଓ ଶ୍ରଦ୍ଧା ଏକାଠି ବଡ଼ ପରଦାରେ ନଜର ଆସିବେ। ଏଇ ମାସ ଶେଷ ଆଡ଼କୁ ଏହାର ସୁଟିଂ ମୁମ୍ବାଇରୁ ଆରମ୍ଭ ହେବ। 'ଇଥା' ପ୍ରସିଦ୍ଧ ଲାବଣୀ ତଥା ତମାଶା କଳାକାର ବିଠାବାଇ ନାରାୟଣ ଗାଓଁଙ୍କର ବାୟୋପିକ୍ ହେବ। ଏଥିପାଇଁ ଶ୍ରଦ୍ଧା ଏବେ ଲାବଣୀ ନୃତ୍ୟ ଶିଖୁଛନ୍ତି। ଏଯାବତ୍ ଏହି ଫିଲ୍ମର ରିଲିଜ୍ ଡେଟ୍ ସାମ୍ନାକୁ ଆସିନାହିଁ।

## ଆଜି ଆସିଥିଲେ
# ବିପ୍ଳବୀ ବିର୍ସା ମୁଣ୍ଡା



ବିର୍ସା ମୁଣ୍ଡା ଭାରତର ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବରେ ଇତିହାସରେ ବିଖ୍ୟାତ। ୧୮୭୫ ମସିହା ଆଜିର ଦିନରେ ସେ ଅଧୁନା ଝାଡ଼ଖଣ୍ଡ ରାଜ୍ୟର ଖୁଣ୍ଟି ଜିଲ୍ଲା ଉଲିହାତୁ ଗ୍ରାମରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ବାଲ୍ୟଶିକ୍ଷା ସାଲଗାଠାରେ ଆରମ୍ଭ ହୋଇଥିଲା। ଚାଇଁବସା ମିଶନ୍ ସ୍କୁଲରେ ପଢୁଥିଲାବେଳେ ଗୋରା ପ୍ରଧାନଶିକ୍ଷକ ଆକ୍ରୋଶମୂଳକ ଭାବେ ବିର୍ସାଙ୍କୁ ଚାବୁକରେ ମାଡ଼ ମାରିଥିଲେ ଓ ସ୍କୁଲରୁ ବହିଷ୍କାର କରି ଦେଇଥିଲେ। ସେବେଠାରୁ ପାଠପଢ଼ା ଛାଡ଼ି ବ୍ରିଟିଶ୍ ଶାସନରୁ ଓଡ଼ିଶାକୁ ମୁକ୍ତ କରିବାକୁ ସେ ଲାଗିପଡ଼ିଥିଲେ। ଏଥିପାଇଁ ସ୍ଥାନୀୟ ଆଦିବାସୀଙ୍କୁ ସେ ଏକାଠି କରିଥିଲେ। ସେବକପଟ୍ଟା ନ ଲେଖିବା, ଖଜଣା ନ ଦେବା ଏବଂ ବନ୍ଧୁକ ମୁନକୁ ଡରି ଧର୍ମ ପରିବର୍ତ୍ତନ ନ କରିବାକୁ ସେ ଆଦିବାସୀମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରୁଥିଲେ। ତାଙ୍କ ନେତୃତ୍ୱରେ ଆଦିବାସୀମାନେ ଏକତ୍ରିତ ହୋଇ ଇଂରେଜମାନଙ୍କ ବିରୁଦ୍ଧରେ ସଶସ୍ତ୍ର ବିପ୍ଳବ କରିବା ପାଇଁ ଆଗଭର ହେବାର ଦେଖି ଇଂରେଜ ଶାସକ ପ୍ରମାଦ ଗଣିଲେ। ୧୮୯୫ ମସିହା ଅଗଷ୍ଟ ୨୬ ଦିନ ଇଂରେଜ ସିପାହୀ ବିର୍ସା ମୁଣ୍ଡାଙ୍କ ସମେତ ତାଙ୍କର ୧୫ ଜଣ ସାଥିଙ୍କୁ ଗିରଫ କରିଥିଲେ। ଦେଶଦ୍ରୋହ ଅପରାଧରେ ତାଙ୍କୁ ଦୁଇବର୍ଷ କାରାଦଣ୍ଡ ଦିଆଗଲା। ଏଥିପାଇଁ ତାଙ୍କୁ ରାଞ୍ଚି ଜେଲ୍‌କୁ ପଠାଇ ଦିଆଗଲା। ମହାରାଣୀ ଭିକ୍ଟୋରିଆଙ୍କ ସୁବର୍ଣ୍ଣ ଜୟନ୍ତୀ ପାଳନ ଅବସରରେ ଅନେକ କଏଦୀଙ୍କୁ ମୁକ୍ତ କରି ଦିଆଯାଇଥିଲା। ଏମିତିରେ ବିର୍ସା ଓ ତାଙ୍କର ସହକର୍ମୀମାନେ ମଧ୍ୟ ମୁକ୍ତି ପାଇ ଯାଇଥିଲେ। ତାଙ୍କ ଆହ୍ୱାନରେ ଶହ ଶହ ଯୁବକ ନିଜ ମାତୃଭୂମିକୁ ବିଦେଶୀ ଶାସନ କବଳରୁ ମୁକ୍ତ କରିବାପାଇଁ ଶପଥ ନେଲେ। ସେମାନେ ୧୮୯୯ ମସିହା ଡିସେମ୍ବର ୯ ତାରିଖ ଦିନ ନିଆଁହୁଳା, ଧନୁତୀର ଓ ବର୍ଚ୍ଛା ଧରି ଗୋରାମାନଙ୍କର ବାସଭବନ ଓ ଅଫିସ୍‌ରେ ନିଆଁ ଲଗାଇଦେଲେ। ରାଞ୍ଚି ବିଚାରାଳୟ ଆକ୍ରମଣ କରୁଥିବା ସମୟରେ ସେମାନଙ୍କ ଭିତରୁ ୧୨ଜଣ ଶହୀଦ ହୋଇଥିଲେ। ବ୍ରିଟିଶ୍ ସରକାର ବିର୍ସାଙ୍କୁ ଧରାଇଦେଲେ ପାଞ୍ଚଶହ ଟଙ୍କା ପୁରସ୍କାର ମିଳିବ ବୋଲି ଘୋଷଣା କରିଥିଲେ। ତାଙ୍କର ସନ୍ଧାନ ନେବାପାଇଁ କନେଷ୍ଟବଳ ବୁଡୁରାମ ଓ ଜୟରାମଙ୍କୁ ଇଟିକା ଗ୍ରାମକୁ ପଠାଗଲା। ବିର୍ସାଙ୍କର ମୁଖ୍ୟ ସହକର୍ମୀ ଗୟା ମୁଣ୍ଡା ଅନ୍ୟ ଗ୍ରାମବାସୀଙ୍କ ସହାୟତାରେ ୧୯୦୦ ମସିହା ଜାନୁଆରୀ ୧୫ ତାରିଖରେ ଦୁଇଜଣ କନେଷ୍ଟବଳଙ୍କୁ ହତ୍ୟା କରିଥିଲେ। ଏହାର ପ୍ରତିଶୋଧ ନେଇ ମିଃ ଷ୍ଟ୍ରିଟ୍ ଫିଲ୍ଡ ସଶସ୍ତ୍ର ପୋଲିସ୍ ବାହିନୀ ସହାୟତାରେ ଗୟା ମୁଣ୍ଡାଙ୍କୁ ଗିରଫ କରିବା ସମୟରେ ସେମାନଙ୍କ ଭୀଷଣ ଅସ୍ତ୍ରାଘାତରେ ସେ ମୃତ୍ୟୁବରଣ କରିଥିଲେ। ଏହା ପରେ ବିର୍ସାଙ୍କ ନେତୃତ୍ୱରେ ଗ୍ରାମବାସୀମାନେ ଦମନଲୀଳାର ମୁଖ୍ୟକେନ୍ଦ୍ର ଖୁଣ୍ଟିଥାନାରେ ନିଆଁ ଲଗାଇଦେଲେ, କନେଷ୍ଟବଳ ରଘୁରାମକୁ ହତ୍ୟାକଲେ ଓ ଅନ୍ୟ ପୁଲିସ୍‌ମାନଙ୍କୁ ଥାନା ଛାଡ଼ି ଚାଲିଯିବାକୁ ଧମକ ଦେଲେ। ଏହାର ଜବାବରେ ୩୦୦ ଫୁଟ ଉଚ୍ଚା ଡୋମ୍ବରି ପାହାଡ଼, ଯେଉଁଠି ବିର୍ସା ଓ ତାଙ୍କ ସହକର୍ମୀ ନରସିଂହ ଅନ୍ୟ ସଂଗ୍ରାମୀମାନଙ୍କୁ ଉଦ୍‌ବୋଧନ ଦେଉଥିଲେ, ତାକୁ ଘେରିଗଲେ ଓ ଆତ୍ମସମର୍ପଣ କରିବାପାଇଁ ଘୋଷଣା କଲେ। ବିଦ୍ରୋହୀମାନେ ଏଥିରେ ରାଜି ନ ହୋଇ ପାହାଡ଼ ଉପରୁ ଧନୁତୀର, ବର୍ଚ୍ଛା ଓ ପଥରଦ୍ୱାରା ଇଂରେଜମାନଙ୍କ ଉପରେ ଆକ୍ରମଣ ଆରମ୍ଭ କରିଦେଲେ। ଏହାର ଜବାବରେ ଇଂରେଜମାନଙ୍କ ତରଫରୁ ଗୁଳିଗୋଳା ମାଡ଼ରେ ନରସିଂହ ମୁଣ୍ଡାଙ୍କ ସମେତ ଦୁଇଶହ ବିଦ୍ରୋହୀ ଶହୀଦ୍ ହୋଇ ଯାଇଥିଲେ। ବିର୍ସା ଅଳ୍ପକେ ବଞ୍ଚିଯାଇ ଆତ୍ମଗୋପନ ପାଇଁ ଚକ୍ରଧରପୁର ଜଙ୍ଗଲକୁ ଚାଲିଗଲେ। କେତେଜଣ ବିଶ୍ୱାସଘାତକଙ୍କ ପାଇଁ ୧୯୦୦ ମସିହା ମାର୍ଚ୍ଚ ୩ ତାରିଖରେ ଇଂରେଜ ସରକାର ତାଙ୍କୁ ଗିରଫକରି ରାଞ୍ଚି ଜେଲ୍‌କୁ ପଠାଇ ଦେଲେ। ତାଙ୍କ ପାଦରେ କଡ଼ା ପିନ୍ଧାଇ ଦିଆଯାଇଥିଲା, ଅନେକ ପ୍ରକାରର ନିର୍ଯାତନା ଦିଆଯାଉଥିଲା ଓ ତାଙ୍କ ଖାଦ୍ୟରେ ବିଷ ମିଶାଇ ଦିଆଯାଇଥିଲା। ମାତ୍ର ପଚିଶ ବର୍ଷ ବୟସ୍କ ବିଦ୍ରୋହୀ ବିର୍ସା ରାଞ୍ଚି ଜେଲ୍‌ରେ ୧୯୦୦ ମସିହା ଜୁନ୍ ୯ ତାରିଖ ଦିନ ଶେଷନିଃଶ୍ୱାସ ତ୍ୟାଗକଲେ। ବିର୍ସା ମୁଣ୍ଡା ଭାରତୀୟ ସ୍ୱାଧୀନତା ସଂଗ୍ରାମର ଜଣେ ଅଗ୍ରଗଣ୍ୟ ସଂଗ୍ରାମୀ ଯାହାଙ୍କର ସାହସ ଓ ବଳିଦାନ ହଜାର ହଜାର ଭାରତୀୟଙ୍କୁ ଅନୁପ୍ରାଣିତ କରିଥିଲା।

## ପ୍ରହେଳିକା



- ସାଗର ଦୁଲଣୀ ନାମେ ବିଖ୍ୟାତ
ତାଙ୍କ ଯୋଗୁଁ ମିଳେ ଧନ ସମ୍ପଦ
କଳା ସାଆନ୍ତଙ୍କ ସେ ପାଟରାଣୀ
ଦୀନ ଦରିଦ୍ରକୁ କରନ୍ତି ଧନୀ
ସ୍ୱଚ୍ଛତା ପରଖି ସିଏ
ମାଣବସା ଦିନ ଗୃହେ ବିରାଜନ୍ତି
କୁହ ତାଙ୍କ ନାମ କିଏ।

ଉତ୍ତର-ଲକ୍ଷ୍ମୀ ମାତା

- ମଗୁଶିର ମାସ ଗୁରୁବାରରେ
ସଭିଏଁ ପାଳନ୍ତି ସେ ପର୍ବ ଘରେ
ଘରଦ୍ୱାର ଝଳା ଝୋଟିରେ ହସେ
ଧୂପ ନୈବେଦ୍ୟର ମହକ ଆସେ
ଖଟୁଲିରେ ଶୋହେ ଧାନର ବେଣି
ପୂଜନ୍ତି ଭକ୍ତିରେ ସର୍ବ ଗୃହିଣୀ
ପର୍ବ ମଧ୍ୟେ ସିଏ ସାର
ଶଙ୍ଖ ହୁଳହୁଳି ଉଚ୍ଛୁଳି ପଡ଼ଇ
କୁହ ଦେଖି ନାମ ତା'ର।

ଉତ୍ତର-ମାଣବସା ପର୍ବ

- ମାଣବସା ପର୍ବ ଯେବେ ଆସଇ
ଏ ପିଠା ମାତାଙ୍କୁ ଭୋଗ ଲାଗଇ
ଚାଉଳ ଚୂନାରେ ହୁଏ ତିଆରି
ଛେନା ନଡ଼ିଆର ପୁରରେ ଭରି
ହାତକୁ ଲାଗଇ ଭାରି କୋମଳ
ଖାଇବାକୁ ହୁଏ ମନ ବ୍ୟାକୁଳ
ଅଥାରରେ ସିଝା ହୁଏ
ଦେଖିବାକୁ ସିଏ ଧଳା ଫର ଫର
କୁହ ତା'ର ନାମ କିଏ।

ଉତ୍ତର-ମଣ୍ଡାପିଠା

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୩୪୬

## ଆସିଛି ଶୀତ ଶୁଭୁଚି ଗୀତ



ପ୍ରଶାନ୍ତ କୁମାର ଦାଶ

ଆସିଛି ଶୀତ ଶୁଭୁଚି ଗୀତ
ରାତିଟା ଗଲେ ପାହି
ସକାଳ ହେଲେ ଖରା ପଡ଼ିଲେ
ଝଲସେ ଗାଆଁ ସାହି ॥
ସବୁରି ଓଠେ ଭରିବ ହସ
ପଳାଇ ଯିବ ଦୁଃଖ
ଶୀତଟି ସିନା ଥରାଏ ଦେହ
ବାଣ୍ଟୁଥାଏ ସେ ସୁଖ ॥
ଦିନ ଛୁଟିବ ଘୋଡ଼ାଟି ପରି
ରାତି ହୋଇବ ବଡ଼
ନ ଡରି ଶୀତ ଶିଶିର ଦାଉ
ଫୁଟିବ ଗଛେ କଢ଼ ॥
ଚାଷୀ ଦେଖିବ ସୁନା ସପନ
ନରମ ଶେଯେ ଶୋଇ
ସକାଳୁ ସଞ୍ଜ କ୍ଷେତରେ ଚାରା
କେତେ ସେ ଦେବ ରୋଇ ॥
ଶୀତ ଋତୁ ତ ଅମଳ ଋତୁ
ନାନା ଫସଲ ମିଳେ
ରହିବ ନାହିଁ ଦୁଃଖ ଅଭାବ
ଚାଷୀ ଭାଇର ତିଳେ ॥
ଓଷା ପରବ ଗେଲ ଗରବ
ଶୀତ ସଭିଙ୍କୁ ଦେବ
ସୁନ୍ଦର କରି ସରସ ଧରା
ଶେଷେ ମେଲାଣି ନେବ ॥

କୁଞ୍ଜର –ସଙ୍ଗକାଇ, ପୁରୀ
ମୋ-୯୭୭୮୮୨୨୧୯୦

## ଶୀତ ଗୀତଗାଏ



ରମାକାନ୍ତ ଦାସ

ଶୀତ ଗୀତଗାଏ
କୁହୁଡ଼ି ଖରାରେ
ଶୀତଳ ପବନ ଦେଇ
ଶୀତ ଗୀତଗାଏ
ଗଙ୍ଗଶିଉଳିର
ମଧୁର ମହକେ
ଚଉଦିଗ ମହକାଇ ॥
ଶୀତ ଗୀତଗାଏ
ଧାନ କିଆରିରେ
ଶିଶିର ମୁକୁତା ଥୋଇ
ଶୀତ ଗୀତଗାଏ
ଘର ଅଗଣାରେ
ଦେହକୁ ଦିଏ ଥରାଇ ॥
ଶୀତ ଗୀତଗାଏ
କୁହୁଡ଼ି ଚାଦରେ
ପତରୁ ଝରଇ
ମୁକୁତା ବିନ୍ଦୁ
ଶୀତ ଗୀତଗାଏ
ବରଫ କଣାରେ
ସଜାଇ ତଟିନୀ ସିନ୍ଧୁ ॥
ଶୀତ ଗୀତଗାଏ
ବାଡ଼ି ବଗିଚାରେ
ସୋରିଷ ଫୁଲ ମହକଇ
ଶୀତ ଗୀତଗାଏ
ପୋଖରୀ ତୁଠରେ
ଶୀତଳ ପବନ ଯାଏ ବହି ॥
ଶୀତ ଗୀତଗାଏ
ଘାସ ଗାଲିଚାରେ
କୁହୁଡ଼ିର ଆସ୍ତରଣେ
ଶୀତ ଗୀତଗାଏ
ଗାଆଁ ଗଛମାନେ
ସୁରୁଜ ଆଲୋକ ବୁଣେ ॥

ନନ୍ଦିଗ୍ରାମ, ନାଉଗାଁ,
ଜଗତସିଂହପୁର
ମୋ - ୯୬୭୮୮୧୫୩୬୯

## ସୁମନ

# ଶତ୍ରୁତା ହାର ମାନିଲା



ସୁବ୍ରତ ଦାସ



ଜଙ୍ଗଲରେ ହାତୀ ରଜା ହେବା ପରେ ସିଂହର କ୍ରୋଧ ବଢ଼ି ଯାଇଥିଲା। ଯେଉଁମାନେ ହାତୀ ସପକ୍ଷରେ ମତ ଦେଇଥିଲେ, ସିଂହ ସେମାନଙ୍କ ଉପରେ ପ୍ରତିଶୋଧ ନେବା ପାଇଁ ସ୍ଥିର କରିଥିଲା। ସେଥିପାଇଁ ସିଂହ ତା'ର ସମର୍ଥକମାନଙ୍କୁ ଡାକି ହାତୀର ଆଦେଶ ନ ମାନିବାକୁ ପରାମର୍ଶ ଦେଇଥିଲା। ଯେପରି ପୂର୍ବରୁ ଜଙ୍ଗଲରେ ନିଜ ଇଚ୍ଛାରେ ଶିକାର କରୁଥିଲା, ସେପରି କରିବା ପାଇଁ ମତାଉଥିଲା। ଯିଏ ପ୍ରତିବାଦ କରିବ, ତାକୁ ଦଳବଦ୍ଧ ଭାବେ ମିଶି ଆକ୍ରମଣ କରିବେ ବୋଲି ସିଂହ ଚେତାବନୀ ଦେଇଥିଲା। ସିଂହର ସମର୍ଥକମାନେ ତାକୁ ବିଶ୍ୱାସ କରି ହଁ ମାରିଥିଲେ। ଏମିତି କିଛିଦିନ ବିତିଗଲା। ଅନେକ ସମୟରେ ସିଂହ ନିରୀହ ପଶୁପକ୍ଷୀମାନଙ୍କୁ ଶିକାର କରିବା ପାଇଁ ଧମକ ଦେଲା, ଭୟ ଦେଖାଇଲା। ନିରୀହ ଜୀବଜନ୍ତୁମାନେ ଡରି ହାତୀ ପାଖରେ ପହଞ୍ଚି ଅଭିଯୋଗ କଲେ। ହାତୀ ସମସ୍ତଙ୍କ କଥା ଶୁଣିଲା। ଧୀର ଭାବରେ ହାତୀ ବୁଝାଇଲା; ଧୈର୍ଯ୍ୟ ଧର, ସମୟ ଆସିବ ; ସିଂହର କ୍ରୋଧ ଶାନ୍ତ ହୋଇଯିବ। ସମସ୍ତେ ହାତୀ ଉପରେ ବିଶ୍ୱାସ ରଖି ଜଙ୍ଗଲ ଭିତରକୁ ଚାଲିଗଲେ। ହାତୀ ଖୁବ୍ ଧୈର୍ଯ୍ୟବାନ ଥିଲା। ସମସ୍ତଙ୍କର ଭଲ, ମନ୍ଦ, ଅସୁବିଧା ସମୟରେ ପହଞ୍ଚି ସାହାଯ୍ୟ ସହଯୋଗ କରେ ବୋଲି ଜଙ୍ଗଲର ସବୁ ପଶୁପକ୍ଷୀମାନେ ତାକୁ ଖୁବ୍ ଆଦର କରନ୍ତି। ସେଥିପାଇଁ ତାଙ୍କୁ ଜଙ୍ଗଲର ରଜା ମଧ୍ୟ କରିଛନ୍ତି। ଦିନେ କ୍ରୋଧୀ ସିଂହଟି ତା'ର ଶାବକକୁ ନେଇ ଜଙ୍ଗଲର ଶେଷ ଭାଗ ଆଡ଼କୁ ଶିକାର କରିବା ପାଇଁ ଯାଇଥାଏ। ସିଂହ ସାଙ୍ଗରେ ତା'ର କିଛି ଅନୁଚର ଗଧିଆ, ବିଲୁଆ, କେ। କି ଶି ଆ ଳ ଥାଆନ୍ତି। ଜଙ୍ଗଲର ଶେଷ ଭାଗରେ ଗୋଟିଏ ଭଙ୍ଗା କୂଅ ଥିଲା। କୂଅଟି ମଧ୍ୟ ଗଭୀରିଆ ହୋଇଥାଏ। ବହୁ ଜୀବ ଜନ୍ତୁ ଅସାବଧାନ ବଶତଃ ସେହି କୂଅରେ ପଡ଼ି ଆଗରୁ ପ୍ରାଣ ହରାଇଛନ୍ତି। ଥରେ ହାତୀ ଜଙ୍ଗଲରେ ସଭା କରି କହିଲା, ଜଙ୍ଗଲ ଶେଷ ଭାଗରେ ଗୋଟିଏ କୂଅ ଅଛି। କୌଣସି ଜୀବ ଜନ୍ତୁ ସେଠାକୁ ଯିବ ନାହିଁ। ସେହି ସ୍ଥାନଟିକୁ ଜାଣିବା ପାଇଁ ଆମ୍ବଗଛଗୁଡ଼ିକୁ ଗୋଲାକାର ଭାବେ କୂଅ ଚାରିପଟେ ଲଗାଯାଇଥିଲା। ସମସ୍ତଙ୍କୁ ବାରଣ କରାଯାଇଥିଲା, ଆମ୍ବ ଗଛଗୁଡ଼ିକୁ ଚିହ୍ନି ସେ ସ୍ଥାନକୁ କୌଣସି ଜୀବଜନ୍ତୁ ନ ଯିବା ପାଇଁ। ମାତ୍ର ସିଂହ ହାତୀର କଥା ନ ମାନି ତା ଦଳ ବଳ ଧରି ଶିକାର କରିବାକୁ ସେଠାକୁ ଯାଇଥିଲା। ସେଠାରେ ସିଂହ ଶାବକଟି ଡିଆଁ ମାରି ଖେଳୁ ଖେଳୁ ହଠାତ୍ ଭଙ୍ଗା କୂଅରେ ପଡ଼ି ଯାଇଥିଲା। ଗଧିଆ ପଡ଼ିଯିବା ଶବ୍ଦ ଶୁଣି ପଡ଼ିଗଲା.. ପଡ଼ିଗଲା ଚିତ୍କାର କରି ସିଂହକୁ କହିଲା। ସମସ୍ତେ ବ୍ୟସ୍ତ ହୋଇ ଦେଖିଲାବେଳକୁ ସିଂହ ଶାବକଟି ସତରେ କୂଅ ଭିତରେ ପଡି ଯାଇଛି। ସିଂହ ଖୁବ୍ ବ୍ୟସ୍ତ ହୋଇ ପଡ଼ିଲା। ଶାବକଟିକୁ କିପରି କୂଅରୁ ଉଦ୍ଧାର କରାଯିବ, ସବୁ ବୁଦ୍ଧି ବାହାର କଲେ ହେଲେ କିଛି କାମ ଦେଲାନି। ଏହି ସମୟରେ ବିଲୁଆ କ୍ଷିପ୍ର ଗତିରେ ଆସି ହାତୀ ପାଖରେ ପହଞ୍ଚିଲା। ସେତେବେଳେ ହାତୀ ବରଗଛ ମୂଳେ ଶୋଇଥାଏ। ବିଲୁଆର କଥା ଶୁଣି ହାତୀ ଧଡ଼ପଡ ହୋଇ ଉଠି ପଡ଼ିଲା ଓ ଜଙ୍ଗଲ ଭିତରକୁ ଦୌଡ଼ିଲା। ସିଂହ ଏଣେ ବ୍ୟସ୍ତ ହୋଇ ଗର୍ଜନ କରୁଥାଏ। ସିଂହର ଗର୍ଜନ ଶୁଣି ଅଳ୍ପ ସମୟ ଭିତରେ ସବୁ ପଶୁପକ୍ଷୀମାନେ ରୁଣ୍ଡ ହୋଇଗଲେ। ହେଲେ କେହି କିଛି କରି ପାରୁ ନଥିଲେ। ହାତୀ ପହଞ୍ଚି ଦେଖିଲା, କୂଅ ଭିତରେ ସିଂହ ଶାବକଟି ଉବୁଟୁବୁ ହେଉଛି। ସେ ତାର ଶୁଣ୍ଢକୁ କୂଅ ଭିତରକୁ ବଢ଼ାଇଲା। ଶୁଣ୍ଢ ପାଉ ନ ଥାଏ। ଆଉ ସମୟ ବିଳମ୍ବ ନ କରି ହାତୀ ତା ଶୁଣ୍ଢରେ ଗୋଟିଏ ସରୁ ଆମ୍ବ ଗଛ ଉପାଡ଼ି ଦେଲା ଏବଂ ମୂଳ ସହ ଗଛଟିକୁ କୂଅ ଭିତରକୁ ପକାଇଲା। ଗଛର ମୂଳ ସିଂହ ଶାବକ ପାଖକୁ ଲାଗିଗଲା। ସଙ୍ଗେ ସଙ୍ଗେ ସିଂହ ଶାବକଟି ଗଛ ଉପରେ ଚଢ଼ି ଅଗ୍ରଭାଗକୁ ଉଠି ଆସିଲା। ହାତୀ ତା ଶୁଣ୍ଢ ବଢାଇ ଶାବକକୁ ଉପରକୁ ନେଇ ଆସିଲା। ଶାବକଟି ଖୁବ୍ ଖୁସି ହୋଇ ସିଂହ ପାଖକୁ ଦୌଡ଼ିଗଲା। ସିଂହ ତାକୁ ଗେହ୍ଲା କରି ତା ଜିଭରେ ଚାଟି ପକାଇଲା। ସବୁ ପଶୁପକ୍ଷୀମାନେ ଏ ଦୃଶ୍ୟ ଦେଖି ଖୁବ୍ ଖୁସି ହୋଇଗଲେ। ସିଂହର କ୍ରୋଧ ପାଣି ଭଳି ମିଳାଇଗଲା। ତା'ର ଶତ୍ରୁତା ହାର ମାନିଲା। ନିଜର ଭୁଲ ବୁଝିପାରିଲା ଏବଂ ଅପମାନିତ ମନେକରି ହାତୀ ଆଗରେ ଗୋଡ଼ ଯାକି ବସି ପଡ଼ିଲା। ହାତୀ ତା' ଶୁଣ୍ଢ ରେ ସିଂହକୁ ଆଉଁସି ଦେଲା। ସବୁ ପଶୁପକ୍ଷୀ ହାତୀକୁ ପ୍ରଶଂସା କଲେ। ସିଂହ ନିଜର ଭୁଲ ବୁଝି ପାରିଲା ଏବଂ ସମସ୍ତଙ୍କୁ କହିଲା, ବିପଦ ସମୟରେ ସାହାଯ୍ୟ କରିବା ହିଁ ପ୍ରକୃତ ବନ୍ଧୁ। ସେହିଦିନଠାରୁ ସିଂହ ହାତୀର ଉପଦେଶ ମାନିଲା।

ରାଜେନ୍ଦ୍ରପୁର, ବାରିକପୁରବଜାର, ଭଦ୍ରକ
ମୋ-୯୪୩୭୭୩୧୯୦୩

## ତୁମ ତୁଳୀ





ଅନ୍ୱେଷା ପଟ୍ଟନାୟକ
ସପ୍ତମ ଶ୍ରେଣୀ
ଡି.ଏ.ଭି ପବ୍ଲିକ୍ ସ୍କୁଲ
ପୁରୀ





ସାନ୍‌ଭି ସାମଲ
ଦ୍ୱିତୀୟ ଶ୍ରେଣୀ
କଳିଙ୍ଗ ଇଣ୍ଟରନାସନାଲ ସ୍କୁଲ
ନିମାପଡ଼ା





ସ୍ମରଣିକା ପ୍ରଧାନ
ଷଷ୍ଠ ଶ୍ରେଣୀ
ସେଣ୍ଟ ଆନିସ କନଭେଣ୍ଟ ସ୍କୁଲ
ସୋନପୁର





ଶାନ୍ତନୁ ଶାନ୍ତିସ୍ୱରୂପ
ଷଷ୍ଠ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଭୀମଟାଙ୍ଗି, ଭୁବନେଶ୍ୱର

# ସୂର୍ଯ୍ୟକାନ୍ତଙ୍କ ସନ୍ନ୍ୟାସ ଘୋଷଣା

କଟକ,୧୪।୧୧(ସମିସ): ଗତ ସିଜନ ଠାରୁ ରାଜ୍ୟ ବରିଷ୍ଠ ଦଳରୁ ଦୂରେଇ ରଖାଯିବା ପରେ ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ବିରୋଧରେ ଅସନ୍ତୋଷ ବ୍ୟକ୍ତ କରୁଥିବା ସୂର୍ଯ୍ୟକାନ୍ତ ପ୍ରଧାନ ସମସ୍ତ ଫର୍ମାଟରୁ ସନ୍ନ୍ୟାସ ଘୋଷଣା କରିଛନ୍ତି। ରାଜ୍ୟ ଦଳ ଚୟନରେ ପାତରଅନ୍ତର ଅଭିଯୋଗ ଉଠାଇ ସୂର୍ଯ୍ୟକାନ୍ତ ଏଭଳି ନିଷ୍ପତ୍ତି ନେଇଥିବା କହିଛନ୍ତି। ବିଶେଷକରି ମୁଖ୍ୟକୋଚ୍ ସୁରେନ୍ଦ୍ର ଭାବେ ଏବଂ ଚୟନକର୍ତ୍ତା ସୌରଜିତ ମହାପାତ୍ରଙ୍କୁ ଦାୟୀ



କରିଛନ୍ତି ଏହି ୩୨ବର୍ଷୀୟ ଅଲରାଉଣ୍ଡର। ତାଙ୍କୁ ଦଳରୁ ଦୂରେଇ ରଖିବା ପଛରେ ସୁରେନ୍ଦ୍ର ଏବଂ ସୌରଜିତଙ୍କ ପ୍ରଚ୍ଛନ୍ନ ହାତ ରହିଥିବା ସେ କହିଛନ୍ତି।

### ସୁରେନ୍ଦ୍ର ଓ ସୌରଜିତଙ୍କୁ ଦାୟୀ କଲେ

ଚଳିତ ରଣଜୀ ସିଜନରେ ଦଳରେ ବାରମ୍ବାର ପରିବର୍ତ୍ତନ କରାଯିବା ସତ୍ତ୍ୱେ ସୂର୍ଯ୍ୟକାନ୍ତଙ୍କୁ ସାମିଲ କରାଯାଇନଥିଲା। ଓଡ଼ିଶାର ପ୍ରଦର୍ଶନ ନିକୃଷ୍ଟ ରହୁଥିଲେ ସୁଦ୍ଧା ତାଙ୍କୁ ଡକରା ମିଳିନଥିଲା। ନାଗାଲାଣ୍ଡ ବିପକ୍ଷ ମ୍ୟାଚ୍‌ରେ ଦଳ ପରିବର୍ତ୍ତନ ନିମନ୍ତେ ଦୁଇ ଦିନ ପୂର୍ବେ ଓସିଏ କାର୍ଯ୍ୟାଳୟରେ ବୈଠକ ବସିଥିଲା। ତେବେ ନାଗାଲାଣ୍ଡ ବିପକ୍ଷ ନୁହେଁ, ପରବର୍ତ୍ତୀ କୌଣସି ମ୍ୟାଚ୍‌ରେ ତାଙ୍କୁ ଦଳରେ ସାମିଲ କରାଯିବ ବୋଲି ବୈଠକ ସ୍ଥଳରୁ ଓସିଏର ଜଣେ ବରିଷ୍ଠ ପଦାଧିକାରୀ ସୂର୍ଯ୍ୟକାନ୍ତଙ୍କୁ ଫୋନ୍ ଯୋଗେ କହିଥିଲେ। ୬୨ଟି ରଣଜୀ ମ୍ୟାଚ୍ ଖେଳିଥିବା ସୂର୍ଯ୍ୟକାନ୍ତ ଫୋନ୍‌କଲ୍‌ରେ ଅସନ୍ତୋଷ ପ୍ରକାଶ କରିବା ସହ କ୍ରିକେଟ ଛାଡ଼ିବାକୁ ନିଷ୍ପତ୍ତି ନେଇଥିଲେ। ଖେଳାଳିଙ୍କ ପ୍ରତିଭା କିମ୍ବା ସେମାନଙ୍କ ପ୍ରଦର୍ଶନକୁ ମାପଦଣ୍ଡ ଭାବେ ବିଚାର କରାଯାଉନାହିଁ। ଚିହ୍ନାଜଣାରେ ରାଜ୍ୟ ଦଳ ଗଠନ ହେଉଛି। ବିଶେଷକରି ଚୟନ କମିଟିର କର୍ମକର୍ତ୍ତା ନିଜ ପରିଚିତ କିମ୍ବା ସେମାନଙ୍କ ଅଧିନ କ୍ଲବର ଖେଳାଳିଙ୍କୁ ରାଜ୍ୟ ଦଳରେ ସୁଯୋଗ ଦେଉଛନ୍ତି ବୋଲି ସୂର୍ଯ୍ୟକାନ୍ତ ଅଭିଯୋଗ କରିଛନ୍ତି। ପ୍ରକାଶଯୋଗ୍ୟ, ସୂର୍ଯ୍ୟକାନ୍ତ ୬୨ଟି ରଣଜୀ ମ୍ୟାଚରୁ ୧୯୭ ୱିକେଟ ଦଖଲ କରିବା ସହ ୧୨୮୦ରନ ସଂଗ୍ରହ କରିଛନ୍ତି। ଏକଦିବସୀୟ ଫର୍ମାଟରେ ୩୫ଟି ମ୍ୟାଚ୍‌ରୁ ୪୬ଟି ୱିକେଟ, ଟି-୨୦ ଫର୍ମାଟରେ ୫୨ଟି ମ୍ୟାଚ୍‌ରୁ ସେ ୪୭ଟି ୱିକେଟ ଅକ୍ତିଆର କରିଛନ୍ତି।

## ଏସୀୟ ତୀରନ୍ଦାଜୀ: ୧୮ ବର୍ଷ ପରେ ଭାରତୀୟ ରିକର୍ଭ ଦଳକୁ ସ୍ୱର୍ଣ୍ଣ

ଢାକା, ୧୪।୧୧ (ଏଜେନ୍ସି): ବାଂଲାଦେଶରେ ଚାଲିଥିବା ଏସୀୟ ତୀରନ୍ଦାଜୀ ଚାମ୍ପିଅନସିପ୍‌ରେ ଯଶଦୀପ୍ ଭୋଗେ, ଅତନୁ ଦାସ ଓ ରାହୁଲଙ୍କୁ ନେଇ ଗଠିତ ଭାରତୀୟ ପୁରୁଷ ରିକର୍ଭ ଦଳ ସୁଟ୍ ଅଫ୍‌ରେ ୫-୪ରେ ଶକ୍ତିଶାଳୀ କୋରିଆକୁ ହରାଇ ଚାମ୍ପିଅନ ହୋଇଛି। ଏଥିସହ ଭାରତ ଦୀର୍ଘ ୧୮ ବର୍ଷ ପରେ ଏହି ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ପାଇଛି। ପୁରୁଷ ଓ ମହିଳା ରିକର୍ଭ ବ୍ୟକ୍ତିଗତ ଇଭେଣ୍ଟରେ ଭାରତର ବି. ଧୀରଜ ଓ ଅଙ୍କିତା ଭକତ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି।

### ସାଉଦୀ କେକେଆର୍‌ର ବୋଲିଂ କୋଚ୍

କୋଲକାତା, ୧୪।୧୧ (ଏଜେନ୍ସି): ଆଇପିଏଲ୍‌ର ଆଗାମୀ ୧୯ତମ ସଂସ୍କରଣ ଲାଗି କୋଲକାତା ନାଇଟ୍ ରାଇଡର୍ସ (କେକେଆର୍) ନ୍ୟୁଜିଲାଣ୍ଡର ଟିମ୍ ସାଉଦୀଙ୍କୁ ବୋଲିଂ କୋଚ୍ ଭାବେ ନିଯୁକ୍ତ କରିଛି। ୩୬ ବର୍ଷୀୟ କିୱି ଦ୍ରୁତ ବୋଲର ଚଳିତ ବର୍ଷ ପ୍ରାରମ୍ଭରେ ଅନ୍ତର୍ଜାତୀୟ କ୍ରିକେଟ୍‌ରୁ ଅବସର ନେଇଥିଲେ। ଗତକାଲି କେକେଆର୍ ଫ୍ରାଞ୍ଚାଇଜ ପୂର୍ବତନ ଅଷ୍ଟ୍ରେଲୀୟ ଅଲ୍‌ରାଉଣ୍ଡର ଶେନ୍ ୱାଟସନଙ୍କୁ ସହାୟକ କୋଚ୍ ଭାବେ ନିଯୁକ୍ତ କରିଥିଲା।

### ବୁମ୍‌ରାଙ୍କ ଘାତକ ବୋଲିଂ; ପ୍ରଥମ ଦିନରେ ୧୧ ୱିକେଟର ପତନ

# ୧୫୯ରେ ଅଟକିଲା ଦକ୍ଷିଣ ଆଫ୍ରିକା

କୋଲକାତା,୧୪।୧୧(ଏଜେନ୍ସି): ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ଘାତକ ବୋଲିଂ ବଳରେ ଏଠାରେ ଶୁକ୍ରବାର ଆରମ୍ଭ ହୋଇଥିବା ଭାରତ ବିପକ୍ଷ ପ୍ରଥମ ଟେଷ୍ଟର ପ୍ରଥମ ଦିନରେ ଦକ୍ଷିଣ ଆଫ୍ରିକାର ପ୍ରଥମ ଇନିଂସ ୧୫୯ ରନ୍‌ରେ ସୀମିତ ରହିଛି। ଦକ୍ଷିଣ ଆଫ୍ରିକାର ଜଣେ ହେଲେ ଖେଳାଳି ବଡ଼ ସ୍କୋର କରିପାରି ନ ଥିଲାବେଳେ ଭାରତ ପକ୍ଷରୁ ବୁମ୍‌ରା ୫ଜଣ ଖେଳାଳିଙ୍କୁ ଆଉଟ କରିଛନ୍ତି। ଇଡେନ୍‌ପିଚ୍ ଉଭୟ ପେସ ଓ ସ୍ପିନ୍‌ଙ୍କୁ ସୁହାଉଥିଲାବେଳେ ଅନଇଭିନ୍ ବାଉନ୍ସ ବ୍ୟାଟରଙ୍କ ଲାଗି ସମସ୍ୟା ସୃଷ୍ଟି କରିଥିଲା। ମହମ୍ମଦ୍ ସିରାଜ ଓ କୁଲଦୀପ ଯାଦବ ୨ଟି ଲେଖାଏଁ, ଅକ୍ଷର ପଟେଲ ଗୋଟିଏ ୱିକେଟ ଅକ୍ତିଆର କରିଛନ୍ତି। ଜବାବରେ ଭାରତ ପ୍ରଥମ ଇନିଂସରେ ଓପନର ଯଶସ୍ୱୀ ଜୟସ୍ୱାଲ (୨୭ ବଲ୍‌ରେ ୧୨ରନ୍)ଙ୍କ ୱିକେଟ ହରାଇ ୨୦ ଓଭର ଖେଳି ୧ ୱିକେଟ ବିନିମୟରେ ୩୭ ରନ୍ ସଂଗ୍ରହ କରିନେଇଛି। ପ୍ରଥମ ଦିନ ଆଲୋକ ଅଭାବରୁ ଖେଳ ବନ୍ଦ ରହିଲା ବେଳକୁ ଲୋକେଶ ରାହୁଲ ୧୩ ଓ ୱାଶିଂଟନ ସୁନ୍ଦର ୬ ରନ୍‌ରେ ବ୍ୟାଟିଂ କରୁଥିଲେ।

ପୂର୍ବରୁ ଦକ୍ଷିଣ ଆଫ୍ରିକା ଦଳ ଟସ୍ ଜିତିବା ପରେ ନିର୍ଦ୍ୱନ୍ଦ୍ୱରେ ପ୍ରଥମେ ବ୍ୟାଟିଂ କରିଥିଲା। ଦଳର ଦୁଇ ଓପନର ମଧ୍ୟ ଭଲ ଆରମ୍ଭ କରିଥିଲେ। ଦକ୍ଷିଣ ଆଫ୍ରିକା ଇନିଂସର ୧୧ତମ ଓଭରରେ ଦଳୀୟ ସ୍କୋର ୫୭ ରନ୍ ହୋଇଥିଲାବେଳେ ର୍ୟାନ୍ ରିକେଲଟନ୍‌ଙ୍କୁ ଆଉଟ କରି ଯଶପ୍ରୀତ୍ ବୁମ୍‌ରା ଭାରତକୁ ବ୍ରେକ୍‌ଥ୍ରୁ ଦେଇଥିଲେ। ଏହା ପରେ ଭ୍ରମଣକାରୀ ଦଳ ଘରୋଇ ଦଳର ବୋଲିଂକୁ ଉଚିତ ମୁକାବିଲା କରି ନ ପାରି ୫୫ ଓଭରରେ ମାତ୍ର ୧୫୯ ରନ୍ କରି ଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ ୬ଜଣ ଖେଳାଳି ଦୁଇ ଅଙ୍କରେ ପହଞ୍ଚିଥିଲାବେଳେ ୨୩ତମ ବଲ୍‌ରେ ଖାତା ଖୋଲିଥିବା ଆଇଡେନ୍ ମାରକ୍ରମ ସର୍ବାଧିକ ୩୧ ଓ ଟ୍ରିଷ୍ଟାନ୍ ଷ୍ଟବ୍ସ ସର୍ବାଧିକ ୭୪ ବଲ୍ ଖେଳି ୧୫ ରନ୍‌ରେ ଅପରାଜିତ ରହିଥିଲେ। ଅଧିନାୟକ ତେମ୍ବା ବଭୁମାଙ୍କ ବ୍ୟାଟରୁ ମାତ୍ର ୩ ରନ୍ ମିଳିଥିଲା। ଭାରତ ପକ୍ଷରୁ ଅନ୍‌ଇଭିନ୍ ପିଚ୍‌ରୁ ଫାଇଦା ଉଠାଇ ବୁମ୍‌ରା ସର୍ବାଧିକ ୫ଟି ଓ ସିରାଜ ୨ଟି ୱିକେଟ ପାଇଥିଲେ।



ପେସ୍ ବୋଲରଙ୍କୁ ୭ଟି ୱିକେଟ ମିଳିଥିଲାବେଳେ ଭାରତର ୪ ଜଣିଆ ସ୍ପିନ୍ ବାହିନୀ ଆଉ ୩ଟି ୱିକେଟ ପାଇଥିଲେ। ୨ଟି ୱିକେଟ ନେଇଥିବା ବାମହାତୀ କୁଲଦୀପ ଯାଦବ କିଛିଟା ଯାଦୁକରୀ ସ୍ପିନ୍ ବୋଲିଂ କରି ୨ଜଣ ଖେଳାଳିଙ୍କୁ ପାଭିଲିୟନ ଫେରାଇଦେଇଥିଲେ।

### କୋଲକାତା ଟେଷ୍ଟ ସ୍କୋର ବୋର୍ଡ

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୧୫୯/୧୦**, ୫୫ ଓଭର (ମାରକ୍ରମ-କ୍ୟା.ପନ୍ତ୍ ବୋ.ବୁମ୍‌ରା-୩୧, ରିକେଟଲଟନ - ବୋ. ବୁମ୍‌ରା - ୨୩, ମୁଲ୍ଡର-ଏଲ୍‌ବିଡବ୍ଲ୍ୟୁ ବୋ.କୁଲଦୀପ-୨୪, ବଭୁମା-କ୍ୟା. ଜୁରେଲ ବୋ.କୁଲଦୀପ-୩, ଡି ଜୋର୍ଜି-ଏଲ୍‌ବିଡବ୍ଲ୍ୟୁ ବୋ.ବୁମ୍‌ରା-୨୪, ଷ୍ଟବ୍ସ-ନଟ୍‌ଆଉଟ-୧୫, ଭେରିନ୍-ଏଲ୍‌ବିଡବ୍ଲ୍ୟୁ ବୋ.ସିରାଜ-୧୬, ୟାନ୍‌ସେନ୍-ବୋ.ସିରାଜ-୦, ବୋଶ୍ଚ-ଏଲ୍‌ବିଡବ୍ଲ୍ୟୁ ବୋ.ଅକ୍ଷର-୩, ହାର୍ମର-ବୋ.ବୁମ୍‌ରା-୫, ମହାରାଜ-ଏଲ୍‌ବିଡବ୍ଲ୍ୟୁ ବୋ.ବୁମ୍‌ରା-୦, ଅତିରିକ୍ତ-୧୫।

**ୱିକେଟ ପତନ:** ୧/୫୭, ୨/୬୨, ୩/୭୧, ୪/୧୧୪, ୫/୧୨୦, ୬/୧୪୬, ୭/୧୪୭, ୮/୧୫୪, ୯/୧୫୯, ୧୦/୧୫୯।

**ବୋଲିଂ ବିଶ୍ଳେଷଣ (ଭାରତ)-** ବୁମ୍‌ରା: ୧୪-୫-୨୭-୫, ସିରାଜ: ୧୨-୦-୪୭-୨, ଅକ୍ଷର: ୬-୨-୨୧-୧, କୁଲଦୀପ: ୧୪-୧-୩୬-୨, ଜାଡେଜା: ୮-୨-୧୩-୦, ସୁନ୍ଦର: ୧-୦-୩-୦।

**ଭାରତ ପ୍ରଥମ ଇନିଂସ: ୩୭/୧**, ୨୦ ଓଭର (ଜୟସ୍ୱାଲ-ବୋ.ୟାନ୍‌ସେନ୍-୧୨, ରାହୁଲ-ବ୍ୟାଟିଂ-୧୩, ସୁନ୍ଦର-ବ୍ୟାଟିଂ-୬, ଅତିରିକ୍ତ-୬।

**ୱିକେଟ ପତନ:** ୧/୧୮।

**ବୋଲିଂ ବିଶ୍ଳେଷଣ (ଦ.ଆଫ୍ରିକା)-** ୟାନ୍‌ସେନ୍: ୬-୨-୧୧-୧, ମୁଲ୍ଡର: ୫-୧-୧୫-୦, ମହାରାଜ: ୫-୧-୮-୦, ବୋଶ୍ଚ: ୩-୨-୧-୦, ହାର୍ମର: ୧-୧-୦-୦।

## ରାଇଜିଂ ଷ୍ଟାର୍ ଏସିଆ କପ୍ | ୩୨ ବଲ୍‌ରେ ସୂର୍ଯ୍ୟବଂଶୀଙ୍କ ଶତକ

ଢାକା, ୧୪।୧୧ (ଏଜେନ୍ସି): ବାଂଲାଦେଶରେ ଚାଲିଥିବା ରାଇଜିଂ ଷ୍ଟାର୍ ଏସିଆ କପ୍ ଟି-୨୦ କ୍ରିକେଟ୍‌ରେ ଭାରତର ଯୁବ ତାରକା ବୈଭବ ସୂର୍ଯ୍ୟବଂଶୀ ଏକ ବିଧ୍ୱଂସୀ ଇନିଂସ ଖେଳିଛନ୍ତି। ଶୁକ୍ରବାର ୟୁଏଇ ଓ ଭାରତ-ଏ ମଧ୍ୟରେ ଖେଳାଯାଇଥିବା ମ୍ୟାଚରେ ୧୪ ବର୍ଷୀୟ ସୂର୍ଯ୍ୟବଂଶୀ ମାତ୍ର ୩୨ଟି ବଲ୍‌ରେ ଶତକ ପୂରଣ କରିଛନ୍ତି। ଏହି ଇନିଂସରେ ସେ ୩୪୨.୮୬ ଷ୍ଟ୍ରାଇକରେଟ୍‌ରେ ୪୨ ବଲରୁ ୧୪୪ ରନ କରି ଆଉଟ୍ ହୋଇଥିଲେ। ଯେଉଁଥିରେ ୧୧ ଚୌକା ଓ ୧୫ଟି ଛକା ସାମିଲ ରହିଥିଲା। ଫଳରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ-ଏ ୨୦ ଓଭରରେ ୪ୱିକେଟ୍ ହରାଇ ୨୯୭ ରନର ବିଶାଳ ସ୍କୋର କରିଥିଲା। ଜବାବରେ ୟୁଏଇ ୭ ୱିକେଟ୍‌ରେ ୧୪୯ ରନ୍ କରିବା ସହ ୧୪୮ ରନରେ ପରାସ୍ତ ହୋଇଥିଲା। ଟି-୨୦ ଫର୍ମାଟ୍‌ରେ ଭାରତୀୟ ଭାବେ ଦ୍ରୁତତମ ଶତକ ହାସଲ କରିବାରେ ଋଷଭ ପନ୍ତଙ୍କ ସହ ମିଶି



ସୂର୍ଯ୍ୟବଂଶୀ ତାଲିକାର ୨ୟ ସ୍ଥାନରେ ରହିଛନ୍ତି। ୨୦୧୮ ସୟଦ ମୁସ୍ତାକ ଅଲି ଟ୍ରଫିରେ ଦିଲ୍ଲୀ ପକ୍ଷରୁ ଖେଳି ପନ୍ତ ହିମାଚଳ ପ୍ରଦେଶ ବିପକ୍ଷରେ ୩୨ ବଲରେ ଶତକ ମାରିଥିଲେ। ତେବେ ଗୁଜରାଟର ଉର୍ଭିଲ ପଟେଲ ମାତ୍ର ୨୮ ବଲରେ ଶତକ ପୂରଣ କରି ଟି-୨୦ରେ ଦ୍ରୁତତମ ଶତକ ହାସଲକାରୀ ଭାରତୀୟ ବ୍ୟାଟର୍ ହୋଇଛନ୍ତି। ଉର୍ଭିଲ ୨୦୨୪ରେ ତ୍ରିପୁରା ବିପକ୍ଷରେ ଏହି ବିଧ୍ୱଂସୀ ଇନିଂସ ଖେଳିଥିଲେ।

## ୨୧ରୁ ରାଜ୍ୟ ଟିଟି ଚାମ୍ପିଅନସିପ୍

କଟକ,୧୪।୧୧(ସମିସ): ସିଡିଏ ସେକ୍ଟର-୭ ସ୍ଥିତ ବିଜୁ ପଟ୍ଟନାୟକ ଇନଡୋର ହଲ୍‌ରେ ଆସନ୍ତା ୨୧ରୁ ୩୧ତମ ଆନ୍ତଃଜିଲ୍ଲା ଏବଂ ରାଜ୍ୟ ଟେବଲ ଟେନିସ ଚାମ୍ପିଅନସିପ୍ ଖେଳାଯିବ। ମୋଟ୍ ୧୫ଟି ଇଭେଣ୍ଟରେ ପ୍ରତିଯୋଗିତା ହେବ। ପୁରୁଷ ଏବଂ ଜୁନିୟର ବାଳକ ବିଭାଗରେ ଦଳଗତ ପ୍ରତିଯୋଗିତା ହେବ। ଅନ୍ୟ ସମସ୍ତ ବର୍ଗରେ ଏକକ ପ୍ରତିଯୋଗିତା ହେବ। ଖେଳାଳି ନାମ ପଞ୍ଜୀକରଣ ନିମନ୍ତେ ଆସନ୍ତା ୧୭ ତାରିଖ ଶେଷ ଦିନ ଧାର୍ଯ୍ୟ ହୋଇଛି। ଓଡ଼ିଶାର ଯେ କୌଣସି ଜିଲ୍ଲା କିମ୍ବା ଅନୁଷ୍ଠାନର ଖେଳାଳି ଏଥିରେ ଭାଗ ନେଇ ପାରିବେ। ପ୍ରଦର୍ଶନ ଭିତ୍ତିରେ ଆଗାମୀ ଜାତୀୟ ଚାମ୍ପିଅନସିପ ନିମନ୍ତେ ଖେଳାଳି ବଛାଯିବେ ବୋଲି ଓଡ଼ିଶା ରାଜ୍ୟ ଟେବଲ ଟେନିସ ସଂଘ ସମ୍ପାଦକ ରବୀନ୍ଦ୍ର ପରିଡା ପ୍ରେସବିବୃତ୍ତିରେ ଜଣାଇଛନ୍ତି।

### ରାଜ୍ୟସ୍ତରୀୟ ଶବର କପ ଫୁଟ୍‌ବଲ

## ଫାଇନାଲରେ ଢେଙ୍କାନାଳର ପପୁଲାର

ଯାଁଳା,୧୪।୧୧(ସମିସ): ଢେଙ୍କାନାଳର ପପୁଲାର କ୍ଲବ୍ ଓ ଜଟଣୀର ଉତ୍କଳ ସ୍ପୋର୍ଟିଂ ମଧ୍ୟରେ ୨୭ତମ ଶବର କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲା ରବିବାର ଖେଳାଯିବ। ରାଧାଚରଣପୁର ପଡ଼ିଆରେ ଶୁକ୍ରବାର ଖେଳାଯାଇଥିବା ଦ୍ୱିତୀୟ ସେମିଫାଇନାଲରେ ପପୁଲାର କ୍ଲବ୍ ୧-୦ ଗୋଲରେ ବୌଦ୍ଧର ଗେହ୍ଲା କ୍ଲବ୍‌କୁ ହରାଇ ଦ୍ୱିତୀୟ ଦଳ ଭାବେ ଫାଇନାଲରେ ପ୍ରବେଶ କରିଥିଲା। ପୂର୍ବରୁ ଗୁରୁବାର ଖେଳାଯାଇଥିବା ପ୍ରଥମ ସେମିଫାଇନାଲରେ ଉତ୍କଳ ସ୍ପୋର୍ଟିଂ ୪-୧ ଗୋଲରେ ଆୟୋଜକ ଶବର ସ୍ପୋର୍ଟିଂକୁ ହରାଇ ପ୍ରଥମ ଦଳ ଭାବେ ଫାଇନାଲ ଟିକଟ ହାସଲ କରିଥିଲା। ଶୁକ୍ରବାର ମୁକାବିଲାରେ ବିଜୟୀ ଢେଙ୍କାନାଳ ପକ୍ଷରୁ ଖେଳର ୬୦ତମ ମିନିଟ୍‌ରେ ସୁନୀଲ ସୋରେନ୍ ଏକମାତ୍ର ଗୋଲ ସ୍କୋର କରିଥିଲେ। ଆଜିର ମ୍ୟାଚରେ ଅତିଥି ଭାବେ ସମାଜସେବୀ ପ୍ରଦୀପ କୁମାର ପଟ୍ଟନାୟକ ଯୋଗ ଦେଇଥିଲେ। ଏହି ମ୍ୟାଚକୁ ପରିଚାଳନା କରିଥିଲେ ବିଦେଶୀ ନାଏକ, ଅବିନାଶ ପଟ୍ଟନାୟକ, ସାଇରାମ କିସକୁ ଓ ସୁବାସ ସିଂ।

## ପୁରୁଷ ଜୁନିଅର ହକି ବିଶ୍ୱକପ୍ ଦଳରେ ଓଡ଼ିଶାରୁ ୩ ଖେଳାଳି

ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି): ତାମିଲନାଡୁରେ ଖେଳାଯିବାକୁ ଥିବା ଆଗାମୀ ଜୁନିଅର ପୁରୁଷ ହକି ବିଶ୍ୱକପ୍ ଲାଗି ଶୁକ୍ରବାର ୧୮ ଜଣିଆ ଭାରତୀୟ ଦଳ ଘୋଷଣା କରାଯାଇଛି। ୨୮ରୁ ଡିସେମ୍ବର ୧୦ ତାରିଖ ପର୍ଯ୍ୟନ୍ତ ଚେନ୍ନଇ ଓ ମଦୁରାଇରେ ଖେଳାଯିବ। ଦୁଇଥର ଅଲିମ୍ପିକ ପଦକ ବିଜେତା ଗୋଲ୍‌ରକ୍ଷକ ପିଆର୍ ଶ୍ରୀଜେଶ ଭାରତୀୟ ଦଳର କୋଚ୍ ରହିଛନ୍ତି।



ଅନମୋଲ୍ ଏକ୍କା



ଆଦ୍ରୋହିତ ଏକ୍କା



ରୋଶନ କୁଜୁର

ଭାରତୀୟ ଦଳ: ବିକ୍ରମଜିତ୍ ସିଂହ, ପ୍ରିନ୍ସଦୀପ୍ ସିଂହ (ଉଭୟ ଗୋଲ୍‌ରକ୍ଷକ), ରୋହିତ୍, ତାଲେମ ପ୍ରିୟବ୍ରତ, ଅନମୋଲ ଏକ୍କା, ଅମିର ଅଲି, ସୁନିଲ ପଲକଶାପ୍ପା ବେନ୍ନୁର, ଶ୍ରଦ୍ଧାନନ୍ଦ ତିୱାରୀ (ସମସ୍ତେ ଡିଫେଣ୍ଡର), ଅଙ୍କିତ ପଲ୍, ଇଙ୍ଗଲେମ୍ବା ଲୁୱାଙ୍ଗ, ଆଦ୍ରୋହିତ ଏକ୍କା, ରୋଶନ କୁଜୁର, ମନମୀତ୍ ସିଂହ, ଗୁରଜୋତ୍ ସିଂହ (ସମସ୍ତେ ମିଡ୍‌ଫିଲ୍ଡର), ଅର୍ଶଦୀପ୍ ସିଂହ, ସୌରଭ ଆନନ୍ଦ କୁଶୱାହ, ଅଜିତ୍ ଯାଦବ, ଦିଲରାଜ ସିଂହ(ସମସ୍ତେ ଫରୱାର୍ଡ)। ଅଲ୍ଟରନେଟ୍ ଖେଳାଳି: ରଭନୀତ୍ ସିଂହ ଓ ରୋହିତ୍ କୁଲ୍ଲୁ।

ଡ୍ରାଗଫ୍ଲିକର ରୋହିତ୍‌ଙ୍କ ନେତୃତ୍ୱରେ ଭାରତୀୟ ଦଳ ଏହି ବିଶ୍ୱକପ୍ ଖେଳିବ। ଘୋଷିତ ଦଳରେ ଓଡ଼ିଶାର ୩ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଡିଫେଣ୍ଡର ଅନମୋଲ୍ ଏକ୍କା, ମିଡ୍‌ଫିଲ୍ଡର ଆଦ୍ରୋହିତ ଏକ୍କା ଓ ରୋଶନ କୁଜୁର। ସେହିଭଳି ଦୁଇଜଣିଆ ଅଲ୍ଟରନେଟ୍ ତାଲିକାରେ ଅନ୍ୟତମ ଓଡ଼ିଆ ଖେଳାଳି ରୋହିତ କୁଲ୍ଲୁଙ୍କୁ ନିଆଯାଇଛି। ଜୁନିଅର ପୁରୁଷ ହକି ବିଶ୍ୱକପ୍‌ର ଏହି ୧୪ତମ ସଂସ୍କରଣ ନଭେମ୍ବର

### ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍ ଉଦ୍‌ଘାଟିତ

# ଚତୁର୍ଥ ରାଉଣ୍ଡ ସୁଦ୍ଧା ଶୀର୍ଷରେ ଭିକ୍ଟୋରିଆ ଭିକ୍ଟର୍ସ

ଭୁବନେଶ୍ୱର, ୧୪।୧୧ (ସମିସ): ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍)ର ମିଳିତ ସହଯୋଗରେ ଆଜିଠାରୁ ଆରମ୍ଭ ହୋଇଛି ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍। ପ୍ରଥମଥର




ଏପରି ଏକ ଫ୍ରାଞ୍ଚାଇଜଭିତ୍ତିକ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶାରେ ଆରମ୍ଭ ହୋଇଛି। ଏଥିରେ ୧୨ଟି ଟିମ୍ ଓ ୯୬ଜଣ ଖେଳାଳି ଅଂଶଗ୍ରହଣ କରିଛନ୍ତି। ୧୫ ମିନିଟ୍ ୧୦ ସେକେଣ୍ଡ ବିଶିଷ୍ଟ ରାଉଣ୍ଡ ରବିନ୍ ଲିଗ୍ ଭିତ୍ତିରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରତ୍ୟେକ ଦଳ ୧୧ଟି ମ୍ୟାଚ୍ ଖେଳିବେ ଓ ଆସନ୍ତା ରବିବାର ଏହା ଉଦ୍‌ଯାପିତ ହେବାର କାର୍ଯ୍ୟକ୍ରମ ରହିଛି। ଟୁର୍ଣ୍ଣାମେଣ୍ଟର ପ୍ରଥମ ଦିନ ବା ଆଜି ଖେଳାଯାଇଥିବା ପ୍ରଥମ ୪ ରାଉଣ୍ଡ ଖେଳ ଶେଷରେ ୪ଟି ଦଳ ୬ ପଏଣ୍ଟ ଲେଖାଏଁ ସଂଗ୍ରହ କରିଛନ୍ତି। କିନ୍ତୁ ଟାଇବ୍ରେକରରେ ଭିକ୍ଟୋରିଆ ଭିକ୍ଟର୍ସ ପ୍ରଥମ, ବାରବାଟୀ ବ୍ୟାଟଲର୍ସ ଦ୍ୱିତୀୟ, ଗୋଲକୁଣ୍ଡା ଗାର୍ଡିଆନ୍ସ ତୃତୀୟ ଓ ମହାନଦୀ ଫାଲକନ ଚତୁର୍ଥ ସ୍ଥାନରେ ରହିଛି। ଏମାନଙ୍କ ପଛକୁ ଆଉ ୩ଟି ଦଳ ୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଛନ୍ତି। ଯଥାକ୍ରମେ ୫ମରୁ ୭ମ ସ୍ଥାନରେ ଥିବା ରାଜଧାନୀ ଚ୍ୟାଲେଞ୍ଜର୍ସ, ଚୋଲା ଚାମ୍ପିଅନ୍ସ ଓ ଅମ୍ବର ଆଭେଞ୍ଜର୍ସ ରହିଛନ୍ତି। ପୂର୍ବରୁ ଏହି ଟୁର୍ଣ୍ଣାମେଣ୍ଟର ଉଦ୍‌ଘାଟନୀ ଉତ୍ସବରେ ବିଜେପି ନେତା ଗୋଲକ ମହାପାତ୍ର, ସୋନପୁର ପରିବାର ଅଦାଲତ ବିଚାରପତି ପ୍ରଶାନ୍ତ ମିଶ୍ର, ଏସ୍‌ଆର୍‌ବି ଆସୋସିଏଟ୍ସର ରାଜୀବ ସାହୁ, ଡ. ଜ୍ୟୋତି ଦାସ, ଏସ୍. ସତ୍ୟପ୍ରଜ୍ଞ, ଆଇକନିକ୍ ସ୍ପୋର୍ଟ୍ସର ତିନି ନିର୍ଦ୍ଦେଶକ ଯଥା- ଡ. ଚିଦାମ୍ବିକା ଖଟୁଆ, ଡ. ସଞ୍ଜୟ ଚୌଧୁରୀ, ଡ. ସେକ୍ ଅବ୍‌ଦୁଲ୍ ସମିମ୍ ଅତିଥି ଭାବେ ଯୋଗ ଦେଇଥିଲେ। ଅଲଓଡ଼ିଶା ଚେସ୍ ସଂଘ ସମ୍ପାଦକ ଦେବବ୍ରତ ଭଞ୍ଜ, କର୍ମକର୍ତ୍ତା ଓ ଆଇଏସ୍‌ଏଫ୍‌ର କର୍ମକର୍ତ୍ତାମାନେ ଏହି ଉତ୍ସବରେ ଉପସ୍ଥିତ ଥିଲେ। ଟୁର୍ଣ୍ଣାମେଣ୍ଟକୁ ଆଇଏ ସୁରେଶ ସାହୁ, ଆଇଏ ତାପସ କୁମାର ମହାନ୍ତି, ଆଇଏ ସନ୍ତୋଷ ମହାପାତ୍ର, ଆଇଏ ପିଙ୍କି ମହାପାତ୍ର ଓ ଏସ୍‌ଏନ୍‌ଏ ଦିଲୀପ ରଣା ପ୍ରମୁଖ ପରିଚାଳନା କରୁଛନ୍ତି। ମୋଟ ୧୦ ଲକ୍ଷ ଟଙ୍କାର ପୁରସ୍କାର ରଖାଯାଇଛି। ଏହା ମଧ୍ୟରୁ ଚାମ୍ପିଅନ ଦଳକୁ ୫ ଲକ୍ଷ ଟଙ୍କା ଓ ଟ୍ରଫି ଦିଆଯିବ।






PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS